୭୯ତମ
ସ୍ୱାଧୀନତା ଦିବସ ଅବସରରେ
'ସକାଳ' ପରିବାର ତରଫରୁ
ହାର୍ଦ୍ଦିକ ଶୁଭେଚ୍ଛା ।

ସ୍ୱାଧୀନତା ଦିବସ ଉପଲକ୍ଷେ
୧୫ ତାରିଖ 'ସକାଳ'
କାର୍ଯ୍ୟାଳୟ ଛୁଟି ରହୁଥିବାରୁ
ପରବର୍ତ୍ତୀ ସଂସ୍କରଣ
୧୭ ତାରିଖ (ରବିବାର)
ପ୍ରକାଶ ପାଇବ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
## THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

୭୯ତମ ସ୍ୱାଧୀନତା ଦିବସ

JEYPORE | •VOLUME- 43 •ISSUE-52 •FRIDAY •15 AUGUST 2025 •PAGE-12 •₹ 6.00

•ବର୍ଷ-୪୩ •ସଂଖ୍ୟା-୫୨ •ଶୁକ୍ରବାର •୧୫ ଅଗଷ୍ଟ ୨୦୨୫ •ପୃଷ୍ଠା-୧୨ •ଟ.୬.୦୦


DADLS-41



# ୭୯ତମ ସ୍ୱାଧୀନତା ଦିବସର ଅଭିନନ୍ଦନ ଓ ଶୁଭେଚ୍ଛା

## ବିକଶିତ ଭାରତ@୨୦୪୭ ମାର୍ଗରେ ଓଡ଼ିଶାର ସମାବେଶୀ ବିକାଶ

### ସୁରକ୍ଷିତ ହେଉଛି ଓଡ଼ିଆ ଅସ୍ମିତା, ବିକଶିତ ହେଉଛି ଐତିହ୍ୟ

ପୁରୀର ପ୍ରସିଦ୍ଧ 'ସାହିଯାତ'କୁ ମିଳିଛି **୧୭ ଲକ୍ଷ** ଟଙ୍କାର ଅନୁଦାନ

'ବରପୁତ୍ର ଐତିହ୍ୟ ଗ୍ରାମ' ଯୋଜନାର ଶୁଭାରମ୍ଭ

### ସଶକ୍ତ ମହିଳା, ବିକଶିତ ଓଡ଼ିଶା

'ସୁଭଦ୍ରା' ଯୋଜନାରେ **୧ କୋଟି** ମହିଳା ଉପକୃତ, କୋଟିଆ ପଞ୍ଚାୟତରୁ ୧୯୮୩

**୧୭ ଲକ୍ଷ** 'ଲକ୍ଷପତି ଦିଦି' ସୃଷ୍ଟି କରି ସାରା ଦେଶରେ ସବୁଠୁ ଆଗରେ ଓଡ଼ିଶା

### କୃଷି ଓ କୃଷକଙ୍କ କଲ୍ୟାଣରେ ସମର୍ପିତ ଲୋକଙ୍କ ସରକାର

ଗୋପାଳକଙ୍କୁ ପ୍ରୋତ୍ସାହିତ କରୁଛି 'ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନା'

'ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ' ଯୋଜନାରେ **୧୧୭ ପ୍ରକାର** କୃଷି ଉଦ୍ୟୋଗ ପାଇଁ **୧ କୋଟି** ଟଙ୍କା ଯାଏଁ ରିହାତି

### ଲୋକଙ୍କ ସରକାରରେ ସ୍ୱାସ୍ଥ୍ୟ ସେବାକୁ ଗୁରୁତ୍ୱ

ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା, ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଏବଂ ଆୟୁଷ୍ମାନ୍ ବୟୋ ବନ୍ଦନା ଯୋଜନା କାର୍ଯ୍ୟକାରୀ

### ସୁଲଭ ଓ ସୁରକ୍ଷିତ ଯାତାୟାତ ଏବଂ ଉନ୍ନତ ପରିବହନ ଓ ପର୍ଯ୍ୟଟନ ବ୍ୟବସ୍ଥା

ଭୁବନେଶ୍ୱରରୁ ଆବୁଧାବିକୁ ସିଧାସଳଖ ବିମାନ ଚଳାଚଳ ଆରମ୍ଭ

ସୁବର୍ଣ୍ଣପୁରରୁ-ପୁରୁଣାକଟକକୁ ରେଳ ସଂଯୋଗ

୧୦୦ ଗୋଟି ଇ-ବସ୍ ସେବାର ଶୁଭାରମ୍ଭ

### ଲୋକଙ୍କ ସରକାରରେ ସାମାଜିକ ସୁରକ୍ଷାକୁ ପ୍ରାଧାନ୍ୟ

କାର୍ଯ୍ୟରତ ପଞ୍ଚାୟତିରାଜ ପ୍ରତିନିଧିଙ୍କ ମୃତ୍ୟୁରେ **୨ ଲକ୍ଷ** ଟଙ୍କାର ଅନୁକମ୍ପାମୂଳକ ସହାୟତା ରାଶି ଓ ଅକ୍ଷମତା କ୍ଷେତ୍ରରେ **୧ ଲକ୍ଷରୁ ୨ ଲକ୍ଷ** ଟଙ୍କା ପର୍ଯ୍ୟନ୍ତ ଆର୍ଥିକ ସହାୟତା

ପରିମଳ (ସ୍ୱରେଜ ଓ ସେପ୍‌ଟିକ୍ ଟାଙ୍କି ସଫେଇ) କର୍ମଚାରୀଙ୍କ ପାଇଁ **୧୦ ଲକ୍ଷ** ଟଙ୍କାର ଜୀବନ ବୀମା, କର୍ମକ୍ଷେତ୍ରରେ ଜୀବନହାନି ହେଲେ **୩୦ ଲକ୍ଷ** ଟଙ୍କାର ସହାୟତା ରାଶି

### ସବୁ ଜିଲ୍ଲାରେ ଶିଳ୍ପ, ସବୁ ଜିଲ୍ଲାରେ ଉଦ୍ୟୋଗୀ

ଘରୋଇ ପୁଞ୍ଜିନିବେଶରେ ଦେଶରେ ଓଡ଼ିଶା ୧ ନମ୍ବର ୨୦୨୫ ଏପ୍ରିଲରୁ ଜୁନ ମଧ୍ୟରେ ସାରା ଦେଶର ମୋଟ ଘରୋଇ ପୁଞ୍ଜିନିବେଶର ୪୦% ଓଡ଼ିଶାରେ

DMF ପାଣ୍ଠି ସଂଗ୍ରହରେ ମଧ୍ୟ ସାରା ଦେଶରେ ସବୁଠୁ ଆଗରେ ଓଡ଼ିଶା

### ଲୋକଙ୍କ ସରକାରରେ ସୁଶାସନ ଓ ସୁରକ୍ଷାକୁ ପ୍ରାଧାନ୍ୟ, ନ୍ୟାୟିକ ବ୍ୟବସ୍ଥା ସୁଦୃଢ଼

ଦୁର୍ନୀତି ଓ ଦୁର୍ନୀତିଗ୍ରସ୍ତଙ୍କ ପ୍ରତି ସରକାରଙ୍କ 'ଶୂନ୍ୟ ସହନଶୀଳ' ନୀତି ଅବଲମ୍ବନ ପ୍ରଶସ୍ତ କରୁଛି ସୁଶାସନ ଓ ଗରିବ କଲ୍ୟାଣ

ଲୋକଙ୍କ ସରକାରରେ ସୁଦୃଢ଼ ହେଉଛି ସହାୟତା ବ୍ୟବସ୍ଥା, ଜରୁରୀକାଳୀନ ପ୍ରଶମନ ପାଇଁ 'ଡାଏଲ ୧୧୨ ଯୋଜନା'ର ସମ୍ପ୍ରସାରଣ

### ଯୁବ ସଶକ୍ତିକରଣ ପାଇଁ ଉତ୍ସର୍ଗୀକୃତ ଲୋକଙ୍କ ସରକାର

ସରକାରୀ ଚାକିରି ଆବେଦନ ବୟସ ସୀମା **୩୨ ରୁ ୪୨** କୁ ବୃଦ୍ଧି

ଗତ ଏକ ବର୍ଷରେ ବିଭିନ୍ନ ସରକାରୀ ପଦବୀରେ ମିଳିଛି **୨୮ ହଜାରରୁ** ଅଧିକ ନିଯୁକ୍ତି, ଚଳିତବର୍ଷ ଆଉ **୪୦ ହଜାର** ସରକାରୀ ଚାକିରୀ ଦେବାର ଲକ୍ଷ୍ୟ

### ଜନଜାତି ଉନ୍ନତିରେ ଲୋକଙ୍କ ସରକାର

'ମାଧୋ ସିଂ ହାତ ଖର୍ଚ୍ଚ ଯୋଜନା'ରେ **୩ ଲକ୍ଷ** ଯୋଗ୍ୟ ଆଦିବାସୀ ଛାତ୍ରଛାତ୍ରୀଙ୍କୁ ମିଳୁଛି ବାର୍ଷିକ **୫ ହଜାର** ଟଙ୍କା

'ଆମେ ପଢ଼ିବା ଆମ ଭାଷାରେ' ଯୋଜନାରେ **୧୭ଟି** ଆଦିବାସୀ ଭାଷାରେ ମିଳୁଛି ମାତୃଭାଷା ଆଧାରିତ ପ୍ରାଥମିକ ଶିକ୍ଷା

### ସୁଦୃଢ଼ ହେଉଛି ଶିକ୍ଷା ବ୍ୟବସ୍ଥା ସୁନିଶ୍ଚିତ ହେଉଛି ଭବିଷ୍ୟତ

ଗୁଣାତ୍ମକ ଶିକ୍ଷାର ସୁନିଶ୍ଚିତତା ପାଇଁ ପ୍ରଥମ ପର୍ଯ୍ୟାୟରେ **୮୩୫** 'ଗୋଦାବରୀଶ ମିଶ୍ର ଆଦର୍ଶ ବିଦ୍ୟାଳୟ'

ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ 'ମାଗଣା ଛାତ୍ରାବାସ ସୁବିଧା'

### ବିକଶିତ ଓଡ଼ିଶା ପାଇଁ ବିକଶିତ ଗାଁ ଓ ସମୃଦ୍ଧ ସହର

'ପିଏମ୍-ଆବାସ' ଓ 'ଅନ୍ତ୍ୟୋଦୟ ଗୃହ ଯୋଜନାରେ **୨.୬୫ ଲକ୍ଷ** ଲୋକଙ୍କୁ ମିଳିଛି ପକ୍କା ଘର

ମହାନଗର ନିଗମରେ ପରିଣତ ହେବ ପୁରୀ ପୌରପାଳିକା

### ପରିବେଶ ଅନୁକୂଳ ବିକାଶକୁ ପ୍ରାଧାନ୍ୟ ଦେଉଛନ୍ତି ଲୋକଙ୍କ ସରକାର

ଅକ୍ଷୟ ଶକ୍ତି ବ୍ୟବହାରରେ ଅଗ୍ରଣୀ ଓଡ଼ିଶା

ସୌରଶକ୍ତିସମ୍ପନ୍ନ ହୋଇଛି **୬୦୩ଟି** ସରକାରୀ କୋଠା

### ଲୋକଙ୍କ ସରକାରରେ ସୁନିଶ୍ଚିତ ହେଉଛି ଛାତ୍ରୀଙ୍କ ସୁରକ୍ଷା

ଉଚ୍ଚ ଶିକ୍ଷାନୁଷ୍ଠାନରେ ଛାତ୍ରୀଙ୍କ ସୁରକ୍ଷା, ଆତ୍ମରକ୍ଷା ଓ ସଶକ୍ତିକରଣ ସୁନିଶ୍ଚିତତା ପାଇଁ ଐତିହାସିକ ପଦକ୍ଷେପ 'ଶକ୍ତିଶ୍ରୀ'

ଛାତ୍ରୀଙ୍କ ସାଥି 'ଶକ୍ତିଶ୍ରୀ ମୋବାଇଲ ଆପ୍'

### ଓଡ଼ିଆ ଅସ୍ମିତାର ପରିଚୟ ବୁଣାକାରଙ୍କୁ ମିଳୁଛି ସମ୍ମାନ

ଓଡ଼ିଶାରେ ବୟନ ଶିଳ୍ପର ଅଭିବୃଦ୍ଧି ପାଇଁ 'ଓଡ଼ିଶା ଟେକ୍ସ-୨୦୨୫'ରେ **୧୬୦**ରୁ ଅଧିକ ଉଦ୍ୟୋଗପତିଙ୍କ ସହିତ **୩୩ ଏମଓୟୁ** ସ୍ୱାକ୍ଷରିତ, **୮ ହଜାର କୋଟି** ପୁଞ୍ଜି ନିବେଶ ପ୍ରସ୍ତାବ ପ୍ରାପ୍ତ-**୫୩,୩୦୦** ନିଯୁକ୍ତି ସୁଯୋଗ ସୃଷ୍ଟି

### ଲୋକଙ୍କ ସରକାରରେ ତ୍ୱରାନ୍ୱିତ ହେଉଛି ସାମଗ୍ରିକ ବିକାଶଧାରା

ଦୁର୍ଗମ ତଥା ପଛୁଆ ଅଞ୍ଚଳର ଉତ୍ପାଦକୁ ରାଜ୍ୟ ଓ ଜାତୀୟସ୍ତରରେ ପ୍ରୋତ୍ସାହିତ କରିବ 'ଆକାଂକ୍ଷା ହାଟ'

'ଡିଜିଟାଲ ଇ-ମାର୍କେଟ ପ୍ଲେସ'ରେ ଉପଲବ୍ଧ ହେବ ଆକାଂକ୍ଷୀ ଜିଲ୍ଲାର ଉତ୍ପାଦ

ସୂଚନା ଓ ଲୋକସମ୍ପର୍କ ବିଭାଗ, ଓଡ଼ିଶା ସରକାର

OIPR-15001/13/0954/2526

## 'ଭୋଟ୍ ଚୋରି' ପ୍ରସଙ୍ଗକୁ ଜୋର୍‌ଦାର୍ କଲା କଂଗ୍ରେସ

# ରାଜ୍ୟବ୍ୟାପୀ ପ୍ରତିବାଦ, ମଶାଲ ଶୋଭାଯାତ୍ରା




ଭୁବନେଶ୍ୱର, ୧୪।୮ (ସମିସ): ଦେଶରେ ଭୋଟ ଚୋରି ଅଭିଯୋଗର ପ୍ରତିବାଦରେ ରାଜ୍ୟ କଂଗ୍ରେସ ଆଜି ମଶାଲ ଶୋଭାଯାତ୍ରା କରିଛି। ରାଜ୍ୟର ବିଭିନ୍ନ ସ୍ଥାନରେ କଂଗ୍ରେସ ପକ୍ଷରୁ ମଶାଲ ଶୋଭାଯାତ୍ରା ଆୟୋଜନ କରାଯିବା ସହ ଉଭୟ ନିର୍ବାଚନ ଆୟୋଗ ଓ ବିଜେପି ଉପରେ ନେତାମାନେ ବର୍ଷିଛନ୍ତି।

କଂଗ୍ରେସ ନେତା ତଥା ଲୋକସଭାରେ ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ଗତ ୭ ତାରିଖ ଦିଲ୍ଲୀଠାରେ ଏକ ସାମ୍ବାଦିକ ସମ୍ମିଳନୀରେ ଭୋଟ୍ ଚୋରି ପ୍ରସଙ୍ଗରେ ନିର୍ବାଚନ ଆୟୋଗଙ୍କ ବିଶ୍ୱସନୀୟତା ଉପରେ ପ୍ରଶ୍ନ କରିଥିଲେ। ନିର୍ବାଚନ ଆୟୋଗଙ୍କ ସହଯୋଗରେ ଭୋଟର୍ କାର୍ଡରେ ବ୍ୟାପକ ହେରଫେର୍ ଓ ଜାଲିଆତି କରି 'ଭୋଟ୍ ଚୋରି' ଜରିଆରେ ବିଜେପି କିପରି ଏକାଧିକ ନିର୍ବାଚନ ଜିଣିଛି, ତାହା ରାହୁଲ ବର୍ଣ୍ଣନା କରିଥିଲେ। ଏହା ପରଠାରୁ ଦେଶବ୍ୟାପୀ ଏହି ପ୍ରସଙ୍ଗ ଆଲୋଡ଼ନ ସୃଷ୍ଟି କରିଛି। ଉକ୍ତ ସାମ୍ବାଦିକ ସମ୍ମିଳନୀର ସ୍କ୍ରିନିଂ ଗତ ୯ ଓ ୧୧ ତାରିଖରେ ଯଥାକ୍ରମେ ରାଜ୍ୟ ଓ ଜିଲ୍ଲାସ୍ତରରେ କଂଗ୍ରେସ ପକ୍ଷରୁ କରାଯାଇଥିଲା। ଏହି ପ୍ରସଙ୍ଗକୁ ଆହୁରି ଆଗକୁ ନେବା ପାଇଁ କଂଗ୍ରେସ ଦଳ ମଶାଲ ଶୋଭାଯାତ୍ରା ଆୟୋଜନ କରିଛି।

ଭୁବନେଶ୍ୱର ଜିଲ୍ଲା କଂଗ୍ରେସ ପକ୍ଷରୁ ଆୟୋଜିତ ଏହି ଶୋଭାଯାତ୍ରାରେ ପିସିସି ସଭାପତି ଭକ୍ତଚରଣ ଦାସଙ୍କ ସହ ପୂର୍ବତନ ପିସିସି ସଭାପତି ଜୟଦେବ ଜେନା ଓ କଂଗ୍ରେସ ନେତା ସୁରେଶ କୁମାର ରାଉତରାୟଙ୍କ ସମେତ ବହୁ କଂଗ୍ରେସ ନେତା ସାମିଲ ହୋଇଥିଲେ। ଏହି ଅବସରରେ ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି, ଭୋଟ୍ ଚୋରି ଦ୍ୱାରା ଗଣତନ୍ତ୍ରର ହତ୍ୟା କରାଯାଉଛି। ଗଣତାନ୍ତ୍ରିକ ରାଷ୍ଟ୍ରରେ ଭୋଟ୍ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ବହନ କରୁଥିବା ବେଳେ ବିଜେପି ସରକାର ଭୋଟ୍ ଚୋରି କରି ଗାଦି ହାତେଇଛି। ଆଜି ବି ବିହାରର ଗରିବ ଲୋକମାନେ ବିଭିନ୍ନ ଜାଗାରେ କାମ କରି ଚଳୁଛନ୍ତି। ସେମାନଙ୍କୁ ରାଜ୍ୟରୁ ବାହାର କରାଯାଇପାରିବ ନାହିଁ। ସେମାନଙ୍କୁ ଅନ୍ୟ ରାଜ୍ୟର ବାସିନ୍ଦା ବୋଲି କହି ଭୋଟର୍ ଲିଷ୍ଟରୁ ହଟାଇଦେବା ଉଚିତ ନୁହେଁ। ନିର୍ବାଚନ ଆୟୋଗ ପ୍ରତ୍ୟେକ ଭୋଟର୍‌ଙ୍କ ନାଁ ଗୋଟି ଗୋଟି କରି ଦିଅନ୍ତୁ ବୋଲି ଭକ୍ତ କହିଛନ୍ତି।

ସୂଚନାଥାଉକି ସ୍ୱାଧୀନତା ଦିବସର ଅବ୍ୟବହିତ ପୂର୍ବରୁ ୧୪ ତାରିଖ ଗୁରୁବାର ସନ୍ଧ୍ୟା ସାଢ଼େ ୬ଟାରେ ରାଜ୍ୟର ସମସ୍ତ ଜିଲ୍ଲାରେ ଅନ୍ୟୁନ ୨ କିମିର ମଶାଲ ଶୋଭାଯାତ୍ରା କରିବା ପାଇଁ ଦଳର ସଭାପତି ମଲ୍ଲିକାର୍ଜୁନ ଖଡ଼ଗେ ନିର୍ଦ୍ଦେଶ ଦେଇଥିଲେ। ଏହି ନିର୍ଦ୍ଦେଶ ପରେ କଂଗ୍ରେସ ପକ୍ଷରୁ ରାଜ୍ୟର ବିଭିନ୍ନ ସ୍ଥାନରେ ଏହି ଶୋଭାଯାତ୍ରା କରାଯାଇଛି।

## ଖାକିରେ ଦାଗ

# ମହିଳାଙ୍କୁ ଦୁଷ୍କର୍ମ; ସବ୍‌ଇନ୍ସପେକ୍ଟର ଗିରଫ

ଫୁଲବାଣୀ, ୧୪।୮ (ସମିସ): ଖାକିରେ ପୁଣି ଦାଗ। ଥରେ କି ଦୁଇଥର ନୁହେଁ, ପୁଲିସ୍ ବର୍ଦ୍ଦିର ଭୟ ଦେଖାଇ ଜଣେ ବିବାହିତ ମହିଳାଙ୍କୁ ବାରମ୍ବାର ଦୁଷ୍କର୍ମ। ଏପରି ଏକ ସଂଗିନ୍ ଅଭିଯୋଗରେ କନ୍ଧମାଳ ଜିଲ୍ଲା ଗୋଚ୍ଛାପଡ଼ା ଥାନା ପୁଲିସ୍ ଜଣେ ସବ୍-ଇନ୍ସପେକ୍ଟର୍‌ଙ୍କୁ ଗିରଫ କରିଛି। ସେ ହେଲେ, କୋଟଗଡ଼ ଥାନାର ଏସ୍‌ଆଇ ସ୍ମୃତିସାଗର ସାମଲ। ପୂର୍ବରୁ ସେ ଗୋଚ୍ଛାପଡ଼ା ଥାନାରେ କାର୍ଯ୍ୟରତ ଥିଲେ। ଆଜି ତାଙ୍କୁ ପୁଲିସ୍ କୋର୍ଟଚାଲାଣ କରିଥିଲା। ତେବେ ସେଠାରେ ଜାମିନ ନାମଞ୍ଜୁର ହେବାରୁ ତାଙ୍କୁ ୧୪ ଦିନିଆ ବିଚାର ବିଭାଗୀୟ ଜେଲ୍ ହାଜତକୁ ପଠାଇ ଦିଆଯାଇଛି।

ସୂଚନାନୁଯାୟୀ, ସ୍ମୃତିସାଗର ଗୋଚ୍ଛାପଡ଼ା ଥାନାରେ କାର୍ଯ୍ୟରତ ଥିବା ବେଳେ ଥାନା ପାଖରେ ଥିବା ଜଣେ ମହିଳାଙ୍କ ଭେରାଇଟି ଷ୍ଟୋର୍‌କୁ ପ୍ରାୟ ସମୟରେ ଯିବା ଆସିବା କରୁଥିଲେ। ତେବେ ଦିନକୁ ଦିନ ତାଙ୍କ ବ୍ୟବହାରରେ ପରିବର୍ତ୍ତନ ଆସିଥିଲା। ସେ ସମ୍ପୃକ୍ତା ମହିଳାଙ୍କୁ ଅଶ୍ଳୀଳ ଇଙ୍ଗିତ କରିଥିଲେ। ଏପରିକି, ତାଙ୍କ ସହ ଶାରୀରିକ ସମ୍ପର୍କ ରଖିବା ପାଇଁ ବିଭିନ୍ନ ପ୍ରକାର ପ୍ରଲୋଭନ ଦେଖାଉଥିଲେ। ୨୦୨୪ ମସିହା ମେ' ମାସରେ ଘରେ କେହି ନ ଥିବାର ସୁଯୋଗ ନେଇ ସେ ମହିଳାଙ୍କୁ ଦୁଷ୍କର୍ମ କରିଥିଲେ। ଏ ସଂପର୍କରେ କାହାରିକୁ କହିଲେ ସ୍ୱାମୀଙ୍କୁ ଜୀବନରେ ମାରିଦେବେ ବୋଲି ଧମକ ଦେଇଥିଲେ। ପୀଡ଼ିତାଜଣଙ୍କ ଏ ସଂପର୍କରେ ମୁହଁ ନ ଖୋଲିବାରୁ ସ୍ମୃତିସାଗରଙ୍କ ମୁହଁ ବଢ଼ି ଯାଇଥିଲା। ପରେ ସେ ମହିଳାଙ୍କୁ ପୁଲିସ୍ ବର୍ଦ୍ଦିର ଭୟ ଦେଖାଇ ବାରମ୍ବାର ଦୁଷ୍କର୍ମ କରିଥିଲେ। ଏଥିରେ ଅତିଷ୍ଠ ହୋଇ ଶେଷରେ ପୀଡ଼ିତା ସାହସ ଜୁଟାଇଥିଲେ ଏବଂ ଏ ସଂପର୍କରେ ତାଙ୍କ ହୋମଗାର୍ଡ ସ୍ୱାମୀଙ୍କୁ ଜଣାଇଥିଲେ। ପରେ ଦୁହେଁ ଏ ସଂପର୍କରେ ତତ୍‌କାଳୀନ ଥାନା ଅଧିକାରୀଙ୍କୁ ଲିଖିତ ଅଭିଯୋଗ କରିଥିଲେ। କିନ୍ତୁ ଥାନା ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଇନଥିଲା।



ଗତ ବୁଧବାର ପୁଣି ମହିଳାଜଣଙ୍କ ଥାନାରେ ଏତଲା ଦେଇଥିଲେ। ପୁଲିସ ଏନେଇ ୧୮୬/୨୫ରେ ମାମଲା ରୁଜୁ କରି ତଦନ୍ତ କରିଥିଲା। ଗୁରୁବାର ତାଙ୍କୁ ଗିରଫ କରାଯାଇ କୋର୍ଟଚାଲାଣ କରାଯାଇଛି। ଜାମିନ ନାମଞ୍ଜୁର ହେବାରୁ ତାଙ୍କୁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଥିବା ସରକାରୀ ଓକିଲ ପଙ୍କଜ କୁମାର ବେହେରା ସୂଚନା ଦେଇଛନ୍ତି।

# ହୋଟେଲରୁ ପ୍ରେମୀଯୁଗଳଙ୍କ ମୃତଦେହ ଉଦ୍ଧାର

ପୁରୀ, ୧୪।୮ (ସମିସ): ହୋଟେଲ ରୁମ୍‌ରେ ଝୁଲିପଡ଼ିଲେ ପ୍ରେମୀଯୁଗଳ। ସମଦ୍ର କୂଳ ଥାନା ପୁଲିସ ଆଜି ପୁରୀର ଏକ ହୋଟେଲରୁ ଦୁଇ ବଙ୍ଗୀୟ ପର୍ଯ୍ୟଟକଙ୍କ ଝୁଲନ୍ତା ମୃତଦେହ ଜବତ କରିଛି। ମୃତକଦ୍ୱୟ ହେଲେ, ପଶ୍ଚିମବଙ୍ଗର କୁମରେଶ ଘୋଷ ଓ ମିତାଲି ଘୋଷ। ଦୁହେଁ ଅନ୍ୟତ୍ର ବିବାହ କରିଥିଲେ। ଦୁଇ ଦିନ ପୂର୍ବରୁ ଦୁହେଁ ଆତ୍ମହତ୍ୟା କରିଥିବା ପୁଲିସ ସୂଚନା ଦେଇଛି। ତେବେ କେଉଁ ପରିସ୍ଥିତିରେ ଦୁହେଁ ଏପରି ଚରମ ପଦକ୍ଷେପ ନେଲେ, ସେ ସଂପର୍କରେ ପୁଲିସ୍ ତଦନ୍ତ ଚଳାଇଛି। ଶବଦ୍ୱୟକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି। ସେମାନେ ରହୁଥିବା ହୋଟେଲ କର୍ତ୍ତୃପକ୍ଷଙ୍କୁ ପୁଲିସ୍ ଚରାଉଚରା କରିଛି। ଦୁହେଁ, କେବେଠାରୁ ଏଠାରେ ରହୁଥିଲେ, କ'ଣ ପରିଚୟ ଦେଇଥିଲେ; ସେସବୁର ଖୋଳତାଡ଼ କରୁଛି ପୁଲିସ। ସେମାନେ ଗତ ୯ ତାରିଖରେ ହୋଟେଲରେ ରୁମ୍ ବୁକ୍ କରି ରହିଥିଲେ। ୧୫ ତାରିଖରେ ରୁମ୍ ଛାଡ଼ିଥାନ୍ତେ। କିନ୍ତୁ ଦୁଇଦିନ ତଳୁ ସେମାନଙ୍କ ରୁମ୍ ବନ୍ଦ ଥିବାରୁ ସନ୍ଦେହରେ ପୁଲିସକୁ ଖବର ଦିଆଯାଇଥିଲା। ପୁଲିସ ଘଟଣାସ୍ଥଳରେ ପହଞ୍ଚି କବାଟ ଭାଙ୍ଗି ଦୁହିଁଙ୍କ ମୃତଦେହ ଉଦ୍ଧାର କରିଥିଲା। ଶୁକ୍ରବାର ସେମାନଙ୍କ ଶବ ବ୍ୟବଚ୍ଛେଦ କରାଯିବ ବୋଲି ପୁଲିସ ସୂଚନା ଦେଇଛି।














# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-52 ◆FRIDAY ◆15 AUGUST 2025 ◆PAGE-12 ◆₹ 6.00

୭୯ ତମ ସ୍ୱାଧୀନତା ଦିବସ

◆ବର୍ଷ-୪୩ ◆ସଂଖ୍ୟା-୫୨ ◆ଶୁକ୍ରବାର ◆୧୫ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


### ଏସ୍‌ଆଇଆର୍ ମାମଲା: ଇସିଙ୍କୁ ସୁପ୍ରିମ୍‌କୋର୍ଟଙ୍କ ନିର୍ଦ୍ଦେଶ

# ୬୫ ଲକ୍ଷ ଭୋଟରଙ୍କ ତଥ୍ୟ ସାର୍ବଜନୀନ କର



### ସମ୍ବାଦପତ୍ର, ଟିଭି ଓ ରେଡିଓରେ ବାଦ୍ ପଡ଼ିଥିବା ଭୋଟରଙ୍କ ବିବରଣୀ ପ୍ରକାଶ କର

### ଆଧାର କାର୍ଡ ଦେଖାଇ ନାମ ସାମିଲ କରିପାରିବେ ଭୋଟର

■ **ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି):** ବିହାରରେ ନିର୍ବାଚନ କମିସନ ପକ୍ଷରୁ ଚାଲିଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସ୍‌ଆଇଆର୍) ପ୍ରକ୍ରିୟାକୁ ନେଇ କଠୋର ଆଭିମୁଖ୍ୟ ଗ୍ରହଣ କରିଛନ୍ତି ସୁପ୍ରିମକୋର୍ଟ। ତାଲିକା ସଂଶୋଧନ ବେଳେ ଯେଉଁ ୬୫ ଲକ୍ଷ ଭୋଟରଙ୍କ ନାମ କଟାଯାଇଛି ସେମାନଙ୍କ ସଂପର୍କରେ ସଂପୂର୍ଣ୍ଣ ତଥ୍ୟ ଲୋଡ଼ିଛନ୍ତି। ଏହି ଭୋଟରଙ୍କ ନାମ ତାଲିକା ସହିତ ସେମାନେ କାହିଁକି ବାଦ୍ ପଡ଼ିଛନ୍ତି, ତାହାର କାରଣ ଦର୍ଶାଇବା ଲାଗି କୁହାଯାଇଛି। ଏହାର ପୂର୍ଣ୍ଣାଙ୍ଗ ବିବରଣୀ ଆଞ୍ଚଳିକ ଭାଷାର ସମ୍ବାଦପତ୍ର ସହିତ ଜାତୀୟ ସମ୍ବାଦପତ୍ର, ଟିଭି ଓ ରେଡିଓରେ ପ୍ରକାଶ ଓ ପ୍ରସାର କରିବା ଲାଗି ସର୍ବୋଚ୍ଚ ଅଦାଲତ କମିସନଙ୍କୁ କହିଛନ୍ତି।

ବିହାରରେ ଏସ୍‌ଆଇଆର୍ ପାଇଁ ଜୁନ୍ ୨୪ରେ ନିର୍ବାଚନ କମିସନ ନେଇଥିବା ନିଷ୍ପତ୍ତିକୁ ଚାଲେଞ୍ଜ କରି ଆଗତ ପିଟିସନ ଉପରେ ଶୁଣାଣି କରି ଜଷ୍ଟିସ ସୂର୍ଯ୍ୟକାନ୍ତ ଏବ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କୁ ନେଇ ଗଠିତ ବେଞ୍ଚ ଆଜି ନିର୍ବାଚନ କମିସନଙ୍କୁ ଉପରୋକ୍ତ ନିର୍ଦ୍ଦେଶ ଦେଇଛନ୍ତି। ଏହି ଆଦେଶ କାର୍ଯ୍ୟକାରୀ ହୋଇଛି କି ନାହିଁ ଏବଂ ଯଦି ହୋଇଛି କେତେ ଦୂର ହୋଇଛି ତାହାର କଂପ୍ଲାୟନ୍ସ ରିପୋର୍ଟ ମାମଲାର ପରବର୍ତ୍ତୀ ଶୁଣାଣି (ଅଗଷ୍ଟ ୨୨ ତାରିଖ) ପୂର୍ବରୁ ଦାଖଲ କରିବାକୁ କହିଛନ୍ତି।

କୋର୍ଟ କହିଛନ୍ତି ଯେ ଭୋଟର ତାଲିକାରେ ଯେଉଁମାନଙ୍କୁ ମୃତ ଦର୍ଶାଯାଇଛି କିମ୍ବା ଯେଉଁମାନେ ଅନ୍ୟ ରାଜ୍ୟକୁ ପଳାଇଛନ୍ତି ବୋଲି କୁହାଯାଉଛି ସେମାନଙ୍କର ତାଲିକା ସମସ୍ତ ପଞ୍ଚାୟତ ସ୍ତରୀୟ ଅଫିସ, ଜିଲ୍ଲା ସ୍ତରୀୟ ରିଟର୍ଣ୍ଣି ଅଫିସର କାର୍ଯ୍ୟାଳୟରେ ଲଗାଇବାକୁ ହେବ। ଟିଭି, ରେଡିଓ, ଇଂରାଜୀ ସମ୍ବାଦପତ୍ର ସମେତ ଆଞ୍ଚଳିକ ଭାଷା ସମ୍ବାଦପତ୍ରରେ ଏହି ତଥ୍ୟ ସଂପର୍କରେ ସୂଚନା ଦେବାକୁ ପଡ଼ିବ। ଏହାସହିତ କୋର୍ଟ ଆଉ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଶୁଣାଇ କହିଛନ୍ତି ଯେ ଯେଉଁ ଭୋଟରଙ୍କର ନାମ ▶ପୃଷ୍ଠା-୭

### ଫାଟିଲା ବାଦଲ; ଧସିଲା ପାହାଡ଼

# ୪୬ ମୃତ, ୨୦୦ ନିଖୋଜ




■ **ଶ୍ରୀନଗର, ୧୪।୮ (ଏଜେନ୍ସି):** ଜମ୍ମୁ-କଶ୍ମୀରର କିସ୍ତୱାର ଜିଲ୍ଲାରେ ଆଜି ବାଦଲଫଟା ବର୍ଷା ଯୋଗୁଁ ବଡ଼ ଧରଣର ବିପର୍ଯ୍ୟୟ ଘଟି ୪୬ ଜଣ ଲୋକ ପ୍ରାଣ ହରାଇଥିବା ବେଳେ ୨୦୦ରୁ ଅଧିକ ଲୋକ ନିଖୋଜ ଅଛନ୍ତି। ବର୍ତ୍ତମାନ ସୁଦ୍ଧା ୧୨୦ ଜଣଙ୍କୁ ଉଦ୍ଧାର କରାଯାଇଛି। ସେମାନଙ୍କ ମଧ୍ୟରୁ ୩୮ ଜଣଙ୍କ ଅବସ୍ଥା ସଙ୍କଟାପନ୍ନ ରହିଛି। ଉଦ୍ଧାର କାର୍ଯ୍ୟ ଚାଲିଥିବାରୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା ରହିଛି। ମୃତକଙ୍କ ମଧ୍ୟରେ ୨ ସିଆଇଏଓଏଫ୍ ଯବାନ ଅଛନ୍ତି।

ମିଳିଥିବା ସୂଚନା ଅନୁଯାୟୀ, ଆଜି ଅପରାହ୍ଣ ୧୨ଟା ୩୦ରେ ବାଦଲ ଫଟା ବର୍ଷା କାରଣରୁ କିସ୍ତୱାର ଜିଲ୍ଲାର ଚୋସିତି ଗ୍ରାମ ଧ୍ୱଂସ ହୋଇଯାଇଛି। ପାର୍ବତ୍ୟ ଅଞ୍ଚଳରେ ଥିବା ଏହି ଗ୍ରାମରେ ହଜାର ହଜାର ଶ୍ରଦ୍ଧାଳୁ ଏକ ଧାର୍ମିକ କାର୍ଯ୍ୟକ୍ରମ ପାଇଁ ଏକତ୍ରିତ ହେଉଥିବା ବେଳେ ଏଭଳି ବିପର୍ଯ୍ୟୟ ଘଟିଛି। ପାହାଡ଼ରୁ ବୋହି ଆସିଥିବା ଆବର୍ଜନାପୂର୍ଣ୍ଣ ପାଣି ସୁଅରେ ଅନେକ ଲୋକ ଭାସି ଯାଇଥିବା ବେଳେ ଅନେକ ଅତଡ଼ା ତଳେ ଚାପି ହୋଇ ରହିଛନ୍ତି। ମଚୈଲ ମାତା ମନ୍ଦିର ଯିବା ଲାଗି ଶ୍ରଦ୍ଧାଳୁ ବିଭିନ୍ନ ଗାଡ଼ିରେ ଆସି ଏଠାରେ ଏକାଠି ହୋଇଥିଲେ। ଏଠାରୁ ସେମାନେ ଚାଲିଚାଲି ମନ୍ଦିର ଯାଇଥା'ନ୍ତେ। ବର୍ଷା ବେଳେ ଏହି ଗାଁରେ ଲଙ୍ଗରରେ ଶ୍ରଦ୍ଧାଳୁମାନେ ଏକାଠି ଖାଉଥିଲେ। ସେମାନଙ୍କୁ ସୁରକ୍ଷା ଦେବାଲାଗି ପାଖରେ ନିରାପତ୍ତା ଯବାନଙ୍କର କ୍ୟାମ୍ପ ମଧ୍ୟ ଲାଗିଥିଲା। ଏହି କ୍ୟାମ୍ପ ମଧ୍ୟ ▶ପୃଷ୍ଠା-୭



### ମନ୍ତ୍ରୀଙ୍କ ନାଲିଆଖି, ସଚିବଙ୍କ ଚେତାବନୀ ପ୍ରଭାବହୀନ

# ଜିଦ୍‌ରେ ଅଟଳ ରାଜସ୍ୱ ଅମଲା

### ୧୫ ଦିନରେ ଦାବି ପୂରଣ ପ୍ରତିଶ୍ରୁତି ଦେଇଥିଲେ ମନ୍ତ୍ରୀ

### ୩୦ ଜିଲ୍ଲାର ୧୦ ହଜାର ରାଜସ୍ୱ ଅମଲାଙ୍କ କାର୍ଯ୍ୟବନ୍ଦ

■ **ଭୁବନେଶ୍ୱର, ୧୪।୮ (ସମିସ):** ରାଜସ୍ୱ ମନ୍ତ୍ରୀ ନାଲି ଆଖି ଦେଖାଇଲେ, ସଚିବ ଦରମା ବନ୍ଦ କରିବାକୁ ଧମକ ଦେଲେ; ମାତ୍ର ଏହି ଚେତାବନୀ ରାଜସ୍ୱ ଅମଲା ସଂଘ ଉପରେ କୌଣସି ପ୍ରଭାବ ପକାଇବାକୁ ସମର୍ଥ ହୋଇ ନାହିଁ। ଦାବି ପୂରଣ ପାଇଁ ରାଜ୍ୟର ୧୦ ହଜାର ଅମଲାଙ୍କ କାର୍ଯ୍ୟବନ୍ଦ ଆନ୍ଦୋଳନ ଚତୁର୍ଥ ଦିନରେ ପହଞ୍ଚିଛି। ଫଳରେ ସାରା ରାଜ୍ୟରେ ରାଜସ୍ୱ କାର୍ଯ୍ୟ ଗୁରୁତର ପ୍ରଭାବିତ ହୋଇଛି। ବ୍ଲକ୍, ତହସିଲ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥା, ପଞ୍ଚାୟତିରାଜ ସଂସ୍ଥାରେ କାର୍ଯ୍ୟ ଗୁରୁତର ପ୍ରଭାବିତ ହୋଇଛି । ଆଲୋଚନା ପରିବର୍ତ୍ତେ ସରକାର ଆନ୍ଦୋଳନକୁ ଦବାଇବା ପାଇଁ କରୁଥିବା ଉଦ୍ୟମକୁ ସଂଘ ତୀବ୍ର ବିରୋଧ କରିଛି। ଯେ ପର୍ଯ୍ୟନ୍ତ ସରକାର ସେମାନଙ୍କର ଦାବି ପୂରଣ ନ କରିଛନ୍ତି, ସେ ପର୍ଯ୍ୟନ୍ତ ଆନ୍ଦୋଳନ ଅବ୍ୟାହତ ରହିବ ▶ପୃଷ୍ଠା-୭

### ଲଘୁଚାପ ସକ୍ରିୟ

# ଲାଗି ରହିବ ବର୍ଷା

■ **ଭୁବନେଶ୍ୱର, ୧୪।୮ (ସମିସ):** ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ବିଶେଷ କରି ଦକ୍ଷିଣ ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ବର୍ଷାର ପ୍ରଭାବ ଅଧିକ ରହିଥିବା ବେଳେ ଆଭ୍ୟନ୍ତରୀଣ ଓ ଉତ୍ତର ଓଡ଼ିଶାରେ କୋହଲା ପାଗ ସାଙ୍ଗକୁ କାଁ ଭାଁ ବର୍ଷା ହେଉଛି। ଶୁକ୍ରବାର ଗଜପତି, ରାୟଗଡ଼ା, କୋରାପୁଟ, ନବରଙ୍ଗପୁର ଆଦି ଜିଲ୍ଲାର କିଛି ସ୍ଥାନରେ ପ୍ରବଳ ବର୍ଷା ସମ୍ଭାବନା ରହିଛି। ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଜପତି, ଗଞ୍ଜାମ, ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, ସମ୍ବଲପୁର, ଦେବଗଡ଼, ଅନୁଗୁଳ, ଢେଙ୍କାନାଳ, କେନ୍ଦୁଝର ଓ ମୟୂରଭଞ୍ଜରେ ମଧ୍ୟ ବର୍ଷା ସମ୍ଭାବନା ରହିଛି। ଅନ୍ୟପଟେ ଗୁରୁବାର ଗୋପାଳପୁରରେ ସର୍ବାଧିକ ୪୨ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ବାରିପଦାରେ ୨୫, ନୟାଗଡ଼ରେ ୧୯, ନବରଙ୍ଗପୁର ୧୭, ▶ପୃଷ୍ଠା-୭







● ପିଅନ ଆକ୍ରମଣରେ କିରାଣୀଙ୍କ ମୃତ୍ୟୁ ଘଟଣା

# ବାପା-ପୁଅ କୋର୍ଟ ଚାଲାଣ

କୋରାପୁଟ,୧୪।୮ (ସମିସ): ଦଶମନ୍ତପୁର ବ୍ଲକ ଲୁଲା ଗ୍ରାମରେ ପିଅନର ଆକ୍ରମଣରେ ସ୍କୁଲ କିରାଣୀଙ୍କ ମୃତ୍ୟୁ ଘଟଣାରେ ଦଶମନ୍ତପୁର ଥାନା ପୁଲିସ ଅଭିଯୁକ୍ତ ବାପା ପୁଅକୁ ଗିରଫ କରି କୋର୍ଟ ଚାଲାଣ କରିଥିବା କୋରାପୁଟ ଉପଖଣ୍ଡ ପୋଲିସ ଅଧିକାରୀ ସଂଜୟ କୁମାର ମଣ୍ଡଳ ସୂଚନା ଦେଇଛନ୍ତି । ସୂଚନା ଥାଉକି ଗତ ମାସ ୩୧ ତାରିଖରେ ଦଶମନ୍ତପୁର ଥାନା ଲୁଲା ଉଚ୍ଚ ବିଦ୍ୟାଳୟର କିରାଣୀ ବିଭୀଷଣ ଗୌଡ଼ ଏବଂ ସେହି ଗ୍ରାମର ଲକ୍ଷ୍ମଣ ବିଶୋଇଙ୍କ ମଧ୍ୟରେ କୌଣସି କଥାକୁ ନେଇ ବଚସା ଚାଲିଥିବାବେଳେ ଉକ୍ତ ବିଦ୍ୟାଳୟରେ ପିଅନ ଥିବା ଲକ୍ଷ୍ମଣ ବିଶୋଇଙ୍କ ପୁଅ ସଞ୍ଜୀବ ବିଶୋଇ ଅତର୍କିତ ଭାବେ ଆକ୍ରମଣ କରିଥିଲା । ସଂଜୀବର ଆକ୍ରମଣରେ ବିଭୀଷଣ ଗୁରୁତର ଆହତ ହେବାରୁ ପରିବାର ଲୋକେ ତୁରନ୍ତ କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସପିଟାଲରେ ଭର୍ତ୍ତି କରିଥିଲେ । ପରବର୍ତ୍ତୀ ସମୟରେ ବିଭୀଷଣଙ୍କୁ କୋରାପୁଟର ଏକ ଘରୋଇ ହସ୍ପିଟାଲରେ ସ୍ଥାନାନ୍ତର କରାଯାଇଥିଲା । ଚିକିତ୍ସାଧୀନ ଅବସ୍ଥାରେ ୧୨ ତାରିଖ ଦିନ ତାଙ୍କର ମୃତ୍ୟୁ ହୋଇଥିଲା ।

# ଗଡ଼ିଲା ନିଧି ମଉସାଙ୍କ ରଥ

ଗୁଡାରୀ,୧୪।୮ (ସମିସ): କିଛିଦିନ ତଳେ ଗୁଡାରୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ସ୍ୱାଗତ ସ୍ୱାଇଁଙ୍କ ସହ ରୋଗୀ ବିଭିନ୍ନ ସମସ୍ୟା ନେଇ ଆଲୋଚନା କରିଛନ୍ତି । ସେଥି ମଧ୍ୟରୁ ବର୍ଷା ଦିନରେ ଡେଙ୍ଗୁ ମେଲେରିଆ ସଚେତନ ପାଇଁ ନିଧି ମଉସାର କାର୍ଯ୍ୟକ୍ରମ ରାଜ୍ୟ ସରକାରଙ୍କ ଦ୍ୱାରା ଅନୁମୋଦନ କରାଯାଇଛି । କିନ୍ତୁ ବର୍ଷା ଦିନ ଶେଷ ହେବାକୁ ବସିଲାଣି, ଏହି କାର୍ଯ୍ୟକ୍ରମ ହୋଇ ନ ଥିଲା । 'ସକାଳ' ପକ୍ଷରୁ ଏ ଇେ ଦୃଷ୍ଟି ଆକର୍ଷଣ କରାଯିବାରୁ ଜୁଲାଇ ପ୍ରଥମ ସପ୍ତାହରେ ଏହି କାର୍ଯ୍ୟକ୍ରମ କରିବା ପାଇଁ ନଥିପତ୍ର ଆସିଥିବା କୁହାଯାଇଥିଲା । ଆଶ୍ଚର୍ଯ୍ୟର ବିଷୟ ଜୁଲାଇରେ ଆସିଥିବା କାର୍ଯ୍ୟକ୍ରମ ଅଗଷ୍ଟ ମାସ ପର୍ଯ୍ୟନ୍ତ କଣ ପାଇଁ ଉଦ୍‌ଘାଟନ ନକରି ବନ୍ଦ କରି ରଖାଯାଇଥିଲା । ହଠାତ ବୁଧବାର ଦିନ ସ୍ୱାସ୍ଥ୍ୟକେନ୍ଦ୍ରର ଅଧିକାରୀ ସ୍ୱାଗତ ସ୍ୱାଇଁ ଏହାର ଶୁଭାରମ୍ଭ କରିଛନ୍ତି । ଏହାକୁ ନେଇ ସ୍ୱାସ୍ଥ୍ୟ ବିଭାଗକୁ ଲୋକେ ସମାଲୋଚନା କରିବା ସହ 'ସକାଳ'କୁ ଧନ୍ୟବାଦ ଜଣାଇଛନ୍ତି ।

'ସକାଳ' ପ୍ରଭାବ

# କଂଗ୍ରେସ ପକ୍ଷରୁ ମଶାଲ ଶୋଭାଯାତ୍ରା




କୋରାପୁଟ,୧୪।୮ (ସମିସ): ଭୋଟ ଚୋରିକୁ ନେଇ ଲୋକସଭାର ବିରୋଧୀ ଦଳ ନେତା ରାହୁଲ ଗାନ୍ଧିଙ୍କ ଆହ୍ୱାନ କ୍ରମେ ସାରା ଭାରତ ବର୍ଷରେ 'ଭୋଟ ଚୋର ଗାଦିଛାଡ଼' ଶୋଭାଯାତ୍ରା ଚାଲିଥିବାବେଳେ କୋରାପୁଟରେ ମଧ୍ୟ ଏହା ଦେଖିବାକୁ ମିଳିଛି । ଜିଲ୍ଲା କଂଗ୍ରେସ ପକ୍ଷରୁ ଗୁରୁବାର ସଂଧ୍ୟାରେ କୋରାପୁଟ ମାଉସୀ ମା'ମନ୍ଦିର ଛକ ଠାରୁ ବସ୍‌ଷ୍ଟାଣ୍ଡ ପର୍ଯ୍ୟନ୍ତ ମଶାଲ ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା । ଜିଲ୍ଲା କଂଗ୍ରେସ ସଭାପତି ଶଶୀଭୂଷଣ ପାତ୍ରଙ୍କ ନେତୃତ୍ୱରେ ଅନୁଷ୍ଠିତ ମଶାଲ ଶୋଭାଯାତ୍ରାରେ ଜୟପୁର ବିଧାୟକ ତାରା ପ୍ରସାଦ ବାହିନୀପତି, ବିଧାନସଭାରେ କଂଗ୍ରେସ ବିଧାୟକ ଦଳ ନେତା ରାମ ଚନ୍ଦ୍ର କାଡାମ, ଲକ୍ଷ୍ମୀପୁର ବିଧାୟକ ପବିତ୍ର ସାଉନ୍ତା, ମହିଳା କଂଗ୍ରେସ ରାଜ୍ୟ ସଭାନେତ୍ରୀ ମିନାକ୍ଷୀ ବାହିନୀପତି, ପ୍ରଦେଶ କଂଗ୍ରେସ କମିଟି ସମ୍ପାଦକ ରୂପକ ତୁରୁକ, ପୁର୍ବତନ ପିସିସି ସମ୍ପାଦକ ଜଗଦୀଶ ଖୋସଲା, ସାଂସଦ ପ୍ରତିନିଧି ବାବୁଲା ବେନିଆ, କୋରାପୁଟ ବ୍ଲକ ଅଧ୍ୟକ୍ଷା ନମିତା ମାଝୀ, ନଗର କଂଗ୍ରେସ ସଭାପତି ଜୟନ୍ତ କୋଚିମଙ୍କ ସମେତ ଶତାଧିକ କର୍ମୀ ଶୋଭାଯାତ୍ରାରେ ସାମିଲ ହୋଇ ମୋଦୀ ସରକାର ବିରୋଧରେ ନାରାବାଜି କରିଥିଲେ ।

# ବିଭିନ୍ନ ସ୍ଥାନରେ ତ୍ରିରଙ୍ଗା ଶୋଭାଯାତ୍ରା





ଜୟପୁର,୧୪।୮ (ସମିସ): ଆଜି ଜୟପୁର ଜିଲ୍ଲା ପ୍ରଶାସନ ପକ୍ଷରୁ ଏକ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା । ଜୟପୁର ପୌରସଂସ୍ଥା ପକ୍ଷରୁ ଉପଜିଲ୍ଲାପାଳ ତଥା ପୌର ନିର୍ବାହୀ ଅଧିକାରୀ ଏ..ଶଶ୍ୟା ରେଣ୍ଟିଙ୍କ ଆହ୍ୱାନ କ୍ରମେ ଜୟପୁର ରଥପଡିଆ ଛକଠାରୁ ଟ୍ରାଫିକ ଛକ ପର୍ଯ୍ୟନ୍ତ ହାତରେ ତ୍ରିରଙ୍ଗା ନେଇ ଏହି ଶୋଭାଯାତ୍ରାରେ ଭାରତ ମାତା କି ଜୟ, ବନ୍ଦେ ମାତାରାମ ଧ୍ୱନିରେ ଆୟୋଜିତ ହୋଇଥିଲା । ଏଥିରେ ଜୟପୁର ବାସିନ୍ଦା, ପୌର କର୍ମଚାରୀ, ବିଭିନ୍ନ ସ୍ୱେଚ୍ଛାସେବୀ ସଂଗଠନ, ମିଶନ ଶକ୍ତି ମହିଳା ଓ ବିଦ୍ୟାଳୟର ଛାତ୍ରଛାତ୍ରୀ ରାଲିରେ ଯୋଗ ଦେଇଥିଲେ । ପୂର୍ବାହ୍ନରେ ଶିଶୁ ବିଦ୍ୟାମନ୍ଦିର ବ୍ୟାଣ୍ଡର ଛାତ୍ରଛାତ୍ରୀ ମାନେ ବାଜା ବଜାଇ ସକାଳ ୮ଟାରେ ରଥପଡିଆ ଠାରୁ ତ୍ରିରଙ୍ଗା ଶୋଭାଯାତ୍ରାରେ ବାହାରି ଟ୍ରାଫିକ ଛକ ପର୍ଯ୍ୟନ୍ତ ଯାଇ ପୁଣି ପୌର କାର୍ଯ୍ୟାଳୟ ଠାରେ ପହଞ୍ଚିଥିଲେ । ଏହି ଅବସରରେ ଭାରତୀୟ ସେନାର ପରାକ୍ରମରେ ଅପରେସନ ସିନ୍ଦୁର ସଫଳତ ସମ୍ପର୍କରେ ଉପଜିଲ୍ଲାପାଳ କୁମାରୀ ରେଣ୍ଟି କହିଥିଲେ । ଏହି ଶୋଭାଯାତ୍ରାରେ ପୌରାଧ୍ୟକ୍ଷ ନରେନ୍ଦ୍ର ମହାନ୍ତି, ଉପାଧ୍ୟକ୍ଷ ବି. ସୁନିତା, ଅତିରିକ୍ତ ପୌର କାର୍ଯ୍ୟନିର୍ବାହୀ ଅଧିକାରୀ ପୂଜା ରାଉତ, ଏସଡିପିଆରଓ ଯଶୋଦା ଗାଦବା, କାଉନ୍‌ସିଲର, ଏନସିସି ଛାତ୍ରଛାତ୍ରୀ ସାମିଲ ହୋଇଥିଲେ । ସେହିପରି ବିକ୍ରମଦେବ ବିଶ୍ୱବିଦ୍ୟାଳୟ ଏବଂ ଯୁକ୍ତ ୨ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପକ୍ଷରୁ ଆୟୋଜିତ ତ୍ରିରଙ୍ଗା ଶୋଭାଯାତ୍ରା ଛାତ୍ରଛାତ୍ରୀ ମାନେ ୧୦୦ ମିଟର ଲମ୍ବର ଜାତୀୟ ପତକା ହାତରେ ଧରି ସହର ପରିକ୍ରମା କରିଥିଲେ । ବିଶ୍ୱବିଦ୍ୟାଳୟର କୁଳସଚିବ ମହେଶ୍ୱର ନାୟକ. ଯୁକ୍ତ ୨ ମହାବିଦ୍ୟାଳୟଅଧ୍ୟକ୍ଷ ଡ. ଲକ୍ଷ୍ମଣ ପାତ୍ରଙ୍କ ଏବଂ ଅନ୍ୟାନ୍ୟ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ଓ ଏନସିସି ଛାତ୍ର , ଛାତ୍ରୀ ସହ ଶତାଧିକ ଛାତ୍ର ଛାତ୍ରୀ ସାମିଲ ହୋଇଥିଲେ ।

**କୋରାପୁଟ:** କୋରାପୁଟ ସଦର ମହକୁମାରେ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପତାକା ଦେଖାଇ ଶୋଭାଯାତ୍ରାର ଶୁଭାରମ୍ଭ କରିଥିଲେ । ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରୁ ଶୋଭାଯାତ୍ରା ବାହାରି ଜଗନ୍ନାଥ ମନ୍ଦିର ଛକ, ଡିଏନକେ ଛକ ଦେଇ କଳାନିକେତନ ଛକ ଠାରେ ଶେଷ ହୋଇଥିଲା । ଏହି ଶୋଭାଯାତ୍ରାରେ ଅତିରିକ୍ତ ଜିଲ୍ଲାପାଳ ତପନ କୁମାର ନାୟକ, ଜିଲ୍ଲା ଶିକ୍ଷା ଅଧିକାରୀ ପ୍ରଶାନ୍ତ କୁମାର ମହାନ୍ତି, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ତରୁଣ ତପନ ପ୍ରହରାଜ, ଜିଲ୍ଲା ସାମାଜ ମଙ୍ଗଳ ଅଧିକାରୀ ଜ୍ୟୋସ୍ନାରାଣୀ ପାଢୀ, ପୁଲିସ ଅଧିକାରୀ, ମହିଳା ସ୍ୱୟଂ ସହାୟିକା ଗୋଷ୍ଠୀ ସଦସ୍ୟା ଏବଂ ବିଭିନ୍ନ ସ୍କୁଲ ଓ କଲେଜର ଛାତ୍ରଛାତ୍ରୀ ମାନେ ଶୋଭାଯାତ୍ରାରେ ଯୋଗ ଦେଇଥିଲେ । ସ୍ଥାନୀୟ କଳାନିକେତନ ଛକଠାରେ ତ୍ରିରଙ୍ଗା ପ୍ରଦର୍ଶନୀ ଓ ମେଳାକୁ ଜିଲ୍ଲାପାଳ ଉଦଘାଟନ କରିଥିଲେ । ଏଠାରେ ପ୍ରଦର୍ଶନୀ ସହ ବିକ୍ରୀ ବ୍ୟବସ୍ଥା କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ମିଶନ ଶକ୍ତି ଜିଲ୍ଲା ପ୍ରକଳ୍ପ ସଂଯୋଜକ ଅମୃତ କୁମାର ପାଢୀ ଯୋଗଦେଇ ପରିଚାଳନା କରିଥିବା ବେଳେ ମିଶନ ଶକ୍ତି ଜିଲ୍ଲା ସଭାନେତ୍ରୀ ଜ୍ୟୋତିରେଖା ଚେଟି, ବିପିମ୍ ସସ୍ମିତା ଖୋସଲା, ଜିଲ୍ଲା ସମ୍ପାଦିକା ସୁଜାତା ପାଣିଗ୍ରାହି,ବ୍ଲକ ସମ୍ପାଦିକା ପୂର୍ଣ୍ଣିମା ରାଉତ ଯୋଗ ଦେଇ ପରିଚାଳନାରେ ସହଯୋଗ କରିଥିଲେ ।

**ସୁନାବେଡା :** ହର ଘର ତ୍ରିରଙ୍ଗା ଯାତ୍ରା ସୁନାବେଡ଼ା ମହିଳା ଡିଗ୍ରୀ ମହାବିଦ୍ୟାଳୟ ଠାରେ ଅନୁଷ୍ଠିତ ହୋଇଯାଇଛି । ଏନଏସଏସ୍ ଏବଂ ୱାଇଆରସିର ମିଳିତ ଆନୁକୁଲ୍ୟରେ ହର ଘର ତ୍ରିରଙ୍ଗା ପଦଯାତ୍ରା ମହାବିଦ୍ୟାଳୟ ଠାରୁ ଆରମ୍ଭ ହୋଇ ଶିଶୁ ବିକାଶ କେନ୍ଦ୍ର ସୁନାବେଡ଼ା ଥାନା ସିଡିପିଓ ଅଫିସ ଦେଇ ସୁନାବେଡ଼ା ପୌର ପରିଷଦ ମାର୍କେଟ ହନୁମାନ ମାର୍କେଟ ଦେଇ ଲୋକ ସଚେତନ ଏବଂ ଦେଶପ୍ରେମ ମୋନଭବ ସୃଷ୍ଟି କରିଥିଲେ । ଉକ୍ତ ପଦଯାତ୍ରାରେ ୫୦୦ରୁ ଅଧିକ ଛାତ୍ରୀ ୨୫୦ ଫୁଟର ଲମ୍ବା ତ୍ରିରଙ୍ଗା ସହ ଅନ୍ୟ ୨୦୦ ତ୍ରିରଙ୍ଗା ଧରି ପଦଯାତ୍ରା କରି ଥିଲେ । କୋବ୍ରା ବାଟାଲିୟନର ଦଶଜଣ କମାଣ୍ଡୋ ଏବଂ ସୁନାବେଡ଼ା ପୋଲିସ ଥାନାର ଦୁଇଜଣ କର୍ମଚାରୀ ମଧ୍ୟ ଉପସ୍ଥିତ ରହି ତ୍ରିରଙ୍ଗା ସମ୍ମାନ ଦେଇ ସମ୍ପୂର୍ଣ୍ଣ ସୁରକ୍ଷା ସହିତ କାର୍ଯ୍ୟକ୍ରମଟିକୁ ସଫଳ କରାଇଥିଲେ । ମହାବିଦ୍ୟାଳୟର ଅଧ୍ୟକ୍ଷା ଉଷାରାଣୀ ଦାସ ପଦଯାତ୍ରାର ଶୁଭାରମ୍ଭ କରିବା ସହିତ ଛାତ୍ରୀମାନଙ୍କୁ ହରଘର ତ୍ରିରଙ୍ଗା କାର୍ଯ୍ୟକ୍ରମର ଲକ୍ଷ୍ୟ ଏବଂ ଉଦ୍ଦେଶ୍ୟ ଉପରେ ଆଲୋକପାତ କରିଥିଲେ । ପୌର ଅଧ୍ୟକ୍ଷ ଡକ୍ଟର ରାଜେନ୍ଦ୍ର ପ୍ରସାଦ ଛାତ୍ରୀମାନଙ୍କୁ ଉଦବୋଧନ ଦେଇଥିଲେ । ଦ୍ୱିତୀୟ ପର୍ଯ୍ୟାୟରେ ଛାତ୍ରୀମାନଙ୍କ ମଧ୍ୟରେ ରଙ୍ଗୋଲି, ଚିତ୍ରାଙ୍କନ, ଫେସ୍ ପେଣ୍ଟିଙ୍ଗ, ବକ୍ତୃତା,ସଙ୍ଗୀତର ଆୟୋଜନ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ସମସ୍ତ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ବୃନ୍ଦ ଏବଂ ଛାତ୍ରୀମାନେ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ସଫଳ କରାଇଥିଲେ ।

**ଉମରକୋଟ:** ଉମରକୋଟରେ ତ୍ରିରଙ୍ଗା ଯାତ୍ରା ଓ ସାଧାରଣ ସଭା ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡଙ୍କ ନେତୃତ୍ୱରେ ଅନେକ ବିଜେପି କର୍ମୀଙ୍କ ସହ ବିଭିନ୍ନ ବିଦ୍ୟାଳୟ ଓ କଲେଜର ଛାତ୍ରଛାତ୍ରୀ ଉମରକୋଟ ଡିଏନକେ ସ୍ଥିତ ପରେଡ ପଡିଆ ଠାରୁ ବାହାରି ଏହି ତ୍ରିରଙ୍ଗା ଯାତ୍ରାରେ ସହର ପରିକ୍ରମା କରିଥିଲେ । ଏହି ଅବସରରେ ଉମରକୋଟ ବିଧାୟକ ତଥା ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ମୁଖ୍ୟ ଅତିଥି ଭାବରେ ଯୋଗ ଦେଇଥିଲେ । ଉମରକୋଟ ପୌର ପରିଷଦର ଅଧ୍ୟକ୍ଷା ରାଧାଭତ୍ରା, ମନ୍ତ୍ରୀଙ୍କ ପ୍ରତିନିଧି, ସାଂସଦ ପ୍ରତିନିଧି, ଗୋଷ୍ଠୀ ଉନ୍ନୟନ ଅଧିକାରୀ, ପୌରପରିଷଦର କାର୍ଯ୍ୟନିର୍ବାହୀ ଅଧିକାରୀ, ଅଙ୍ଗନବାଡି କର୍ମୀ, ଆଶାକର୍ମୀ, ସମସ୍ତ କଲେଜ ଓ ବିଦ୍ୟାଳୟର ଛାତ୍ରଛାତ୍ରୀ ଯୋଗଦେଇ ଏହି ଶୋଭାଯାତ୍ରା କୁ ସଫଳ କରିଥିଲେ । ଉମରକୋଟ ପୈର ପରିଷଦର ସମସ୍ତ କର୍ମଚାରୀ ଓ ବିଦ୍ୟାଳୟର ଛାତ୍ରଛାତ୍ରୀ ଏଥିରେ ଯୋଗ ଦେଇଥିଲେ ।

**ବୈପାରିଗୁଡା :** ଆଜି ବୈପାରିଗୁଡା ସ୍ଥିତ ସହିଦ୍ ଲକ୍ଷ୍ମଣ ନାୟକ ଡିଗ୍ରୀ ମହାବିଦ୍ୟାଳୟ ପକ୍ଷରୁ ହର ଘର ତ୍ରିରଙ୍ଗା ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଡିଗ୍ରୀ ମହାବିଦ୍ୟାଳୟଠାରୁ ଛାତ୍ରଛାତ୍ରୀଙ୍କ ଦ୍ୱାରା ୧୦୦ ମିଟର ଲମ୍ବର ଜାତୀୟ ପତାକା ଧରି ଡ଼ାକବାଜି ଯନ୍ତ୍ରରେ ଦେଶଭକ୍ତି ସଂଗୀତ ସହ ଦେଶ ପାଇଁ ବଳିଦାନ ଦେଇଥିବା ସ୍ୱାଧୀନତା ସଂଗ୍ରାମୀ ମାନଙ୍କ ସ୍ମୃତି ଚାରଣ କରାଯାଇ ବୈପାରିଗୁଡା ସହର ପରିକ୍ରମା କରାଯାଇଥିଲା । କାର୍ଯ୍ୟକ୍ରମରେ ଡିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷା ସ୍ନେହଲତା ପଟ୍ଟନାୟକ, ଅଧ୍ୟାପକ ହିମାଂଶୁ ଶେଖର ବକ୍ସି, ଅଧ୍ୟାପିକା ମାନସୀ ଆଚାର୍ଯ୍ୟ, ଜ୍ୟୋତି ପାଢ଼ୀ, ମୌସୁମୀ ମହାନ୍ତି, ସମର ମହାପାତ୍ର, ବରିଷ୍ଠ କିରାଣୀ କ୍ଷୀରୋଦ ପାଇକଙ୍କ ସହ ମହାବିଦ୍ୟାଳୟର ସମସ୍ତ କର୍ମକର୍ତ୍ତା ଉପସ୍ଥିତ ଥିଲେ ।

## ଭିମ୍ସ କଲେଜରେ ସ୍ୱାଗତ କାର୍ଯ୍ୟକ୍ରମ

ରାୟଗଡ଼ା,୧୪।୮ (ସମିସ): ରାଗୟଡ଼ା ଜିଲ୍ଲା ସଦର ବ୍ଲକ୍ ପିତାମହଲ ଗ୍ରାମ ପଞ୍ଚାୟତର ଜଗନ୍ନାଥପୁର ସ୍ଥିତ ବଂଶୀ ଇନଷ୍ଟିଚ୍ୟୁଟ୍ ଅଫ୍ ମେନେଜମେଣ୍ଟ ଷ୍ଟଡିସ୍ (ଭିମ୍ସ) ଏମବିଏ ଶିକ୍ଷାନୁଷ୍ଠାନର ଅଡିଟୋରିୟମ ହଲ ଠାରେ ମେନେଜମେଣ୍ଟ ପକ୍ଷରୁ ୨୦୨୫-୨୭ ଶିକ୍ଷା ବର୍ଷର ପ୍ରଥମ ବର୍ଷ ଏମବିଏ ଛାତ୍ରଛାତୀମାନଙ୍କୁ ସ୍ୱାଗତ ପାଇଁ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଅନୁଷ୍ଠାନର ଅଧ୍ୟକ୍ଷ ଡ.କରୁଣାକର କରକରିଆଙ୍କ ତତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଭିମ୍ସ'ର ଅଧ୍ୟକ୍ଷ ବି.ଭି. ରବିକୁମାର ଯୋଗ ଦେଇଥିବା ବେଳେ ମୁଖ୍ୟ ବକ୍ତା ରୂପେ ଭିମ୍ସ କଲେଜର ଏକାଡେମିକ୍ ନିର୍ଦ୍ଦେଶକ ପ୍ରଫେସର ସନତ କୁମାର ପଣ୍ଡା ଯୋଗ ଦେଇଥିଲେ । ଭିମ୍ସ କଲେଜ ଅଧ୍ୟକ୍ଷ ଏମବିଏ ଛାତ୍ରଛାତ୍ରଙ୍କୁ ସ୍ୱାଗତ କରିଥିଲେ । ଭିମ୍ସ କଲେଜର ସହାୟକ ପ୍ରଫେସର ବି.ଲାବଣ୍ୟା କାର୍ଯ୍ୟକ୍ରମଟିକୁ ପରିଚାଳନା କରିଥିବା ବେଳେ ଏଥିରେ ପ୍ରଥମ ବର୍ଷର ପ୍ରାୟ ୧୨୦ଜଣ ଛାତ୍ରଛାତ୍ରୀଙ୍କ ସହିତ ୧୫ଜଣ ଅଧ୍ୟାପକ ଉପସ୍ଥିତ ରହିଥିଲେ । ଶେଷରେ ସହାୟକ ପ୍ରଫେସର ବେଦପ୍ରକାଶ କର ଧନ୍ୟବାଦ ଅର୍ପଣ କରିଥିଲେ ।

## ଏନ୍‌ବିଡବ୍ଲୁରେ ଗିରଫ


ଜୟପୁର,୧୪।୮ (ସମିସ): ଜୟପୁର ଏସ୍‌ଡିଜେଏମ କୋର୍ଟ ପକ୍ଷରୁ ଜାମିନବିହୀନ ପରୱାନ ଜାରି କରାଯାଇଥିଲା । ଏହା ବଳରେ ସଦର ଥାନା ପୁଲିସ ପକ୍ଷରୁ ଜଣକୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି । ଗିରଫ ଅଭିଯୁକ୍ତ ହେଲେ ଗଡ଼ପଦର ପଞ୍ଚାୟତ କଳାଗୁଡା ଗ୍ରାମର ଧନେଶ୍ୱର ଖୋସ୍ଲା । ଅଭିଯୁକ୍ତଙ୍କ ବିରୋଧରେ ଗତ ୨୦୧୨ ମସିହାରେ ପୁରୁଣା ମାମଲା ରହିଥିଲା । ଏଥିନେଇ ଗତ ସୁଦ୍ଧା କୋର୍ଟ ପକ୍ଷରୁ ବାରମ୍ବାର ନୋଟିସ ସତ୍ତ୍ୱେ କୋର୍ଟ ହାଜର ହେଉନଥିବା ଯୋଗୁଁ ଆଜି ଏଏସଆଇ ତିରୁପତି ଶବର ଜାରି କରାଯାଇଥିଲା ।

## ଜିଲ୍ଲା କଂଗ୍ରେସର ମଶାଲ ଶୋଭାଯାତ୍ରା

ମାଲକାନଗିରି, ୧୪।୮ (ସମିସ): ମାଲକାନଗିରି ଜିଲ୍ଲା କଂଗ୍ରେସ ପକ୍ଷରୁ ଜିଲ୍ଲା ସଦରରେ ଏକ ମଶାଲ ଶୋଭାଯାତ୍ରା କରାଯାଇଛି । ବିଜେପି ଦଳ ବିଭିନ୍ନ ନିର୍ବାଚନରେ ଭୋଟ ଚୋରି କରି ସରକାରକୁ ଆସିଥିବା ବେଳେ 'ଭୋଟ ଚୋର, ଗାଦି ଛାଡ଼' ନାରା ଦେଇ ଶୋଭାଯାତ୍ରା କରଯାଇଥିଲା । ଏନେଇ ସାମ୍ବାଦିକ ସମ୍ମିଳନୀ କରି ସବିଶେଷ ତଥ୍ୟ ପ୍ରଦାନ କରିଥିଲା । ତେବେ ଏହାକୁ ନେଇ ଆଜି ଜିଲ୍ଲା ସଦରରେ ଜିଲ୍ଲା କଂଗ୍ରେସ ସଭାପତି ଜି ଶ୍ରୀନିବାସ ରାଓଙ୍କ ନେତୃତ୍ୱରେ ମଶାଲ ଶୋଭାଯାତ୍ରା ବାହାରି ଜିଲ୍ଲା ସଦର ମହାକୁମା ପରିକ୍ରମା କରିଥିଲା । ଏହି କାର୍ଯ୍ୟକ୍ରମରେ ଚିତ୍ରକୋଣ୍ଡା ବିଧାୟକ ମଙ୍ଗୁ ଖିଲ, ବରିଷ୍ଠ କଂଗ୍ରେସ ନେତା ଗୋବିନ୍ଦ ପାତ୍ର, ମାଲା ମାଢି, କୃଷ୍ଣଚନ୍ଦ୍ର ଅନୁଗୁ, ପଦ୍ମ ପାଙ୍ଗି, କେଶୁ ରାଓ, ପ୍ରମୁଖ ଉପସ୍ଥିତ ରହିଥିଲେ ।

## ଶ୍ରମମନ୍ତ୍ରୀଙ୍କ ସହ ଭାରତୀୟ ମଜଦୁର ସଂଘର ଆଲୋଚନା

ନବରଙ୍ଗପୁର,୧୪।୮ (ସମିସ): ରାଜ୍ୟ ସରକାରଙ୍କ ଶ୍ରମ ଓ ଜଙ୍ଗଲ ପରିବେଶ ମନ୍ତ୍ରୀ ଗଣେଶ ରାମ ସିଂ ଖୁଣ୍ଟିଆ ଙ୍କ ନବରଙ୍ଗପୁର ଜିଲ୍ଲା ଗ୍ରସ୍ତ ସମୟରେ ଭାରତୀୟ ମଜଦୁର ସଂଘ ତରଫରୁ ନବରଙ୍ଗପୁର ସର୍କିଟ ହାଉସ ଠାରେ ଭେଟି ସ୍ୱାଗତ ସମ୍ବର୍ଦ୍ଧନା ଜଣାଇବା ସହିତ ଜିଲ୍ଲାରେ ଶ୍ରମ ବିଭାଗର ନିର୍ମାଣ ଶ୍ରମିକ ମାନଙ୍କ ପଞ୍ଜୀକରଣ ଏବଂ ବିଭିନ୍ନ ସହାୟତାକୁ ସ୍ୱଚ୍ଛ କରିବା ପାଇଁ ଦୁର୍ନୀତି ଓ ଦଲାଲମୁକ୍ତ କରିବା ପାଇଁ ଦାବି ଜଣାଇଥିଲା ସଂଘ । ଏହି ଅବସରରେ ନବରଙ୍ଗପୁର ବିଧାୟକ ଗୌରୀ ଶଙ୍କର ମାଝୀ, ନବରଙ୍ଗପୁର ଜିଲ୍ଲା ଭାରତୀୟ ମଜଦୁର ସଂଘ ଜିଲା ସଭାପତି ବାଙ୍କ ବିହାରୀ ବିଷୋୟୀ, ଉପଦେଷ୍ଟା ପରମେଶ୍ୱର ବିଷୋୟୀ, ସମ୍ପାଦକ ବିଷ୍ଣୁ ପ୍ରସାଦ ବିଷୋୟୀ ଓଡିଶା କୋଠାବାଡି ଅନ୍ୟାନ୍ୟ ମଜଦୁର ସଂଘ ଜିଲା ସମ୍ପାଦକ ରାମ ବିଷୋୟୀ, ବିଶ୍ୱ କର୍ମା ମଜଦୁର ସଂଘ ଜିଲ୍ଲା ସମ୍ପାଦକ ଖଗେଶ୍ୱର ବିଷୋୟୀ ଏବଂ ଏ.ସୁରେଶ ପ୍ରମୁଖ ଉପସ୍ଥିତ ଥିଲେ ।






### ସାମାଜିକ ଗଣମାଧ୍ୟମରେ ଅଶ୍ରାବ୍ୟ ଭାଷା ଲେଖା ଘଟଣା

# ଥାନା ଦ୍ୱାରସ୍ଥ ହେଲେ କଂଗ୍ରେସ କର୍ମୀ



ବୈପାରିଗୁଡା, ୧୪।୮ (ସମିସ): ସାମାଜିକ ଗଣ ମାଧ୍ୟମରେ ବିବାଦୀୟ ମନ୍ତବ୍ୟ ଦେଇ ଅଡୁଆରେ ଯୁବକ । ଅସଭ୍ୟ ଭାଷା ଲେଖାକୁ ନେଇ ଥାନା ଦ୍ୱାରସ୍ଥ ହେଲେ କଂଗ୍ରେସ କର୍ମୀ । ବୈପାରିଗୁଡା କଂଗ୍ରେସ କର୍ମୀ ମାନେ ଆଜି ଥାନରେ ପହଞ୍ଚି ସ୍ଥାନୀୟ ଜଣେ ଯୁବକଙ୍କ ବିରୁଦ୍ଧରେ ଏତଲା ଦେଇଛନ୍ତି । ଏତଲା ଅନୁଯାୟୀ, ବୈପାରିଗୁଡା ବ୍ଲକ ଅନ୍ତର୍ଗତ କେନ୍ଦୁଗୁଡା ପଞ୍ଚାୟତ ଅଦୁଆନଗୁଡା ଗାଁର ପବିତ୍ର କାନ୍ଦୁଲିଆ ନାମକ ଜଣେ ଯୁବକ ଫେସବୁକରେ କଂଗ୍ରେସ ଦଳ ବିରୋଧି କଥା ଲେଖିବା ସହ ଅଶ୍ରାବ୍ୟ ଭାଷାର ଶବ୍ଦ ଉଲ୍ଲେଖ କରିଛନ୍ତି । କଂଗ୍ରେସ ନେତା ରାହୁଲ ଗାନ୍ଧୀ ଏବଂ ସୋଫିଆ ଫିର୍ଦୋସ, ଜୟପୁର ବିଧାୟକ ତାରାପ୍ରସାଦ ବାହିନୀପତିଙ୍କୁ ମଧ୍ୟ ସୋସିଆଲ ମିଡିଆରେ ଅଶ୍ଳୀଳ ଭାଷାରେ ପୋଷ୍ଟ କରିଛନ୍ତି । ତେଣୁ ଏହାର ସତ୍ୟାସତ୍ୟକୁ ତଦନ୍ତ କରି ସମାଜକୁ ନଷ୍ଟ କରୁଥିବା ବ୍ୟକ୍ତିଙ୍କୁ ଆଇନ ଅନୁଯାୟୀ ଦଣ୍ଡ ଦେବାକୁ ନିବେଦନ କରାଯାଇଛି । ନଚେତ ଆଗାମୀ ଦିନରେ ବୈପାରିଗୁଡା ବ୍ଲକ କଂଗ୍ରେସ ରାଜରାସ୍ତାକୁ ଓହ୍ଲାଇବ ବୋଲି ଚେତାବନୀ ଦିଆଯାଇଛି । ଅଭିଯୋଗ ପତ୍ର ପ୍ରଦାନ ବେଳେ କୋରାପୁଟ ସାଂସଦ ପ୍ରତିନିଧି ଜଗନ୍ନାଥ ବିଷୋୟୀଙ୍କ ସହ ବହୁ କଂଗ୍ରେସ କର୍ମୀ ଉପସ୍ଥିତ ଥିଲେ ।







# ଭାରତ ବିଭାଜନ ବିଭୀଷିକା କାର୍ଯ୍ୟକ୍ରମ

ଗୁଣୁପୁର, ୧୪।୮ (ସମିସ)



ଭାରତୀୟ ଜନତା ପାର୍ଟି ପକ୍ଷରୁ ସ୍ଥାନୀୟ ଭେଙ୍କଟେଶ୍ୱର କଲ୍ୟାଣ ମଣ୍ଡପ ଠାରେ ବିଜେପି ଦ୍ୱାରା ଭାରତ ଭିଭାଜନ ବିଭୀଷିକା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏଥିରେ ମୁଖ୍ୟ ଅତିଥି ଭାବେ ବିଜେପି ନେତା ୱାଇ. ଗଣପତି ତାଙ୍କ ବକ୍ତବ୍ୟରେ କହିଥିଲେ ଯେ ଅଗଷ୍ଟ ୧୪ ତାରିଖ ୧୯୪୭ ରେ ଭାରତ ବିଭାଜନ ବେଳେ କିଭଳି ଏକ କୋଟି ୪୦ ଲକ୍ଷ ଲୋକ ବିସ୍ଥାପିତ ହୋଇଥିଲେ । ୧୦ ଲକ୍ଷ ଲୋକ ପ୍ରାଣ ହରାଇଥିଲେ । ବହୁତ ଧନ ଜୀବନ ନଷ୍ଟ ହୋଇଥିଲା । ଏହାର ପ୍ରଭାବରେ ବହୁତ ଲୋକଙ୍କ ପରିବାର ନଷ୍ଟ ହୋଇଥିଲା । ଏପରି କଳଙ୍କର ଦାଗ ଆଜି ପର୍ଯ୍ୟନ୍ତ ଲୋକଙ୍କ ମନରୁ ଲିଭି ନାହିଁ ବୋଲି କହିଥିଲେ । ବରିଷ୍ଠ କାର୍ଯ୍ୟକର୍ତ୍ତା ଭଗବାନ ଚୌଧୁରୀ ଏବଂ ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦର ଦେବାଶିଷ ସେନାପତି ମଧ୍ୟ ନିଜ ନିଜର ବକ୍ତବ୍ୟ ରଖିଥିଲେ । ଏହି କାର୍ଯ୍ୟକ୍ରମରେ ଅମର ସାହୁ, ଶ୍ରୀନୁବାସ ସ୍ୱାଇଁ, ଗୋପାଳ ଦେବ କୃଷ୍ଣ ପାତ୍ର, ପୃଥିବୀ ରାଜ ପାଢି, ପ୍ରଦୀପ ପାଢି, ଈଶ୍ୱର ଗମାଙ୍ଗ, ସାରଙ୍ଗ ନାଗ ବଂଶ ପ୍ରମୁଖ ଉପସ୍ଥିତ ଥିଲେ ।

# ମାଥିଲିରେ ୨ କିମି ଲମ୍ବର ତ୍ରିରଙ୍ଗା

ମାଥିଲି, ୧୪।୮ (ସମିସ): ମାଲକାନଗିରି ଜିଲ୍ଲା ମାଥିଲି ବ୍ଲକ ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରମୋଦ କୁମାର ବେହେରାଙ୍କ ତତ୍ତ୍ୱାବଧାନରେ ଏକ ବିରାଟ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ମାଥିଲି ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଶୋକ କୁମାର ମହାରଣାଙ୍କ ନେତୃତ୍ୱରେ ବଳଦିଆଗୁଡ଼ାଠାରୁ ବ୍ଲକ କାର୍ଯ୍ୟାଳୟ ପର୍ଯ୍ୟନ୍ତ ଦୀର୍ଘ ୨କିଲୋମିଟର ତ୍ରିରଙ୍ଗା ଶୋଭାଯାତ୍ରା ହୋଇଥିଲା। ଏଥିରେ ତ୍ରିରଙ୍ଗାର ଲମ୍ବ ଦୁଇ କିଲୋମିଟର ଥିଲା। ଏହି ଶୋଭାଯାତ୍ରାରେ ମୁଖ୍ୟ ଅତିଥି ଭାବରେ ମାଲକାନଗିରି ନିର୍ବାଚନ ମଣ୍ଡଳୀର ବିଧାୟକ ନରସିଂହ ମାଡକାମୀ, ମୁଖ୍ୟବକ୍ତା ଭାବରେ ମାଥିଲି ବ୍ଲକ୍ ଅଧ୍ୟକ୍ଷ ମହେଶ କୁମାର ବାକା ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ।



## କାର୍ଯ୍ୟକ୍ଷେତ୍ରରେ ବିଶିଷ୍ଟ ସେବା

# ଓଡ଼ିଶାର ୨ଜଣଙ୍କୁ ମିଳିବ ରାଷ୍ଟ୍ରପତି ପଦକ

ଭୁବନେଶ୍ୱର,୧୪।୮ (ସମିସ): ସ୍ୱାଧୀନତା ଦିବସ ଅବସରରେ ଦେଶରେ ବୀରତା ଏବଂ ସେବା କ୍ଷେତ୍ରରେ ଉତ୍କର୍ଷ ହାସଲ କରିଥିବା ବ୍ୟକ୍ତିବିଶେଷମାନଙ୍କୁ ସମ୍ମାନିତ କରାଯିବ। ତନ୍ମଧ୍ୟରୁ କାର୍ଯ୍ୟ କ୍ଷେତ୍ରରେ ବିଶିଷ୍ଟ ସେବା ପାଇଁ ଓଡ଼ିଶାରୁ ୨ ଜଣଙ୍କୁ ରାଷ୍ଟ୍ରପତି ପଦକ ମିଳିବ। ସେମାନେ ହେଲେ, ଏଏସ୍‌ପି ରବୀନ୍ଦ୍ର ପଣ୍ଡା ଏବଂ କମାଣ୍ଡାଣ୍ଟ ନରେଶ ପଟେଲ। ସେହିପରି ଭାବେ ଓଡ଼ିଶାରୁ ୯ ଜଣ ସାହସିକତା ପଦକ ପାଇବାକୁ ଯୋଗ୍ୟ ବିବେଚିତ ହୋଇଥିବା ବେଳେ ୧୧ଜଣଙ୍କୁ ଉଲ୍ଲେଖନୀୟ ସେବା ପାଇଁ ପଦକ ମିଳିବ। ଏନେଇ ଗୃହ ମନ୍ତ୍ରାଳୟ ପକ୍ଷରୁ ତାଲିକା ପ୍ରକାଶ ପାଇଛି।

**୯ ଜଣଙ୍କୁ ସାହସିକତା, ୧୧ ଜଣଙ୍କୁ ଉଲ୍ଲେଖନୀୟ ସେବା ପଦକ**

ଓଡ଼ିଶାର ଯେଉଁ ୯ ଜଣ ସାହସିକତା ପୁରସ୍କାର ପାଇବେ, ସେମାନଙ୍କ ମଧ୍ୟରେ ସବ୍-ଇନ୍ସପେକ୍ଟର୍ ଅମରେଶ ଚନ୍ଦ୍ର ନରେନ୍ଦ୍ର, କନେଷ୍ଟବଳ ଜିତେନ୍ଦ୍ର କୁମାର ନାୟକ, ଓଏପିଏଫ୍ ଅର୍ଜୁନ ମଲ୍ଲିକ, ଓଏପିଏଫ୍ ଯୁଧିଷ୍ଠିର ମଲ୍ଲିକ, ହାବିଲଦାର ଅଶ୍ୱିନୀ କୁମାର ବାଗ, କମାଣ୍ଡୋ ଡମ୍ବରୁଧର ଭୋଇ, ନବୀନ କୁମାର ସାହୁ, ପ୍ରଦୀନ ଶେଷ୍ଠ ଏବଂ ଅଭିମନ୍ୟୁ ମାଝୀ ରହିଛନ୍ତି। ସେହିପରି ୧୧ଜଣ ଅଧିକାରୀଙ୍କୁ ଉଲ୍ଲେଖନୀୟ ସେବା ପାଇଁ ମଧ୍ୟ ପୁଲିସ ପଦକ ପ୍ରଦାନ କରାଯିବ। ଅଧିକାରୀମାନେ ହେଲେ, ସହକାରୀ ମହାନିରୀକ୍ଷକ ମହେଶ୍ୱର ସେଠୀ, ଅତିରିକ୍ତ ପୁଲିସ ଅଧୀକ୍ଷକ ପ୍ରଦୀପ କୁମାର ପ୍ରଧାନ, ଅତିରିକ୍ତ ପୁଲିସ ଅଧୀକ୍ଷକ ଦେବେନ୍ଦ୍ର ନାରାୟଣ ଦାଶ, ଉପ ପୁଲିସ ଅଧୀକ୍ଷକ ଆଶିଷ କୁମାର ରାଉତ, ଇନ୍ସପେକ୍ଟର୍ ଏ. ଶ୍ରୀନିବାସ ଦୋରା, ଉପ ପୁଲିସ ଅଧୀକ୍ଷକ ହେମାମାଳନୀ ନାୟକ, କମାଣ୍ଡାଣ୍ଟ ସୂର୍ଯ୍ୟନାରାୟଣ ମଲ୍ଲିକ, ଇନ୍ସପେକ୍ଟର୍ ସନ୍ତୋଷ କୁମାର ମିର୍ଦ୍ଧା, ସହକାରୀ ସବ-ଇନ୍ସପେକ୍ଟର୍ ଅରୁଣ କୁମାର ସାମନ୍ତ, ସହକାରୀ ସବ-ଇନ୍ସପେକ୍ଟର୍ ଅରବିନ୍ଦ ଦାସ ଏବଂ କନେଷ୍ଟବଳ ଚିନ୍ମୟୀ ରାଉତ।

ସୂଚନାଯୋଗ୍ୟ, ଗୃହ ମନ୍ତ୍ରଣାଳୟ ପକ୍ଷରୁ ୧,୦୯୦ ଜଣ ପୁଲିସ, ଅଗ୍ନିଶମ, ହୋମଗାର୍ଡ, ନାଗରିକ ପ୍ରତିରକ୍ଷା ଏବଂ ସୁଧାର ସେବା କର୍ମଚାରୀଙ୍କୁ ସାହସିକତା ତଥା ସେବା ପଦକ ପ୍ରଦାନ ପାଇଁ ନାମ ଘୋଷଣା କରାଯାଇଛି। ତନ୍ମଧ୍ୟରୁ ବିଶିଷ୍ଟ ସେବା ପାଇଁ ୯୯ଜଣଙ୍କୁ ରାଷ୍ଟ୍ରପତି ପଦକ, ୨୩୩ ଜଣଙ୍କୁ ସାହସିକତା ପଦକ ଏବଂ ପ୍ରଶଂସନୀୟ ସେବା ପାଇଁ ୭୫୮ଜଣଙ୍କୁ ପଦକ ମିଳିବ।

## ରାଜ୍ୟରେ କୁକୁର କାମୁଡ଼ା ଉଦ୍‌ବେଗଜନକ

# ୬ ମାସରେ ଦେଢ଼ଲକ୍ଷ ନେଲେଣି ଆଣ୍ଟିରାବିଜ୍

ଭୁବନେଶ୍ୱର, ୧୪।୮ (ସମିସ): ରାଜ୍ୟରେ କୁକୁର କାମୁଡ଼ା ଆହତଙ୍କ ସଂଖ୍ୟା ଉଦ୍‌ବେଗଜନକ ଭାବେ ବଢ଼ିବାରେ ଲାଗିଛି। ଏହି ସଂଖ୍ୟା ଭୁବନେଶ୍ୱରରେ ସବୁଠାରୁ ଅଧିକ। କୁକୁର ବନ୍ଧ୍ୟାକରଣ ପାଇଁ ଲାଗିଥିବା ହାଇକୋର୍ଟଙ୍କ କଟକଣା ଉଠିଯିବା ପରେ ବି ଅପରେସନ୍ ବିଳମ୍ବିତ ହେଉଥିବାରୁ ଏହି ସଂଖ୍ୟା ଆହୁରି ବଢ଼ିବ ବୋଲି ଆଶଙ୍କା ପ୍ରକାଶ ପାଇଛି। ଅନ୍ୟପଟେ ଭୁବନେଶ୍ୱର ସମେତ ଉପକଣ୍ଠ ଓ ପଡ଼ୋଶୀ ଜିଲ୍ଲାର ଆହତ ଭୁବନେଶ୍ୱର ଉପରେ ନିର୍ଭର କରୁଥିବାରୁ କ୍ୟାପିଟାଲ ହସ୍‌ପିଟାଲ୍ ଉପରେ ଚାପ ମଧ୍ୟ ବଢ଼ିଛି। ବଡ଼କଥା ହେଉଛି, ଗତ ବର୍ଷକ ଭିତରେ ସାରା ରାଜ୍ୟରେ ପାଖାପାଖି ଦେଢ଼ଲକ୍ଷ ଲୋକଙ୍କୁ ଆଣ୍ଟିରାବିଜ୍ ଟିକା ଦିଆଯାଇଛି। ଏହାର ପାଖାପାଖି ୮୫ ପ୍ରତିଶତ ଲୋକଙ୍କୁ କୁକୁର କାମୁଡ଼ା ପାଇଁ ଏହି ଇଞ୍ଜେକ୍ସନ୍ ଦିଆଯାଇଛି। ଏଥିରୁ ଜଣାଯାଇଛି ଯେ ରାଜ୍ୟରେ ମାସକୁ ୧୫ରୁ ୨୦ ହଜାର ଲୋକ କୁକୁର କାମୁଡ଼ାର ଶିକାର ହେଉଛନ୍ତି।

୨୦୨୧ ମସିହାରେ ସାରା ରାଜ୍ୟରେ ୫୯ ହଜାର ୮୫ ଆଣ୍ଟିରାବିଜ୍ ଟିକା ଦିଆଯାଇଥିଲା। ୨୦୨୨ରେ ଏହି ସଂଖ୍ୟା ୬୪ ହଜାର ୬୪୨ରେ ପହଞ୍ଚିଥିଲା। ୨୦୨୩ରେ ୮୮ହଜାର ୧୪୮ଜଣଙ୍କୁ ଆଣ୍ଟି-ରାବିଜ୍ ଦିଆଯାଇଥିବା ବେଳେ ୨୦୨୪ରେ ୧ଲକ୍ଷ ୧୦ ହଜାର ଲୋକଙ୍କୁ ଦିଆଯାଇଥିଲା। ଗତ ୪ ବର୍ଷର ଏହି ଅଲୋଡ଼ା ରେକର୍ଡ ଚଳିତବର୍ଷର ମାତ୍ର ୬ ମାସରେ ଭାଙ୍ଗି ଯାଇଛି। ମାତ୍ର ୬ମାସରେ ରାଜ୍ୟବ୍ୟାପୀ ଦେଢ଼ଲକ୍ଷ ଲୋକ ଏହି ଇଞ୍ଜେକସନ୍ ନେଇସାରସଲେଣି।

ବିଶେଷକରି, ଭୁବନେଶ୍ୱରର କୁକୁର କାମୁଡ଼ା ବହୁ ପରିମାଣରେ ବୃଦ୍ଧି ପାଇଛି। ହାଇକୋର୍ଟଙ୍କ କଟକଣା ଯୋଗୁଁ ପାଖାପାଖି ୨ବର୍ଷ ହେବ କୁକୁର ବନ୍ଧ୍ୟାକରଣ ବନ୍ଦ ରହିଥିଲା। ତେଣୁ ଓଡ଼ିଶାରେ କୁକୁର କାମୁଡ଼ା ସଂଖ୍ୟା ବଢ଼ିବା ସ୍ୱାଭାବିକ ବୋଲି ବିଶେଷଜ୍ଞମାନେ କହିଛନ୍ତି। ଗତ ମେ' ମାସରୁ କଟକଣା ଉଠିଥିଲେ ମଧ୍ୟ ବିଏମ୍‌ସି ଏହି କାର୍ଯ୍ୟକ୍ରମକୁ ତ୍ୱରିତ ବେଗରେ କରିପାରୁନି। ଫଳରେ ଏହି ସଂଖ୍ୟା ଆଗକୁ ଆହୁରି ବଢ଼ିପାରେ ବୋଲି ଆଶଙ୍କା ପ୍ରକାଶ ପାଇଛି।

### ୫ ବର୍ଷରେ ବଢ଼ିଲାଣି ୫ଗୁଣ, ରାଜ୍ୟବ୍ୟାପୀ ଆଲୋଡ଼ନ

ଏଣେ, ଏଥିଯୋଗୁଁ କ୍ୟାପିଟାଲ୍ ହସ୍ପିଟାଲ ଉପରେ ଚାପ ବଢ଼ିବାରେ ଲାଗିଛି। ରାଜଧାନୀ ଓ ଆଖପାଖ ଜିଲ୍ଲା ହସ୍ପିଟାଲରେ ଆଣ୍ଟିରାବିଜ୍ ଇଞ୍ଜେକସନ୍ ମିଳୁ ନଥିବାରୁ ପୁରୀ, ନୟାଗଡ଼, ଖୋର୍ଦ୍ଧା ଆଦି ଜିଲ୍ଲାମାନଙ୍କରୁ ରୋଗୀମାନେ ଏଠାକୁ ଆସୁଛନ୍ତି। ନେଉଳ, ବିରାଡ଼ି ଓ କୁକୁର କାମୁଡ଼ା ପାଇଁ ଏହି ଆଣ୍ଟିରାବିଜ୍ ଇଞ୍ଜେକସନ୍ ଦିଆଯାଉଛି। ଆଣ୍ଟିରାବିଜ୍ ଦିଆଯାଇଥିବା ଆହତମାନଙ୍କ ମଧ୍ୟରେ ପ୍ରାୟ ୮୫ ପ୍ରତିଶତ କୁକୁର କାମୁଡ଼ା ପାଇଁ ଦିଆଯାଇଛି।

ବିଶେଷଜ୍ଞଙ୍କ କହିବା ଅନୁସାରେ, ସହରାଞ୍ଚଳରେ ଧନୀକ ଓ ଉଚ୍ଚ ମଧ୍ୟବିତ୍ତ ପରିବାରଙ୍କ ମଧ୍ୟରେ କୁକୁର ପାଳିବା ଏକପ୍ରକାର ପ୍ରତିଯୋଗିତା ଚାଲିଛି। ସେହି ଅନୁସାରେ ପୋଷା କୁକୁରଙ୍କ ସଂଖ୍ୟା ବୃଦ୍ଧି ପାଉଛି। କିଛି ଲୋକ ସଡକରେ ଏକରୁ ଅଧିକ କୁକୁର ପାଳୁଛନ୍ତି। ତେଣୁ କୁକୁର କାମୁଡ଼ା ସଂଖ୍ୟା ବୃଦ୍ଧି ପାଉଛି। ଏହାସହ ଡିସେମ୍ବର ଓ ଜାନୁଆରୀରେ କୁକୁରଙ୍କ ପ୍ରଜନନ ସମୟ ହୋଇଥିବାରୁ ବୁଲା କୁକୁର କାମୁଡ଼ା ସଂଖ୍ୟା ବୃଦ୍ଧି ପାଇଛି।

ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ନୀଳକଣ୍ଠ ମିଶ୍ର କହିଛନ୍ତି, ପାଗଳା କୁକୁରଠୁ ସତର୍କ ରୁହନ୍ତୁ। ୬ ମାସରେ ଦେଢ଼ ଲକ୍ଷ କୁକୁର କାମୁଡ଼ା ମାମଲା ଆସିଛି। ଚଳିତ ବର୍ଷର ଜୁନ ୧୦ ଯାଏଁ ଦେଢ଼ ଲକ୍ଷରୁ ଅଧିକ କୁକୁର କାମୁଡ଼ା ମାମଲା ଆସିଲାଣି। ରାଜ୍ୟରେ ମାସକୁ ୨୦ ହଜାରରୁ ୩୦ହଜାର କାମୁଡା ମାମଲା ଆସୁଛି। ସବୁ ପାଗଳ କୁକୁର କାମୁଡ଼ି ନଥାନ୍ତି। ଏଆରଭି ସବୁ ହସ୍ପିଟାଲରେ ଦିଆଯାଉଛି। ବଲାଙ୍ଗୀରରେ ଦୁଇଟି ମୃତ୍ୟୁ ମାମଲା ଆସିଛି। ଯାହାର ଯାଞ୍ଚ ହେଉଛି। ଯଦି ଠିକ୍ ସମୟରେ ଟିକା ନେଇ ନ ଥିବେ, ତେବେ ରାବିଜ ବା ଜଳାତଙ୍କ ବୃଦ୍ଧି ହୋଇଥାଏ। ରାଜ୍ୟରେ ଆଇସିଡିସି କାର୍ଯ୍ୟକ୍ରମ ଚାଲିଛି। ଲୋକଙ୍କୁ ସଚେତନ କରାଯାଉଛି। ପୌର ସଂସ୍ଥା ପକ୍ଷରୁ ବନ୍ଧ୍ୟାକରଣ କରିବା ମଧ୍ୟ ଜରୁରୀ ବୋଲି ସେ କହିଛନ୍ତି।

ସ୍ୱାସ୍ଥ୍ୟ ବିଭାଗ ଜଳାତଙ୍କ ରୋଗକୁ "ନୋଟିଫାଏବୁଲ୍' ଘୋଷଣା କରିଛି। ତେଣୁ ରୋଗୀ ସଂପର୍କରେ ସୂଚନା ଦେବାକୁ ସମସ୍ତ ଘରୋଇ ଓ ସରକାରୀ ହସ୍ପିଟାଲକୁ ବାଧ୍ୟତାମୂଳକ କରାଯାଇଛି। ଏଥିପାଇଁ ଜିଲ୍ଲାସ୍ତରରେ ଜଣେ ନୋଡାଲ ଅଧିକାରୀଙ୍କୁ ଦାୟିତ୍ୱ ଦିଆଯାଇଛି। ପ୍ରତିବର୍ଷ ଦେଶରେ ୨୦ ହଜାରରୁ ଅଧିକ ଲୋକ ଜଳାତଙ୍କ ରୋଗରେ ମୃତ୍ୟୁବରଣ କରୁଛନ୍ତି। ସେମାନଙ୍କ ମଧ୍ୟରେ ୧୫ବର୍ଷରୁ କମ୍ ବୟସର ଶିଶୁ ଅଧିକ ରହୁଛନ୍ତି।






# ସକାଳ
THE SAKALA




# ସମ୍ପାଦକୀୟ



ଆମର ପ୍ରକୃତ ଶତ୍ରୁ ବାହ୍ୟଶକ୍ତି ନୁହେଁ, ବରଂ ଆମ ଅନ୍ତର୍ନିହିତ ଦୁର୍ବଳତା।
-ଶ୍ରୀଅରବିନ୍ଦ

## ସ୍ୱାବଲମ୍ବନର ଜୟଗାନ

ଆମେ ଆଜି ଏଭଳି ଏକ ସମୟରେ ୭୯ତମ ସ୍ୱାଧୀନତା ଦିବସ ପାଳନ କରୁଛୁ, ଯେତେବେଳେ ଦେଶର ସାର୍ବଭୌମତ୍ୱ ଓ ସ୍ୱାଭିମାନ ପ୍ରତି ପୁଣି ଏକ ବିଶାଳ ଆହ୍ୱାନ ସୃଷ୍ଟି ହୋଇଛି। ପ୍ରାୟ ତିନିମାସ ତଳେ ଆମେ ପାରମ୍ପରିକ ଶତ୍ରୁ ରାଷ୍ଟ୍ର ପାକିସ୍ତାନ ସହିତ ଅଘୋଷିତ ଯୁଦ୍ଧର ସମ୍ମୁଖୀନ ହୋଇଛୁ, ଅଥଚ ସୀମାରେ ତିନିରାଷ୍ଟ୍ର ଚୀନ୍-ପାକିସ୍ତାନ-ତୁର୍କୀ ସାମରିକ ଶକ୍ତିର ମୁକାବିଲା କରିଛୁ। ଅସ୍ତ୍ରବିରତିର ଶ୍ରେୟ ଦାବି କରୁଥିବା ଆମେରିକାର ଅହଂକୁ ସ୍ୱୀକୃତି ନ ଦେବାର ପରିଣାମ ସ୍ୱରୂପ ଆମେ ସେହି ହିତଶତ୍ରୁ ରାଷ୍ଟ୍ରର ବାଣିଜ୍ୟ ଶୁଳ୍କ ଆକ୍ରମଣର ସମ୍ମୁଖୀନ ହୋଇଛୁ। ହୁଏତ ଏହାର ସୁଦୂରପ୍ରସାରୀ ଓ ବହୁମୁଖୀ ପ୍ରଭାବକୁ ପ୍ରତିହତ କରିବା ଲାଗି ଭାରତକୁ ବହୁମୂଲ୍ୟ ଦେବାକୁ ପଡ଼ିପାରେ। ତଥାପି ଆମେ ପ୍ରସ୍ତୁତ ଅଛୁ। ସ୍ୱାଧୀନତାର ଅମୃତକାଳ ଯାତ୍ରାର ଏହି ଘଡ଼ିସନ୍ଧି ମୁହୂର୍ତ୍ତରେ ସବୁ ଆହ୍ୱାନକୁ ପ୍ରତିହତ କରିବାର ଦର୍ପ ଓ ଦମ୍ଭ ସହ ଆମେ ଆଜି ଆମ ସ୍ୱାଧୀନ-ସାର୍ବଭୌମ, ବୀରତ୍ୱ-ବଳିଦାନ, ପ୍ରଗତି-ପ୍ରେରଣାର ପ୍ରତୀକ ତ୍ରିରଙ୍ଗା ତଳେ ସଗର୍ବେ ଏକାଠି ହୋଇ ସ୍ୱାଧୀନତା-ସ୍ୱାବଲମ୍ବନ-ସ୍ୱାଭିମାନର ଜୟଗାନ କରୁଛୁ।

ଆଜି ଆମେ ତ୍ରିରଙ୍ଗା ତଳୁ ବିଦେଶୀ ଅହଂକାରୀ ଶକ୍ତିଙ୍କୁ ଏହି ବାର୍ତ୍ତା ଦେବାକୁ ଚାହୁଁ ଯେ ଭାରତ ଆଉ ଏବେ ୧୯୫୦-୬୦ କାଳଖଣ୍ଡରେ ସୀମାବଦ୍ଧ ନାହିଁ। ଅସହାୟତା ଓ ବାଧ୍ୟବାଧକତାର ଶିକୁଳି ଛିଣ୍ଡାଇ ଭାରତ ଏବେ ମହାଶକ୍ତିର ମୁକ୍ତବିହଙ୍ଗ ରୂପେ ବିଶ୍ୱଅତିକ୍ରମଣ କରିବାର କ୍ଷମତା ରଖିଛି। ଯେଉଁ ଆମେରିକା ଦିନେ ଭାରତକୁ ମାଗଣା ଦାନା ଦେଉଥିବାର ଗର୍ବ କରୁଥିଲା ଆଜି ସେହି ରାଷ୍ଟ୍ର ଭାରତର କୃଷି ଓ କୃଷକଙ୍କ ଉତ୍କର୍ଷରେ ଈର୍ଷାନ୍ୱିତ ଓ ଭୟଭୀତ ଏବଂ ଭାରତୀୟ କୃଷି ବଜାରରେ ପ୍ରବେଶ କରିବାକୁ ବ୍ୟାକୁଳ। ଭାରତର ଶ୍ରୀଅନ୍ନ ବା ମିଲେଟ୍ ଆଜି ଜାତିସଂଘରେ ସ୍ୱତନ୍ତ୍ର ସ୍ଥାନ ଓ ସମ୍ମାନର ଅଧିକାରୀ ଏବଂ କ୍ଷୁଧାମୁକ୍ତ ବିଶ୍ୱ ଗଠନରେ ପ୍ରମୁଖ ଭାଗିଦାରୀ। ଗୁଳିଗୋଳା ଓ ଅସ୍ତ୍ରଶସ୍ତ୍ର ଅଭାବରୁ ୧୯୬୨ରେ ଚୀନ୍ ଆଗରେ ଏକପ୍ରକାର ଆତ୍ମସମର୍ପଣ କରିଦେଇଥିବା ଭାରତ ଏବେ ବିକଶିତ ରାଷ୍ଟ୍ରଙ୍କୁ ପ୍ରତିରକ୍ଷା ସାମଗ୍ରୀ ରପ୍ତାନୀ କରିପାରୁଛି। ନେଭିଗେସନ୍ ଓ ଜିପିଏସ୍ ସୂଚନା ସହାୟତା କ୍ଷେତ୍ରରେ ଆମେରିକାର ଅସହଯୋଗରୁ କାରଗିଲ୍ ଯୁଦ୍ଧରେ ପ୍ରଭୂତ କ୍ଷତି ସହିଥିବା ଭାରତ ଏବେ ବିଶ୍ୱର ପ୍ରଥମ ରାଷ୍ଟ୍ର ଭାବେ ଚନ୍ଦ୍ରର ଦକ୍ଷିଣ ମେରୁରେ ସଫଳ ଅବତରଣ କରିବାର ବିରଳ ରେକର୍ଡ ପ୍ରତିଷ୍ଠା କରିଛି; ଉପଗ୍ରହ ପ୍ରେରଣରେ ବିଶ୍ୱ କୀର୍ତ୍ତିମାନ ସ୍ଥାପନା କରିଛି; ସୂର୍ଯ୍ୟଙ୍କୁ ନିକଟକୁ ଯିବାର ଦୁର୍ବାର ସାହସ କରିଛି ଏବଂ ଗଗନଯାନ ପାଇଁ ନିଜକୁ ପ୍ରସ୍ତୁତ କରୁଛି।

୧୯୫୦ ଦଶକରେ ଗୋଷ୍ଠୀ ନିରପେକ୍ଷ ଭୂମିକା ତୁଲାଇଥିବା ଭାରତ ଏବେ ଦକ୍ଷିଣ ବିଶ୍ୱର ନେତୃତ୍ୱ ନେଉଛି; ଜି-୨୦ର ଅଧ୍ୟକ୍ଷତା କରିଛି ଏବଂ ଆଗାମୀ ଦିନରେ ଅଲିମ୍ପିକ୍ ଓ ଜଳବାୟୁ ଶିଖର ସମ୍ମିଳନୀ ଆୟୋଜନ ଲାଗି ରୂପରେଖ ପ୍ରସ୍ତୁତ କରୁଛି। ସ୍ୱାଧୀନ-ସ୍ୱୟଂକ୍ରିୟ-ନୀତି ନିର୍ଦ୍ଧାରକ ଭାରତ ଆଉ ଏବେ କାହା ଅନୁମତି ଭିକ୍ଷା କରିବା ସ୍ଥିତିରେ ନାହିଁ। ବିଶ୍ୱର ପରିବର୍ତ୍ତିତ ବହୁଧ୍ରୁବୀୟ ଭୂରାଜନୈତିକ ସମୀକରଣରେ ଭାରତର ଅଭ୍ୟୁଦୟ ଅନ୍ୟମାନଙ୍କ ପାଇଁ ଈର୍ଷଣୀୟ ହୋଇଛି; ଅଥଚ ଭାରତର ସାର୍ବଭୌମତା, ଅଖଣ୍ଡତା ଓ ଏକତା ତା'ର ଶକ୍ତିରେ ରୂପାନ୍ତରିତ ହୋଇଛି। ଭାରତ ଏବେ ବିଶ୍ୱର ଚତୁର୍ଥ ବୃହତ୍ ଅର୍ଥନୀତି। ଭାରତ ବିଶ୍ୱର ସର୍ବାଧିକ ଜନସଂଖ୍ୟା ବିଶିଷ୍ଟ ଦେଶ, ଯାହାର ସିଂହଭାଗ ଯୁବଶକ୍ତି। ଏହି ଜନସାଂଖ୍ୟିକ ବିସ୍ଫୋରଣ ବିଶ୍ୱ ବୈଷୟିକ କ୍ଷେତ୍ରରେ ନୂଆ ସମ୍ଭାବନା ସୃଷ୍ଟି କରିଛି। ଆମେରିକାର ବୃହତ୍ ଆଇଟି ହବ୍ ସିଲିକନ୍ ଭ୍ୟାଲି ଭାରତୀୟ ମେଧା ଭରସାରେ ଚାଲିଛି। ମାଇକ୍ରୋସଫ୍ଟ, ଗୁଗୁଲ୍, ଆଡୋବ୍‌ର ମୁଖ୍ୟ ଭାରତୀୟ ବଂଶୋଦ୍ଭବ। ଭାରତରେ ସ୍ମାର୍ଟଫୋନ୍ ଓ ଇଣ୍ଟରନେଟ୍ ବ୍ୟବହାରକାରୀଙ୍କ ସଂଖ୍ୟା ଯଥାକ୍ରମେ ୧୦୦ କୋଟି ଓ ୯୦ କୋଟି। ସ୍ୱଦେଶୀ ଜ୍ଞାନକୌଶଳରେ ବିକଶିତ ଅନ୍‌ଲାଇନ୍ ଆର୍ଥିକ ଦେଣନେଣ ମାଧ୍ୟମ 'ୟୁପିଆଇ' ଆମେରିକାର ଭିଜା ଓ ମାଷ୍ଟରକାର୍ଡକୁ ଟକ୍କର ଦେଉଛି। ଏହି ସଫଳତା ସ୍ୱାଧୀନତା ପରବର୍ତ୍ତୀ ଦୀର୍ଘକାଳୀନ ନିରନ୍ତର ଯୋଜନାବଦ୍ଧ ପ୍ରୟାସର ପ୍ରତିଫଳନ। ଭାରତ ବର୍ତ୍ତମାନ ସେମିକଣ୍ଡକ୍ଟର, ଏଆଇ, କ୍ୱାଣ୍ଟମ୍ କମ୍ପ୍ୟୁଟିଂ, ପ୍ରତିରକ୍ଷା ସାମଗ୍ରୀ ଉତ୍ପାଦନ, ସବୁଜ ଶକ୍ତି ନିଜସ୍ୱ ଜ୍ଞାନକୌଶଳରେ ବିକଶିତ କରି ବିଶ୍ୱରେ ନିଜକୁ ପ୍ରତିଯୋଗୀକ୍ଷମ ହୋଇପାରିଛି। 'ମେକ୍ ଇନ୍ ଇଣ୍ଡିଆ' କେବଳ ଏକ ସ୍ଲୋଗାନ୍ ହୋଇ ରହିନାହିଁ, ଗୁଗୁଲ୍, ଆପ୍‌ଲ୍, ଟେସ୍‌ଲା ଭଳି କମ୍ପାନୀଙ୍କୁ ଭାରତରେ ଉଦ୍ୟୋଗ ପ୍ରତିଷ୍ଠା କରିବା ପାଇଁ ଆକୃଷ୍ଟ କରିଛି। ନିର୍ମାଣ ଓ ଯୋଗାଣରେ ଭାରତ ଏବେ ଚୀନ୍‌ର ବିକଳ୍ପ ଭାବେ ଉଭା ହୋଇଛି। ଏହା ନିଶ୍ଚିତ ଭାବେ ତ୍ରିରଙ୍ଗା ତଳେ ସ୍ୱାବଲମ୍ବନ ଓ ସ୍ୱାଭିମାନର ଜୟଗାନ କରିବାର ମହାର୍ଘ ମୁହୂର୍ତ୍ତ।

ସବୁଠାରୁ ବଡ଼ କଥା ହେଉଛି ସାମ୍ପ୍ରତିକ ଭୂ-ରାଜନୈତିକ ସମୀକରଣରେ ଉତ୍ତର-ଦକ୍ଷିଣ ବିଶ୍ୱ ଖେଳରେ ଭାରତ ଆଉ ଏକ ମୋହରା ହୋଇନାହିଁ କି କାହାର ଧମକ କିମ୍ବା ଚାପରେ ନିଷ୍ପତ୍ତି ନେଉନାହିଁ। ଭାରତ ବଶମ୍ବଦ ହେବା ପରିବର୍ତ୍ତେ ପ୍ରତିସ୍ପର୍ଦ୍ଧାର ଆସ୍ପର୍ଦ୍ଧା ରଖୁଛି ଏବଂ ନିଜକୁ ବିଶ୍ୱର ମହାଶକ୍ତି ରୂପେ ଉପସ୍ଥାପିତ କରିପାରିଛି। ଭାରତର ବିଶାଳ ଉପଭୋକ୍ତା ବଜାର ଏହାର ଶକ୍ତି, ଯାହା ଆମେରିକୀୟ ଶିଳ୍ପପତି ଏପରିକି ରାଷ୍ଟ୍ରପତିଙ୍କୁ ମଧ୍ୟ ଟାଣି ଆଣିପାରୁଛି। ଭାରତୀୟ ମୁଦ୍ରା 'ଟଙ୍କା'ର ବିଶ୍ୱାୟନ ଆରମ୍ଭ ହୋଇସାରିଛି, ଯାହା ଡଲାର ଆଧିପତ୍ୟକୁ ସଂକୁଚିତ କରିବାର ଅପାର ସମ୍ଭାବନା ସୃଷ୍ଟି ହୋଇ ଆମେରିକାକୁ ଭୟଭୀତ କରିଛି।

ବହୁମତ, ବହୁ ପନ୍ଥ, ବହୁ ବାଦ ଓ ବିବିଧ ସଂସ୍କୃତି ଭିତରେ ଭାରତର ସାର୍ବଭୌମତ୍ୱର ଶକ୍ତି ହେଉଛି ଏହାର ଏକତା, ଯାହାକୁ ନେଇ ପ୍ରତିଟି ଭାରତୀୟ ଗର୍ବିତ ଓ ଗୌରବାନ୍ୱିତ। ଶାନ୍ତି, ସଂଯମ, ଭ୍ରାତୃତ୍ୱ ଆଦି ଅତିମାନବୀୟ ଗୁଣ ଭାରତର ଜନ୍ମଗତ। ଅହିଂସାର ଜନ୍ମଦାତା ଭାରତ 'ବସୁଧୈବ କୁଟୁମ୍ବକମ୍'ର ଉଦ୍‌ଘୋଷକ। ତେଣୁ ଭାରତର ସାର୍ବଭୌମ ଓ ଅଭ୍ୟୁଦୟ ଅନ୍ୟ ପାଇଁ ଆତଙ୍କ ଓ ବିପଦର ସଂକେତ ନୁହେଁ, ବରଂ ସ୍ୱାବଲମ୍ବନର ସନ୍ଦେଶ। ଯୁଦ୍ଧଖୋର ବିଶ୍ୱରେ ଭାରତ ଭ୍ରାତୃତ୍ୱର ବାର୍ତ୍ତାବହ। ଅତିମାନବିକତାର ଏହି ବିଶାଳ ଭିତ୍ତି ଉପରେ ପ୍ରଗତିର ପ୍ରତୀକ ତ୍ରିରଙ୍ଗା ତଳେ ଏକତାର ମହାମନ୍ତ୍ରରେ ଦୀକ୍ଷିତ ହୋଇ ଭାରତୀୟତାର ଜୟଗାନ କରିବା ଲାଗି ଏହା ହିଁ ଶ୍ରେଷ୍ଠ ଅବକାଶ।

# ସମ୍ମାନ ଓ ପ୍ରେରଣାର ତ୍ରିରଙ୍ଗା

**ପ୍ରହଲାଦ କୁମାର ସିଂହ**

ସାହସ, ତ୍ୟାଗ, ସତ୍ୟ, ଶାନ୍ତି, ବିଶ୍ୱାସ, ବୀରତ୍ୱ, ପ୍ରଗତି ଓ ପ୍ରେରଣାର ଅଫୁରନ୍ତ ଉତ୍ସ ଆମ ତ୍ରିରଙ୍ଗା। ସ୍ୱାଧୀନତା, ସ୍ୱଦେଶୀ, ସ୍ୱାଭିମାନ, ସମ୍ମାନ, ସ୍ୱାବଲମ୍ବନ, ସାର୍ବଭୌମତ୍ୱର ଅମୃତ ସନ୍ଦେଶ ଦେଇ ଆସୁଥିବା ଆମ ଜାତୀୟ ପତାକା ତ୍ରିରଙ୍ଗା ପଛରେ ରହିଛି ହଜାର ହଜାର ସହିଦଙ୍କ ବଳିଦାନ ଏବଂ ଲକ୍ଷଲକ୍ଷ ସଂଗ୍ରାମୀଙ୍କ କାରା ଓ ନିର୍ଯାତନା ବରଣର ଇତିହାସ।

ସ୍ୱାମୀ ବିବେକାନନ୍ଦଙ୍କ ପଟ୍ଟଶିଷ୍ୟା ଭଗିନୀ ନିବେଦିତା ୧୯୦୫ ମସିହାରେ ଭାରତ ପାଇଁ ଏକ ବର୍ଗାକୃତିର ନାଲି ପତାକା ତିଆରି କରିଥିଲେ। ଏହି ପତାକାର ଚାରିପଟର ଥିବା ଧଡ଼ିରେ ରହିଥିଲା ୧୦୮ ଟି ପ୍ରଜ୍ୱଳିତ ଜ୍ୟୋତି ଓ ମଧ୍ୟଭାଗରେ ଶୋଭା ପାଉଥିଲା ଦେବରାଜ ଇନ୍ଦ୍ରଙ୍କ ବଜ୍ର। ବଜ୍ରର ଦୁଇପାର୍ଶ୍ୱରେ ବଙ୍ଗଳା ଭାଷାରେ ଲେଖାଥିଲା 'ବନ୍ଦେ ମାତରମ୍'। 'ବଙ୍ଗ ଭଙ୍ଗ ଆନ୍ଦୋଳନ' ସମୟରେ ବିପ୍ଳବୀମାନେ ୧୯୦୬ ମସିହା ଅଗଷ୍ଟ ୭ ତାରିଖରେ କଲିକତାର ଏକ ପାର୍କରେ ତିନି ରଙ୍ଗ ଥିବା ଏକ ପତାକା ଉଡ଼ାଇଥିଲେ। ଏହି ପତାକାର ଉପର ଅଂଶଟି ନୀଳ, ମଧ୍ୟଭାଗ ହଳଦିଆ ଓ ତଳପଟଟି ଲାଲ ବର୍ଣ୍ଣର ଥିଲା। ନୀଳ ଅଂଶରେ ୮ଟି ପଦ୍ମଫୁଲ, ଲାଲ ଅଂଶରେ ସୂର୍ଯ୍ୟ ଓ ଚନ୍ଦ୍ରଙ୍କ ଛବି ଏବଂ ମଝିରେ ଥିବା ହଳଦିଆ ଅଂଶରେ ଲେଖାଯାଇଥିଲା 'ବନ୍ଦେ ମାତରମ୍'। ବିପ୍ଳବୀ ସତ୍ୟେନ୍ଦ୍ର ନାଥ ବୋଷ ଏହି ପତାକାର ସ୍ରଷ୍ଟା ବୋଲି କୁହାଯାଏ।

୧୯୦୭ ଅଗଷ୍ଟ ୨୨ ଆମ ପତାକାର ଇତିହାସରେ ଏକ ଅବିସ୍ମରଣୀୟ ଦିବସ। ଜର୍ମାନୀର ଷ୍ଟୁଟ୍‌ଗାର୍ଟ ସହରରେ ଅନୁଷ୍ଠିତ 'ଆନ୍ତର୍ଜାତିକ ସମାଜବାଦୀ କଂଗ୍ରେସ' ଅବସରରେ କାଥିଆବାଡ଼ର ଜଣେ ବିପ୍ଳବିନୀ ପାର୍ସି ମହିଳା ମାଡାମ୍ ଭିକାଜୀ ରୁସ୍ତମ କାମା ଜର୍ମାନୀ ମାଟିରେ ଇଂରେଜମାନଙ୍କ ପ୍ରଚଣ୍ଡ ବିରୋଧ ସତ୍ତ୍ୱେ ତାଙ୍କ ପ୍ରସ୍ତୁତ ଭାରତର ଜାତୀୟ ପତାକା ଉତ୍ତୋଳନ କରି ଅଗ୍ନିବର୍ଷୀ ଭାଷଣ ଦେଇ ଭାରତର ସ୍ୱାଧୀନତା ଓ ତା' ମାଧ୍ୟମରେ ବିଶ୍ୱର ଅନ୍ୟରାଷ୍ଟ୍ରର ମୁକ୍ତି ପାଇଁ ବିଶ୍ୱବାସୀଙ୍କ ସହଯୋଗ ଲୋଡ଼ିବା ସହ ପତାକାକୁ ସମସ୍ତେ ସମ୍ମାନ ଓ ସମର୍ଥନ ପ୍ରଦର୍ଶନ କରିବାକୁ ନିବେଦନ ରଖିଥିଲେ। ମାଡାମ୍ କାମାଙ୍କ ପତାକା ବି ଥିଲା ତ୍ରିରଙ୍ଗା। ଏହାର ଉପର ଅଂଶଟି ସବୁଜ, ମଧ୍ୟଭାଗ ହଳଦିଆ ଓ ନିମ୍ନ ଅଂଶ ଲାଲ ଥିଲା। ସବୁଜ ରଙ୍ଗର ପଟି ଉପରେ ୮ଟି ପଦ୍ମଫୁଲ, ଲାଲ ରଙ୍ଗ ଉପରେ ସୂର୍ଯ୍ୟ, ଚନ୍ଦ୍ର ଓ ତାରାଙ୍କ ଛବି ଏବଂ ହଳଦିଆ ରଙ୍ଗ ଉପରେ ଲେଖାଥିଲା 'ବନ୍ଦେ ମାତରମ୍'। ୧୯୧୬ ମସିହାରେ ଗଠିତ 'ଇଣ୍ଡିଆନ ଲିଗ୍' ପକ୍ଷରୁ ମଧ୍ୟ ଏକ ପତାକା ଉତ୍ତୋଳନ କରାଯାଇଥିଲା। ୧୯୧୭ରେ ଆନିବେଶାନ୍ତ ଆଉ ଏକ ପତାକା ସୃଷ୍ଟି କଲେ। ଏଥିରେ ୫ଟି ଲାଲ ଓ ୪ଟି ସବୁଜ ପଟି ରହିଥିବା ବେଳେ ସପ୍ତର୍ଷି ମଣ୍ଡଳ ସହିତ ଚନ୍ଦ୍ର ଓ ତାରାଙ୍କ ଛବି ଥିଲା। ଆନିବେଶାନ୍ତଙ୍କ ପତାକାର ବାମ କୋଣରେ ଇଂରେଜମାନଙ୍କ ଜାତୀୟ ପତାକା 'ୟୁନିଅନ ଜ୍ୟାକ୍'ର ପ୍ରତିଛବି ଥିବାରୁ ତାହା କ୍ରାନ୍ତିକାମୀ ଭାରତୀୟମାନଙ୍କ ଦ୍ୱାରା ଗ୍ରହଣୀୟ ହୋଇନଥିଲା।

ଦେଶପ୍ରେମୀ ପୋଙ୍ଗାଲି ଭେଙ୍କିଆ ୧୯୨୧ରେ ବେଜୱାଡାଠାରେ ମହାତ୍ମା ଗାନ୍ଧୀଙ୍କୁ ଭେଟି ଗୁଡ଼ିଏ ପତାକାର ନକ୍ସା ଦେଖାଇଥିଲେ। ଏଥିରୁ ଗୋଟିଏ ପତାକାରେ ଲାଲ ଓ ସବୁଜ ରଙ୍ଗର ପଟି ଉପରେ ବଡ଼ ଚରଖାର ଚିହ୍ନ ଥିଲା। ହିନ୍ଦୁ-ମୁସଲମାନ ଏକତା ପାଇଁ ଏହା ସହାୟକ ହେବ ବୋଲି ଭେଙ୍କିଆ ମତ ରଖିଥିଲେ। ତେବେ ଅନ୍ୟ ସଂପ୍ରଦାୟଙ୍କ ଲାଗି ଏଥିରେ ଧଳା ଚିହ୍ନର ପଟିଟି ଯୋଡ଼ିବା ପାଇଁ ଗାନ୍ଧୀ ଆଗ୍ରହ ପ୍ରକାଶ କରିଥିଲେ। ଅସହଯୋଗ ଆନ୍ଦୋଳନ କାଳରେ ଏହି ପତାକା ବ୍ୟବହୃତ ହେଉଥିଲା। ୧୯୨୯-୩୦ର ଲାହୋର କଂଗ୍ରେସ ଅଧିବେଶନରେ ଜାନୁଆରୀ ୨୬କୁ 'ପୂର୍ଣ୍ଣସ୍ୱରାଜ ଦିବସ' ଭାବେ ପାଳନ କରିବା ସହ ଦେଶବାସୀଙ୍କୁ ଏହି ପତାକା ତଳେ ସ୍ୱାଧୀନତାର ସଂକଳ୍ପ ନେବା ଲାଗି ଆହ୍ୱାନ ଦିଆଯାଇଥିଲା। ୧୯୩୦ର 'ଲବଣ ସତ୍ୟାଗ୍ରହ' ବେଳେ ପତାକାର ବ୍ୟବହାର ବ୍ୟାପକ ହୋଇଥିଲା।

୧୯୩୧ରେ ଅନୁଷ୍ଠିତ 'କରାଚୀ କଂଗ୍ରେସ ଅଧିବେଶନ'ରେ ଏକ କମିଟି ଗଢ଼ାଯାଇ ପତାକା ପ୍ରସଙ୍ଗରେ ଆଲୋଚନା ହୋଇଥିଲା। ଏହି କମିଟି କରିଥିବା ସୁପାରିସ ମୁତାବକ କଂଗ୍ରେସ ପତାକାରେ କେଶରୀ, ଧଳା ଓ ସବୁଜ ରଙ୍ଗର ତିନୋଟି ପଟି ସହିତ ଧଳା ପଟି ଉପରେ ଚରଖା ସ୍ଥାନିତ ହେଲା। ସ୍ୱାଧୀନତା ସଂଗ୍ରାମୀଙ୍କ ପାଇଁ ଏହା ଥିଲା ଜୀବନଠାରୁ ବଳି ଅଧିକ ମୂଲ୍ୟବାନ। ୧୯୪୬ରେ ସ୍ୱିଜରଲାଣ୍ଡର ରାଜଧାନୀ ଜୁରିକ୍‌ରେ ଅନୁଷ୍ଠିତ ବିଶ୍ୱ ଅଲମ୍ପିକ୍‌ରେ ବ୍ରିଟିଶ ଇଣ୍ଡିଆର ପ୍ରତିନିଧିତ୍ୱ କରିଥିବା କ୍ରୀଡ଼ାବିତ୍ ଜାନକୀ ଦାସ ମହାତ୍ମା ଗାନ୍ଧୀଙ୍କ ଦସ୍ତଖତ ଥିବା ଏହି ତ୍ରିରଙ୍ଗା ଝଣ୍ଡା ଉଡ଼ାଇ ଇତିହାସ ରଚିଥିଲେ। ନେତାଜୀ ସୁଭାଷ ଚନ୍ଦ୍ର ବୋଷ 'ଆଜାଦ ହିନ୍ଦ୍ ଫୌଜ'ର ଯେଉଁ ଝଣ୍ଡା ବର୍ଲିନରେ ଉତ୍ତୋଳନ କରିଥିଲେ ତାହା ବି ଥିଲା ତ୍ରିରଙ୍ଗା। ଏହାର ମଧ୍ୟ ଭାଗରେ ଧଳାପଟି ଉପରେ ଚରଖା ପରିବର୍ତ୍ତେ ଶୋଭା ପାଉଥିଲା ଲମ୍ଫ ପ୍ରଦାନକାରୀ ସିଂହର ଛବି।

ସ୍ୱାଧୀନତା ପୂର୍ବରୁ ଭାରତ ଶାସନ ବିଧେୟକ ସଭାରେ ୧୯୪୭ ଜୁନ୍ ମାସରେ ଏକ ସମିତି ଗଢ଼ାଯାଇ ଜାତୀୟ ପତାକା ସଂପର୍କରେ ଆଲୋଚନା କରାଯାଇଥିଲା। ୧୯୪୭ ଜୁଲାଇ ୨୨ ତାରିଖରେ ଭାରତ ଶାସନ ବିଧେୟକ ସଭା ତ୍ରିରଙ୍ଗା ଝଣ୍ଡାକୁ ଜାତୀୟ ପତାକାର ମାନ୍ୟତା ଦେଲେ, କିନ୍ତୁ ଏହାର ମଧ୍ୟଭାଗରେ ଚରଖାର ସ୍ଥାନ ନେଲା ସାରନାଥର ୨୪ଟି ଅର ଥିବା ଅଶୋକଚକ୍ର, ଯାହାକୁ 'ଧର୍ମଚକ୍ର' ଓ 'ସମୟଚକ୍ର' ବୋଲି କୁହାଯାଏ। ଆମ ପତାକାର ଶୀର୍ଷଅଂଶରେ ଥିବା ନାରଙ୍ଗୀ ରଙ୍ଗ ସାହସ ଓ ତ୍ୟାଗର ପ୍ରତୀକ ହୋଇଥିବା ବେଳେ ଧଳା ରଙ୍ଗକୁ ସତ୍ୟ ଓ ଶାନ୍ତି ଏବଂ ସବୁଜ ରଙ୍ଗଟି ବିଶ୍ୱାସ, ବୀରତ୍ୱ ଓ ପ୍ରଗତିକୁ ସୂଚାଇଥାଏ। ଅଶୋକଙ୍କ ସାରନାଥର ଧର୍ମଚକ୍ର ଆମକୁ ସମୟ ସହ ସଚେତନ ରହିବା ସଙ୍ଗେ ସଙ୍ଗେ ଆଗକୁ ବଢ଼ିବା ଲାଗି ପ୍ରେରଣା ଦେଉଥିବାରୁ ଏହି ଚକ୍ରକୁ ଆମ ଜାତୀୟ ପତାକାରେ ସ୍ଥାନିତ କରାଯାଇଛି। ଚରଖା ଚିହ୍ନିତ ତ୍ରିରଙ୍ଗା ଝଣ୍ଡା କଂଗ୍ରେସର ପତାକା ହୋଇଥିବାରୁ ଜାତୀୟ ପତାକାକୁ ରାଜନୈତିକ ଦଳର ଗଣ୍ଡି ମଧ୍ୟରେ ସୀମିତ ନ ରଖିବା ପାଇଁ ସେତେବେଳର ଅଗ୍ରଣୀ କଂଗ୍ରେସ ନେତାମାନେ ନୂଆ ପତାକାର ପରିକଳ୍ପନା କରିଥିଲେ। ଶେଷରେ ଜାତିର ଜନକ ତଥା ସ୍ୱାଧୀନତା ସଂଗ୍ରାମର ସେନାପତି ମହାମାନବ ମହାତ୍ମା ଗାନ୍ଧୀ ଅଶୋକଚକ୍ର ଥିବା ଏହି ତ୍ରିରଙ୍ଗା ଝଣ୍ଡାକୁ ସ୍ୱୀକାର କରିଥିଲେ।

ଭାରତଛାଡ଼ ଆନ୍ଦୋଳନ କାଳରେ ତ୍ରିରଙ୍ଗା ଝଣ୍ଡାର ଟେକ ରଖିବା ଲାଗି ଓଡ଼ିଶାର ମାଥିଲି, ନିମାପଡ଼ା, ପାପଡ଼ାହାଣ୍ଡି, ଲୁଣିଆ, ଇରମ, ତୁଡ଼ିଗଡ଼ିଆ-ଖଇରାଡିହି, କାଇପଡ଼ା-କଳାମାଟିଆ ଆଦି ସ୍ଥାନରେ ବହିଥିଲା ରକ୍ତର ନଦୀ। ଏଥିପାଇଁ ଲକ୍ଷ୍ମଣ ନାୟକଙ୍କୁ ବି ଫାଶୀଖୁଣ୍ଟରେ ଝୁଲିବାକୁ ପଡ଼ିଲା। ଓଡ଼ିଶାରେ ଶତାଧିକ ସଂଗ୍ରାମୀ ସହିଦ ହୋଇଥିଲେ। ଏ ମାଟି ବଳିଦାନର ବୋଲି ସେମାନେ ପୁନର୍ବାର ପ୍ରମାଣିତ କରିଗଲେ।

ଇତିହାସ କୁହେ, ଆସାମର ଗୋପୁର୍ ଥାନା ଉପରେ ତ୍ରିରଙ୍ଗା ଝଣ୍ଡା ଉଡ଼ାଇବା ପାଇଁ ଯାଉଥିବା ବେଳେ ୧୪ବର୍ଷର ଝିଅ କନକଲତା ବଡୁଆ ଓ ଅନ୍ୟଜଣେ ଛାତ୍ର ମୁକୁନ୍ଦ ସହିଦ ହୋଇଥିଲେ। ପଶ୍ଚିମବଙ୍ଗର ମେଦିନପୁର ଅନ୍ତର୍ଗତ ତମଲୁପ ଥାନା ନିକଟରେ ତ୍ରିରଙ୍ଗାର ଟେକ ରଖିବା ଲାଗି ୧୩ବର୍ଷର ବାଳକ ଲକ୍ଷ୍ମୀନାରାୟଣ ଓ ୭୩ ବର୍ଷିୟା ବୃଦ୍ଧା ମାତଙ୍ଗିନୀ ହାଜରାଙ୍କ ସମେତ ଅନେକ ବଳିଦାନ ଦେଇଥିଲେ। 'କର ବା ମର' ଆନ୍ଦୋଳନ ସମୟରେ ପାଟନା ସଚିବାଳୟ ଉପରେ ତ୍ରିରଙ୍ଗା ଝଣ୍ଡା ଉଡ଼ାଇବା ପାଇଁ ଉଦ୍ୟମକରି ୭ଜଣ ଛାତ୍ର ସହିଦ ହୋଇଥିଲେ। ଜବାହରଲାଲ ନେହେରୁଙ୍କ ଆକଳନ ଅନୁଯାୟୀ ଏହି ଆନ୍ଦୋଳନରେ ଅନ୍ୟୂନ ୧୦ ହଜାର ଭାରତୀୟ ଜୀବନଦାନ ଦେଇଥିଲେ। ଆହ୍ଲାବାଦର କ୍ଲକ୍ ଟାୱାରକୁ ଘେରି ରହିଥିବା ସେନାବାହିନୀର ବ୍ୟୁହ ଭେଦକରି ଲାଲବାହାଦୁର ଶାସ୍ତ୍ରୀ ବୁର୍ଖା ପରିହିତା ମହିଳା ବେଶରେ ଉପରକୁ ଚଢ଼ି ତ୍ରିରଙ୍ଗା ଝଣ୍ଡା ଉଡ଼ାଇଥିଲେ। ବାସ୍ୟମ୍ ନାମକ ଅନ୍ୟଜଣେ ଯୁବ ସତ୍ୟାଗ୍ରହୀ ମାଡ୍ରାସରେ ସେନାବାହିନୀ ମୁଖ୍ୟ ଶିବିର ଭିତରେ ପଶି ୧୬୦ ଫୁଟ ଉଚ୍ଚ ବେତାର ଟାୱାର ଉପରେ ଏକ ସୁଦୀର୍ଘ ପତାକା ଉଡ଼ାଇବାର ସାହସ କରିଥିଲେ। ଭଦ୍ରକ କଚେରି ଉପରେ ସୁଧାକର ମିଶ୍ର ଓ ୱାରିସ୍ ମିଆଁ ତ୍ରିରଙ୍ଗା ଝଣ୍ଡା ଉଡ଼ାଇଥିବା ବେଳେ ରେଭେନ୍ସା କଲେଜର କ୍ରାନ୍ତିକାରୀ ଛାତ୍ରଛାତ୍ରୀମାନେ କଲେଜ ଉପରୁ ୟୁନିୟନ ଜ୍ୟାକ୍ ହଟାଇ ତ୍ରିରଙ୍ଗା ଝଣ୍ଡା ଉଡ଼ାଇବାର ସଫଳ ପ୍ରଚେଷ୍ଟା କରିଥିଲେ। ଏମିତି ଉଦାହରଣ ଅସରନ୍ତି।

୧୯୪୭ ଅଗଷ୍ଟ ୧୫ଠାରୁ ଆମେ ସମ୍ମାନର ସହ ତ୍ରିରଙ୍ଗା ଉଡ଼ାଇ ଆସୁଛୁ ଏବଂ ଏହାର ଟେକ ରଖିବା ପ୍ରତି ନାଗରିକଙ୍କ ମୌଳିକ କର୍ତ୍ତବ୍ୟ ବୋଲି ସମ୍ବିଧାନ ଚେତାଇ ଦେଉଥିବା ବେଳେ ଆମ ଜାତୀୟ ପତାକାର ସଦ୍ ବ୍ୟବହାର ପାଇଁ ୨୦୦୨ ଜାନୁଆରୀ ୨୬ରୁ ଲାଗୁ ହୋଇଥିବା 'ଫ୍ଲାଗ୍ କୋଡ୍ ଅଫ୍ ଇଣ୍ଡିଆ'କୁ ଆମେ ଗ୍ରହଣ କରିନେଇଛୁ। ପ୍ରତ୍ୟେକ ଭାରତୀୟ ନାଗରିକ ସେମାନଙ୍କ ଘର ଓ ଅନୁଷ୍ଠାନ ଓ ସର୍ବସାଧାରଣ ସ୍ଥାନରେ ସମ୍ମାନର ସହ ଜାତୀୟ ପତାକା ଉଡ଼ାଇ ପାରିବେ ବୋଲି ଆମ ସୁପ୍ରିମକୋର୍ଟ ମଧ୍ୟ ରାୟ ଦେଇଛନ୍ତି।

ସ୍ୱାଧୀନତା ପ୍ରାପ୍ତିର ୭୯ବର୍ଷରେ କୃତଜ୍ଞତାର ସହ ସମସ୍ତ ସ୍ୱାଧୀନତା ସଂଗ୍ରାମୀ, ଦେଶ ମାତୃକା ପାଇଁ ବଳିଦାନ ଦେଇଥିବା ସତ୍ୟାଗ୍ରହୀ, କ୍ରାନ୍ତିକାରୀ ଓ ସୈନିକ ଏବଂ ଦେଶର ପ୍ରଗତିରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ସମାଜସେବୀ, କୃଷକ, ଶ୍ରମିକ, ବୈଜ୍ଞାନିକ, ଶିକ୍ଷକ, ବୈଷୟିକ ବିଶେଷଜ୍ଞ ଓ ଅନ୍ୟ ଚିନ୍ତାନାୟକ ତଥା ସଂସ୍କାରକମାନଙ୍କୁ ସ୍ମରଣ କରୁଛୁ।


ଭୁବନେଶ୍ୱର, ମୋ: ୯୪୩୭୦୧୭୩୯୫


# ଆର୍ଥିକ ସ୍ୱାଧୀନତା

**ଅନନ୍ତ ଚରଣ ସ୍ୱାଇଁ**

ସ୍ୱାଧୀନତାର ପରବର୍ତ୍ତୀ ସମୟରେ ଆମ ଦେଶର ରାଜନୈତିକ, ଅର୍ଥନୈତିକ, ସାମାଜିକ, ସାଂସ୍କୃତିକ ଆଦି ଅନେକ କ୍ଷେତ୍ରରେ ଅଭୂତପୂର୍ବ ଉନ୍ନତି ଘଟିଛି। ସେଥିପାଇଁ ପ୍ରତ୍ୟେକ ନାଗରିକ ଗର୍ବିତ। କେତେକ ସ୍ଥଳରେ ସ୍ୱାଧୀନତାର ଅପବ୍ୟବହାର, ସାଧାରଣ ବ୍ୟକ୍ତିଙ୍କୁ ବ୍ୟଥିତ କରେ। ବାକ୍ ସ୍ୱାଧୀନତା ନାଁରେ ଅସାମ୍ବିଧାନିକ ମତାମତ, ବିଶୃଙ୍ଖଳା ସୃଷ୍ଟିକାରୀ ବକ୍ତବ୍ୟ, ହିଂସା ପ୍ରଣୋଦିତ, ପୋଷାକ ପତ୍ରର ସ୍ୱାଧୀନତା ଦର୍ଶାଇ ଅଶାଳୀନ ପରିଧାନ ବ୍ୟବହାର କରିବା ମଧ୍ୟ ନିନ୍ଦନୀୟ। ଅନେକ ସ୍ଥଳରେ ସ୍ୱାଧୀନତାର ପ୍ରକୃତ ଅର୍ଥକୁ କଦର୍ଥର ରୂପ ଦିଆଯାଉଛି।

ଆମେ ସମସ୍ତେ ସ୍ୱାଧୀନ ହେବାକୁ ଚାହୁଁଛୁ। ସ୍ୱାଧୀନତାର ଅର୍ଥ କେବଳ ରାଜନୈତିକ କିମ୍ବା ସାମାଜିକ ସ୍ୱାଧୀନତା ନୁହେଁ। ଆର୍ଥିକ ସ୍ୱାଧୀନତା ସେଥିମଧ୍ୟରୁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଆର୍ଥିକ ସ୍ୱାଧୀନତା ହେଉଛି ଏକ ଅବସ୍ଥା, ଯେଉଁଠାରେ ଜୀବନ ଜିଇଁବା ପାଇଁ କାହାରି ଆର୍ଥିକ ସହାୟତା ଉପରେ ନିର୍ଭର କରିବାକୁ ପଡ଼େ ନାହିଁ କିମ୍ବା ବାଧ୍ୟତାମୂଳକ କାମ କରି ରୋଜଗାର କରିବାର ପ୍ରୟୋଜନ ମଧ୍ୟ ନଥାଏ। ଆୟ ଉତ୍ସ ସ୍ୱୟଂପ୍ରେରିତ ଭାବେ ବା ନିଷ୍କ୍ରିୟ ଆୟ ରୂପେ ସମସ୍ତ ଖର୍ଚ୍ଚର ଭରଣା କରିଥାଏ। ଅନ୍ତତଃ ଅର୍ଥ ପାଇଁ କାହାରି ଉପରେ ଭରସା ନରଖି ଆତ୍ମନିର୍ଭର ହେବା, ବଞ୍ଚିଥିବା ଯାଏଁ ସ୍ଥିର ଆୟ, ବ୍ୟୟ ନିୟନ୍ତ୍ରଣ, ଦୀର୍ଘକାଳୀନ ଆର୍ଥିକ ଯୋଜନା ପ୍ରସ୍ତୁତ କରି ସେହି ଅନୁଯାୟୀ ପରିଚାଳିତ ହେବା ହେଉଛି ଆର୍ଥିକ ସ୍ୱାଧୀନତା।

ଆର୍ଥିକ ସ୍ୱାଧୀନତା ପାଇଁ ଆୟ ବୃଦ୍ଧି, ଦକ୍ଷତାରେ ଉନ୍ନତି, ପାର୍ଶ୍ୱ ବ୍ୟବସାୟ, ବଜେଟିଂ, ଅର୍ଥ ବିନିଯୋଗ ଓ ନିଷ୍କ୍ରିୟ ଆୟ ଉପରେ ନିର୍ଭରଶୀଳ ହେବାକୁ ପଡ଼େ। ଚାକିରିରେ ଅନିଶ୍ଚିୟତା, ମୁଦ୍ରାସ୍ଫୀତି, ଶିକ୍ଷା, ସାମାଜିକ ଉତ୍ସବ ଅନୁଷ୍ଠାନ, ଚିକିତ୍ସା ପରି ପାରିବାରିକ ଦାୟିତ୍ୱ ଏବଂ ବୃଦ୍ଧାବସ୍ଥାରେ ସୁରକ୍ଷା ପାଇଁ ଦରକାର ହେଉଥିବା ଅର୍ଥ ନିମନ୍ତେ କାହାରି ଉପରେ ନିର୍ଭର ନହେବାକୁ ଆର୍ଥିକ ସ୍ୱାଧୀନତା ଅତ୍ୟନ୍ତ ଜରୁରୀ। ଆର୍ଥିକ ସାକ୍ଷରତାର ଅଭାବ, ତତ୍କାଳୀନ ସୁଖର ଆକର୍ଷଣ, ଋଣ ଯନ୍ତା, ଦରଦାମ ବୃଦ୍ଧି, କ୍ରେଡିଟ କାର୍ଡ ଉପରେ ଅଧିକ ନିର୍ଭରଶୀଳତା ଆଦି ଆର୍ଥିକ ସ୍ୱାଧୀନତା ଆଣିବାରେ ପ୍ରତିବନ୍ଧକ।

ଆର୍ଥିକ ସ୍ୱାଧୀନତା ସଂଗ୍ରାମରେ ପିଲାଠାରୁ ଆରମ୍ଭ କରି ବରିଷ୍ଠ ନାଗରିକ ପର୍ଯ୍ୟନ୍ତ ସମସ୍ତେ ଜଡ଼ିତ। ଏହି ସଂଗ୍ରାମ ଅତୀତ, ବର୍ତ୍ତମାନ ଓ ଭବିଷ୍ୟତ ଉପରେ ଆଧାରିତ। ଯୁବ ପିଢ଼ିଙ୍କ ପାଇଁ ବର୍ତ୍ତମାନ ହେଉଛି ବହୁ ମୂଲ୍ୟବାନ। ବିଳମ୍ବ ନକରି ଆୟର କିଛିଅଂଶ ଭବିଷ୍ୟତ ପାଇଁ ସଞ୍ଚୟ ଓ ନିବେଶ କଲେ ବୃଦ୍ଧାବସ୍ଥା ବେଳକୁ ଏହା ବୃଦ୍ଧି ପାଇ ଏକ ବୃହତ ରାଶିରେ ପରିଣତ ହେବ ଏବଂ ଆର୍ଥିକ ସ୍ୱଚ୍ଛଳତା ବା ଆର୍ଥିକ ସ୍ୱାଧୀନତା ମିଳିବ। ଶିଶୁ ଓ



କିଶୋରମାନେ ମଧ୍ୟ ଏହି ଆର୍ଥିକ ସ୍ୱାଧୀନତା ସଂଗ୍ରାମରେ ଭାଗ ନେଇ ପାରିବେ। ସେମାନଙ୍କୁ ମିଳୁଥିବା ପକେଟ ଖର୍ଚ୍ଚରୁ ବଞ୍ଚାଇ ସଞ୍ଚୟ କରିବା, ଜନ୍ମ ଦିନ, ବ୍ରତଘର ପରି ଉତ୍ସବଗୁଡ଼ିକରେ ଅତ୍ୟଧିକ ବ୍ୟୟ ନକରି ଖର୍ଚ୍ଚ କାଟି ତାହା ସଞ୍ଚୟ ଏବଂ ଠିକ ଭାବେ ବିନିଯୋଗ କଲେ ଭବିଷ୍ୟତରେ ଚକ୍ରବୃଦ୍ଧି ହାରରେ ଏହା ଆଶାତୀତ ବୃଦ୍ଧି ପାଇଥାଏ।

ବରିଷ୍ଠ ନାଗରିକ, ଶିଶୁ, କିଶୋର ଓ ଯୁବକମାନଙ୍କ ଆର୍ଥିକ ଜ୍ଞାନ, ଆର୍ଥିକ ସ୍ୱାଧୀନତା, ଆର୍ଥିକ ପରାଧୀନତାର କାରଣ ଓ ନିରାକରଣ, ସେମାନେ କରିଥିବା ଭୁଲର ପୁନରାବୃତ୍ତି ନକରିବା ଏବଂ ସେମାନଙ୍କର ଆର୍ଥିକ ସଫଳତାର କାରଣ ବିଷୟରେ ଆଲୋଚନା ଓ ପର୍ଯ୍ୟାଲୋଚନା ଫଳପ୍ରଦ ହୋଇଥାଏ। ସ୍ୱାଧୀନ ଦେଶରେ ଆର୍ଥିକ ପରାଧୀନ ହେଉଛି ଏକ ଅଭିଶାପ। ଆର୍ଥିକ ସ୍ୱାଧୀନତା ପାଇଁ ସଚେତନତା ସହ ଉପଯୁକ୍ତ ସଂଗ୍ରାମ ଦରକାର। ଠିକ ସମୟରେ ଠିକ ନିଷ୍ପତ୍ତି ଆର୍ଥିକ ସ୍ୱାଧୀନତା ଆଣିବାରେ ସକ୍ଷମ। ଏହାକୁ କାର୍ଯ୍ୟରେ ପରିଣତ କରିବା ଦାୟିତ୍ୱ ସବୁ ନାଗରିକଙ୍କର। ଆର୍ଥିକ ସ୍ୱାଧୀନତା ଏକ ଜୀବନ ଦର୍ଶନ। ଏହାଦ୍ୱାରା ଶରୀର, ଧନ ଓ ମନର ସଠିକ ସମନ୍ୱୟ ଘଟି ଜୀବନରେ ସୁଖ ଶାନ୍ତି ଆସିଥାଏ।

ଆର୍ଥିକ ସ୍ୱାଧୀନତା ଆମର ଏକ ଗୁରୁତ୍ୱପୂର୍ଣ୍ଣ ଅଧିକାର। ଆର୍ଥିକ ସ୍ୱାଧୀନତା ନଥିଲେ ସ୍ୱାଧୀନତାର ପ୍ରକୃତ ସ୍ୱାଦ ଉପଲବ୍ଧି କରିହେବ ନାହିଁ। ଆସନ୍ତୁ ସମସ୍ତେ ଶପଥ ନେବା - ନିଜର ଆର୍ଥିକ ସ୍ୱାଧୀନତା ଆଣିବା ସହ ଅନ୍ୟମାନଙ୍କ, ବିଶେଷକରି ଗରିବ ଲୋକଙ୍କ ଆର୍ଥିକ ସ୍ୱାଧୀନତା ଆଣିବାରେ ସହାୟକ ହେବା।


ପଲେଇ(କେନ୍ଦ୍ରାପଡ଼ା) ମୋ: ୭୩୮୧୦୪୬୪୭୭୦


## ବିଚିତ୍ର ବିଶ୍ୱାସ

# ଖମ୍ବ ସ୍ୱରୂପରେ ପୂଜା ପାଆନ୍ତି ମେଘନାଦ

**ଓଜସ୍ୱିନୀ**

ଲଙ୍କାପତି ରାବଣ ଓ ମନ୍ଦୋଦରୀଙ୍କ ଜ୍ୟେଷ୍ଠପୁତ୍ର ମେଘନାଦ ଦେବରାଜ ଇନ୍ଦ୍ରଙ୍କୁ ପରାସ୍ତ କରି ସ୍ୱର୍ଗ ଅଧିକାର କରିଥିଲେ। ତେଣୁ ତାଙ୍କର ଅନ୍ୟ ଏକ ନାମ ଇନ୍ଦ୍ରଜିତ। ଦୈତ୍ୟଗୁରୁ ଶୁକ୍ରାଚାର୍ଯ୍ୟଙ୍କ କୃପାରୁ ସେ ହୋଇପାରିଥିଲେ ବ୍ରହ୍ମାସ୍ତ୍ର, ନାରାୟଣାସ୍ତ୍ର ଓ ପଶୁପାତାସ୍ତ୍ରର ଅଧିକାରୀ। ଅନେକ ଚମତ୍କାରୀ ଦିବ୍ୟାସ୍ତ୍ର, ତନ୍ତ୍ର ବିଦ୍ୟା ଓ ସିଦ୍ଧି ହାସଲ କରିଥିବା ମେଘନାଦଙ୍କ ପିତୃଭକ୍ତି ରାମତୁଲ୍ୟ ବୋଲି ବର୍ଣ୍ଣିତ। ମେଘନାଦ ଆସୁରିକ ଶକ୍ତିର ପ୍ରତୀକ ହୋଇଥିଲେ ମଧ୍ୟ ଭାରତର କେତେକ ଜନଜାତିଙ୍କ ପାଇଁ ପୂଜନୀୟ। ସେମାନେ ମେଘନାଦଙ୍କୁ କୁଳଦେବତା ଭାବେ ପୂଜା କରୁଛନ୍ତି। ଏଥିସହିତ ପ୍ରକୃତିର ରକ୍ଷାକର୍ତ୍ତା ଭାବେ ମେଘନାଦଙ୍କ ପୂଜାର୍ଚ୍ଚନା ଓ ଆଶିଷ ଲାଭ ପାଇଁ ପ୍ରତିବର୍ଷ ଆୟୋଜନ କରନ୍ତି ମେଘନାଦ ମେଳା।

ମଧ୍ୟପ୍ରଦେଶର ସୀମାନ୍ତ ଅଞ୍ଚଳ ଛିନ୍ଦୱାଡ଼ା ଜିଲ୍ଲାର ଉମରେଠ, ବେତୁଲ, ସାରନା, ସତପୁଡ଼ା ଓ ଚୋରଇ ଆଦି କେତେକ ଅଞ୍ଚଳରେ ବସବାସ କରୁଥିବା କୋରାକୁ ଓ ଭାରିଆ ଜନଜାତି ସମ୍ପ୍ରଦାୟଙ୍କ ନିଜକୁ ରାବଣଙ୍କ ବଂଶଜ ବୋଲି ମାନୁଥିବାରୁ ମେଘନାଦଙ୍କୁ କୁଳଦେବତା ଭାବେ ପୂଜାର୍ଚ୍ଚନା କରିଥା'ନ୍ତି। ମୁଖ୍ୟତଃ ଭଲ ବର୍ଷା ଓ ଉତ୍ତମ ଫସଲ, ମନୋବାଞ୍ଛା ପୂରଣ, ସନ୍ତାନର ମଙ୍ଗଳକାମନା, ସମସ୍ୟାର ସମାଧାନ ଏବଂ ଉତ୍ତମ ପାରିବାରିକ ଜୀବନ ପାଇଁ ମେଘନାଦଙ୍କୁ ପୂଜା କରାଯିବାର ପରମ୍ପରା ସେଠାରେ ପ୍ରଚଳିତ। ହୋଲି ପରଦିନଠାରୁ ପାଞ୍ଚଦିନ (ସ୍ଥାନୀୟ ଭାଷାରେ ରଙ୍ଗପଞ୍ଚମୀ) ପର୍ଯ୍ୟନ୍ତ ସେହି ଅଞ୍ଚଳରେ ମେଘନାଦ ମେଳାର ଆୟୋଜନ ହୋଇଥାଏ। ଏଥିରେ କୃଷକ ଓ ଯୁବବର୍ଗଙ୍କ ଅଧିକ ସମାଗମ ହୁଏ। ଗୋଟିଏ ଉଚ୍ଚ ସିଧା ଗଛର ଗଣ୍ଡିକୁ କାଟି ଗାଁର ମଧ୍ୟଭାଗରେ କିମ୍ବା ମନ୍ଦିର ପାଖରେ ପୋତା ଯାଇଥାଏ। ଏହି ଗଣ୍ଡି ବା ଖମ୍ବର ଉଚ୍ଚତା ୨୫ରୁ ୪୦ ଫୁଟ ହୋଇଥାଏ। ମେଘନାଦଙ୍କ ପ୍ରତୀକାତ୍ମକ ସ୍ୱରୂପ ଭାବେ ପୂଜା କରାଯାଉଥିବା ଏହି ଖମ୍ବକୁ 'ଖଣ୍ଡେରା ଦେବ', 'ଖଣ୍ଡେରା ବାବା' ବା 'ମେଘନାଦ ଖମ୍ବ' ବୋଲି କୁହାଯାଏ। ଖମ୍ବକୁ ଗେରୁଆ ରଙ୍ଗରେ ସଜାଇବା ପରେ ଶୀର୍ଷ ଭାଗରେ ଅନ୍ୟ ଗୋଟିଏ କାଠକୁ ସମାନ୍ତରାଳ ଭାବେ ରଖାଯାଏ। ଏହି କାଠରେ ନିଜକୁ ବାନ୍ଧି ଭକ୍ତମାନେ ଘୂରି ଘୂରି ମନସ୍କାମନା ପୂରଣ ପାଇଁ ମେଘନାଦଙ୍କୁ ଆଶିଷ ଭିକ୍ଷା କରିଥା'ନ୍ତି। ମନସ୍କାମନା ପୂରଣ ହେବା ପରେ ମେଘନାଦଙ୍କୁ ଧନ୍ୟବାଦ ଦେବା ପାଇଁ ଖମ୍ବରେ ଚଢ଼ି ଘୂରିବାର ମଧ୍ୟ ପ୍ରଥା ରହିଛି। ମେଘନାଦଙ୍କ କୁଳଦେବୀ ନିକୁମ୍ଭିଲାଙ୍କ ବିଶେଷ ପୂଜାର୍ଚ୍ଚନା ପରେ ପୂଜାରୀ ଗୋଟିଏ ନଡ଼ିଆକୁ ବହୁ ଉଚ୍ଚକୁ ଫୋପାଡ଼ି ଦେଇଥା'ନ୍ତି। କିଛି ସମୟ ପରେ ଉକ୍ତ ନଡ଼ିଆକୁ ଭାଙ୍ଗିଦିଆଯାଏ। ଯଦି ନଡ଼ିଆରୁ ପାଣି କମ୍ ବାହାରେ, ତା'ହେଲେ କମ୍ ବର୍ଷା ହେବ ଏବଂ ଅଧିକ ପାଣି ବାହାରିଲେ ଭଲ ବର୍ଷା ହେବାର ଆଗୁଆ ସୂଚନା ମିଳିଥାଏ। ପ୍ରାୟ ୩୦୦ ବର୍ଷ ଧରି ମେଘନାଦ ମେଳାକୁ ନେଇ ଏହଭଳି ବିଶ୍ୱାସ ରହିଆସିଛି।

ଛିନ୍ଦୱାଡ଼ା ଜିଲ୍ଲାସ୍ଥିତ ଏକାଧିକ ଗାଁର ନାମ ମଧ୍ୟ ମେଘନାଦ ଓ ଅସୁରରାଜ ରାବଣଙ୍କ ନାମାନୁସାରେ ରଖାଯାଇଛି। ସ୍ଥାନୀୟ ଲୋକକଥା ଅନୁସାରେ ଛିନ୍ଦୱାଡ଼ା ଜିଲ୍ଲାର ତାମିଆ ନାମକ ସ୍ଥାନ ନିକଟବର୍ତ୍ତୀ ପାତାଳକୋଟକୁ ଅହିରାବଣଙ୍କ ପାତାଳଲୋକ ବୋଲି କୁହାଯାଉଛି। ଅହିରାବଣ ଶ୍ରୀରାମ ଓ ଲକ୍ଷ୍ମଣଙ୍କୁ ଅପହରଣ କରି ଏହି ପାତାଳକୋଟରେ ହିଁ ରଖିଥିଲେ। ସ୍ଥାନୀୟ ଲୋକଗୀତରେ ମଧ୍ୟ ରାବଣ ଓ ମେଘନାଦଙ୍କ ଅନେକ କାହାଣୀ ଶୁଣିବାକୁ ମିଳିଥାଏ। ଏହା ବ୍ୟତୀତ ମଧ୍ୟପ୍ରଦେଶର ମଣ୍ଡି ବାମୋରା ଅନ୍ତର୍ଗତ ପଲିତା ନାମକ ଗାଁରେ ମେଘନାଦଙ୍କ ଏକ ମନ୍ଦିର ରହିଛି। ଗାଁର ପରମ୍ପରା ଅନୁଯାୟୀ ଅନୁଯାୟୀ ଦଶହରାରେ ରାବଣଙ୍କ କୁଶ ପୁତ୍ତଳିକା ଦହନ ପରିବର୍ତ୍ତେ ମେଘନାଦଙ୍କ ବିଶେଷ ପୂଜାର୍ଚ୍ଚନା ହୋଇଥାଏ। ଏଠାରେ ଲୋକମାନେ ମେଘନାଦଙ୍କୁ ଅଗ୍ରପୂଜ୍ୟ ଶ୍ରୀଗଣେଶଙ୍କ ସମତୁଲ୍ୟର ମାନ୍ୟତା ଦେଇଛନ୍ତି। ତେଣୁ ପ୍ରଥମେ ମେଘନାଦଙ୍କ ପୂଜା ପରେ ଅନ୍ୟ ଦେବଦେବୀଙ୍କ ପୂଜା କରାଯାଏ। କୌଣସି ନୂତନ କାର୍ଯ୍ୟ ଆରମ୍ଭ କରିବା ପୂର୍ବରୁ ମେଘନାଦଙ୍କୁ ଶ୍ରୀଫଳ ସମର୍ପଣ ହୁଏ। ଏହି ଅଞ୍ଚଳରେ କାନ୍ୟକୁବ୍‌ଜ ବ୍ରାହ୍ମଣମାନେ ରହନ୍ତି, ଯେଉଁମାନେ ନିଜକୁ ରାବଣଙ୍କ ବଂଶଜ ବୋଲି କହନ୍ତି। ତେଣୁ ରାବଣଙ୍କ ପୁତ୍ର ମେଘନାଦଙ୍କ ପୂଜାର୍ଚ୍ଚନା ବିଧିବିଧାନର ସହିତ କରାଯାଏ। ଏହି ଗ୍ରାମରେ ମେଘନାଦ ଅଖଣ୍ଡ ତପସ୍ୟା କରିଥିଲେ ବୋଲି ଲୋକୋକ୍ତି ଅଛି। ତେଣୁ ତପସ୍ୟା କରିଥିବା ସ୍ଥାନରେ ଆଜି ମଧ୍ୟ ହଜାର ହଜାର ଶ୍ରଦ୍ଧାଳୁ ଶୁଦ୍ଧ ଘିଅ ଦୀପ ପ୍ରଜ୍ୱଳନ କରି ମେଘନାଦଙ୍କ ଆଶିଷ ଭିକ୍ଷା କରୁଛନ୍ତି। କାହିଁ କେଉଁ କାଳରୁ ଚାଲି ଆସିଥିବା ଆସ୍ଥା ଓ ବିଶ୍ୱାସର ଏହି ଧାରାରେ ଅସୁରମାନେ ମଧ୍ୟ ଦେବତା ପାଲଟି ଯାଇଛନ୍ତି।


ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩



ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342





ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଅବଶିଷ୍ଟାଂଶ

### ୬୫ ଲକ୍ଷ ଭୋଟରଙ୍କ...

ତାଲିକାରୁ ବାଦ୍ ପଡ଼ିଛି ସେମାନେ ଆଧାର କାର୍ଡ ସହିତ ନିର୍ବାଚନ ଅଫିସ ଯାଇ ନିଜର ନାମକୁ ସାମିଲ କରିପାରିବେ । ସୂଚନାଯୋଗ୍ୟ ଯେ ଗତ ଅଗଷ୍ଟ ପହିଲାରେ କମିସନ ପକ୍ଷରୁ ଯେଉଁ ଭୋଟର ଚିଠାତାଲିକା ପ୍ରକାଶ କରାଯାଇଛି ସେଥିରେ ୬୫ ଲକ୍ଷ ଭୋଟରଙ୍କ ନାମ କାଟି ଦିଆଯାଇଛି । ଏହି ଭୋଟରଙ୍କ ନାମ ପୁରୁଣା ତାଲିକାରେ ଥିଲା । କମିସନ କହିଥିଲେ ଯେ ଯେଉଁମାନଙ୍କ ନାମ କଟାଯାଇଛି ସେମାନଙ୍କ ମଧ୍ୟରୁ ୨୨ ଲକ୍ଷ ୩୪ ହଜାର ଜୀବିତ ନୁହନ୍ତି, ୩୬ ଲକ୍ଷ ୨୮ ହଜାର ଅନ୍ୟ ରାଜ୍ୟକୁ ପଳାଇଛନ୍ତି ଏବଂ ୭ ଲକ୍ଷ ଭୋଟରଙ୍କ ନାମ ଏକାଧିକ ସ୍ଥାନରେ ରହିଛି । କମିସନ ଏହି ସଂଖ୍ୟା ଦେଇଥିଲେ ମଧ୍ୟ ଭୋଟରଙ୍କ ନାମ କିମ୍ବା ବାଦ୍ ପଡ଼ିବାର କାରଣ ଦର୍ଶାଇ ନଥିଲେ । ୨୦୦୩ରେ ଭୋଟର ତାଲିକା ସଂଶୋଧନ ବେଳେ କେଉଁ ଦସ୍ତାବିଜ ଦାଖଲ ପାଇଁ କୁହାଯାଇଥିଲା, ସେସଂପର୍କରେ ମଧ୍ୟ ରିପୋର୍ଟ ଦେବାଲାଗି କୋର୍ଟ ନିର୍ବାଚନ କମିସନଙ୍କୁ କହିଛନ୍ତି । ଆଜି ଶୁଣାଣି ବେଳେ କମିସନଙ୍କ ଓକିଲ କହିଥିଲେ ଯେ ୨୦୦୩ ଭୋଟର ତାଲିକାରେ ଯେଉଁ ଭୋଟର ବା ସେମାନଙ୍କ ପିତାମାତାଙ୍କର ନାମ ରହିଥିଲା, ସେମାନଙ୍କ ଠାରୁ କୌଣସି ଦସ୍ତାବଜିତ ମଗାଯାଇ ନାହିଁ । ସେ ଆହୁରି କହିଥିଲେ ଯେ ଇଭିଏମକୁ ନେଇ ବିଭିନ୍ନ ରାଜନୈତିକ ଦଳ ମଧ୍ୟରେ ଚାଲିଥିବା ବିବାଦରେ କମିସନକୁ ଅନାବଶ୍ୟକ ଭାବେ ଟଣାଯାଉଛି ।

### ୪୬ ମୃତ...

ବର୍ଷା ଓ ବନ୍ୟାରେ ଭାସିଯାଇଛି । ଖବର ପାଇଁ ଉଦ୍ଧାରକାରୀ ଦଳ ଘଟଣାସ୍ଥଳରେ ପହଞ୍ଚିଛନ୍ତି । ଉଦ୍ଧାର ଅଭିଯାନରେ ସେନାକୁ ସାମିଲ କରାଯାଇଛି । ମାଟିତଳେ ୨୦୦ରୁ ୩୦୦ ଲୋକ ଫସିଥିବା ଆଶଙ୍କା କରାଯାଉଛି ବୋଲି ଡେପୁଟି କମିସନର ପଙ୍କଜ ଶର୍ମା କହିଛନ୍ତି । ଏନ୍‌ଡିଆରଏଫ୍‌ର ଦୁଇଟି ଦଳକୁ ଘଟଣା ସ୍ଥଳକୁ ପଠାଯାଇଛି । ସେ କହିଛନ୍ତି ଯେ ହଜାର ହଜାର ଶ୍ରଦ୍ଧାଳୁ ମଚୈଲ ଯାତ୍ରା ପାଇଁ ଚୋସିତି ଗାଁରେ ପହଞ୍ଚିଥିବା ବେଳେ ଏହି ଅଘଟଣ ଘଟିଥିଲା । ଯେଉଁ ଯାତ୍ରା ଆରମ୍ଭ ହେବାର କାର୍ଯ୍ୟକ୍ରମ ଥିଲା ସେହିଠାରେ ହିଁ ପ୍ରବଳ ବର୍ଷା ହୋଇଥିଲା । ଏହି ସ୍ଥାନରେ ଶ୍ରଦ୍ଧାଳୁଙ୍କ ବସ, ଟେଣ୍ଟ, ଲଙ୍ଗର ଓ କେତୋଟି ଦୋକାନ ଥିଲା । ସବୁ ବନ୍ୟାରେ ଭାସି ଯାଇଛି । ମଚୈଲ ତୀର୍ଥ ଯାତ୍ରା ପ୍ରତିବର୍ଷ ଅଗଷ୍ଟ ମାସରେ ହୋଇଥାଏ । ଏହି ଯାତ୍ରାରେ ସାମିଲ ହେବାକୁ ହଜାର ହଜାର ଶ୍ରଦ୍ଧାଳୁ ଦେଶର ବିଭିନ୍ନ ସ୍ଥାନରୁ ଆସିଥାନ୍ତି । ଯାତ୍ରା ଜୁଲାଇ ୨୫ରୁ ସେପ୍ଟେମ୍ବର ୫ ପର୍ଯ୍ୟନ୍ତ ଚାଲିବ ।

### ଜିଦ୍‌ରେ ଅଟଳ...

ବୋଲି ଚେତାବନୀ ଦେଇଛନ୍ତି । ସାରା ରାଜ୍ୟର ୩୦ ଜିଲ୍ଲାରେ କାର୍ଯ୍ୟରତ ୧୦ ହଜାରରୁ ଊର୍ଦ୍ଧ୍ୱ ରାଜସ୍ୱ ଅମଲା ୪ ଦିନ ହେବ କାମ ବନ୍ଦ କରିଛନ୍ତି । ଫଳରେ ସାଧାରଣ ଲୋକମାନେ ସରକାରୀ ସେବାରୁ ବଞ୍ଚିତ ହୋଇଛନ୍ତି । ରାଜ୍ୟ ସରକାର ଲୋକଙ୍କର କୌଣସି ସମସ୍ୟାକୁ ବରଦାସ୍ତ କରାଯିବ ନାହିଁ ବୋଲି କହୁଥିଲେ ମଧ୍ୟ ସଂଘ ସହ ଆଲୋଚନା ନିମନ୍ତେ ଆଗ୍ରହ ପ୍ରକାଶ ନ କରିବା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । ସମୂହ ଛୁଟିରେ ଯିବା ନିଷ୍ପତ୍ତି ପୂର୍ବରୁ ନିଜର ଦାବି ପୂରଣ ନେଇ ସଂଘ ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିଥିଲା । ଜୁଲାଇ ୭ ତାରିଖରୁ ସଂଘର ସମସ୍ତ ସଦସ୍ୟ କଳାବ୍ୟାଚ ପରିଧାନ କରି ପ୍ରତିବାଦ ଜଣାଇଥିଲେ । ସେହିପରି ସମୟରେ ଜୁଲାଇ ୯ ତାରିଖ ଦିନ ରାଜ୍ୟ ସରକାରଙ୍କଠାରୁ ଆଲୋଚନା ପାଇଁ ଡାକରା ଆସିଥିଲା । ରାଜସ୍ୱ ମନ୍ତ୍ରୀ ରାଜ୍ୟ ସଂଘର ପ୍ରତିନିଧିମାନଙ୍କ ସହ ଆଲୋଚନା କରି ୧୫ ଦିନ ଭିତରେ ନିଷ୍ପତ୍ତି ନେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ । ହେଲେ ଏକ ମାସ ବିତିବାକୁ ବସିଥିଲେ ମଧ୍ୟ ରାଜ୍ୟ ସରକାର କୌଣସି ପଦକ୍ଷେପ ନାହାନ୍ତି । ଯାହାକୁ ନେଇ ସଂଘ ସରକାରଙ୍କ ଉପରେ ଭରସା ତୁଟାଇ ସମୂହ ଛୁଟିରେ ଯିବାକୁ ନିଷ୍ପତ୍ତି ନେଇଛି ।

ଅନ୍ୟପକ୍ଷରେ ସରକାର ଆଲୋଚନା କରିବା ପରିବର୍ତ୍ତେ ରାଜସ୍ୱ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ସମୂହ ଛୁଟିରେ ଥିବା ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେବା ସରକାରଙ୍କ ପାଇଁ ବୁମେରାଂ ହୋଇଛି । ମନ୍ତ୍ରୀଙ୍କ ଧମକ, ସଚିବଙ୍କ ଚେତାବନୀ ଅମଲା ସଂଘକୁ ଅଧିକ କ୍ରୋଧିତ କରିଛି । ଫଳରେ ସଂଘ ବିନା ଆଲୋଚନାରେ ଆନ୍ଦୋଳନ ପ୍ରତ୍ୟାହାର ହେବ ନାହିଁ ବୋଲି ସଫା ମନା କରିଛି । ଯଦି ସରକାର ଲୋକଙ୍କ ସୁବିଧା ଚାହୁଁଛନ୍ତି, ତେବେ ଆଲୋଚନା କରିବାକୁ କାହିଁକି ପଛଘୁଞ୍ଚା ଦେଉଛନ୍ତି ବୋଲି ସଂଘ ପ୍ରଶ୍ନ କରିଛି । ରାଜସ୍ୱ ଅମଲାମାନେ ଲୋକଙ୍କ ପାଇଁ କାମ କରୁଛନ୍ତି, ସରକାର ମଧ୍ୟ ଲୋକଙ୍କ ସ୍ୱାର୍ଥକୁ ଦୃଷ୍ଟିରେ ରଖି କାମ କରନ୍ତୁ ଓ ଚେତାବନୀ ନ ଦେଇ ଆମର ନ୍ୟାଯ୍ୟ ଦାବି ପୂରଣ କରନ୍ତୁ ବୋଲି ସଂଘ ପକ୍ଷରୁ କୁହାଯାଇଛି । ସ୍ୱାଧୀନତା ଦିବସରେ ସଂଘର ସମସ୍ତ ସଦସ୍ୟ ଅର୍ଥାତ ରାଜସ୍ୱ ଅମଲାମାନେ ପତାକା ଉତ୍ତୋଳନ ସମ୍ପର୍କିତ ଜାତୀୟ ଉତ୍ସବରେ ଯୋଗ ଦେବେ; ମାତ୍ର ପୂର୍ବବତ୍ ସମୂହ ଛୁଟି ଆନ୍ଦୋଳନ ଜାରି ରହିବ ବୋଲି ସଂଘର କର୍ମକର୍ତ୍ତାମାନେ ସୂଚନା ଦେଇଛନ୍ତି ।

### ଲାଗି ରହିବ...

ହୀରାକୁଦ ଓ ରାଉରକେଲା ଆଦିରେ ୧୦ ମିମି ଲେଖାଏଁ ବର୍ଷା ରେକର୍ଡ ହୋଇଛି । ପାଣିପାଗ ବିଭାଗ ପକ୍ଷରୁ କୁହାଯାଇଛି ଯେ, ଆଗାମୀ ୫ ଦିନ ଯାଏ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିବ । ବିଶେଷ କରି ଦକ୍ଷିଣ ଓଡ଼ିଶାରେ ବର୍ଷାର ସମ୍ଭାବନା ଅଧିକ ରହିଛି । ଉପକୂଳବର୍ତ୍ତୀ ଅଞ୍ଚଳରେ ପାଗ ମେଘୁଆ ସହ ପବନର ବେଗକୁ ନେଇ ସମୁଦ୍ର ଅଶାନ୍ତ ରହିବ । ତେଣୁ ଅଗଷ୍ଟ ୧୫ ତାରିଖ ଯାଏ ସମୁଦ୍ର ମଧ୍ୟକୁ ନଯିବାକୁ ମତ୍ସ୍ୟଜୀବୀମାନଙ୍କୁ ବାରଣ କରାଯାଇଛି ।

## ଆଜିର ରାଶିଫଳ

**ମେଷ:** ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ । ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ । ରୋଜଗାର ବୃଦ୍ଧି ହେବ । ଜୀବନସାଥୀଙ୍କ ସହଯୋଗ ମିଳିପାରେ । ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ ।

**ବୃଷ:** କୌଣସି କାର୍ଯ୍ୟ ବିଗିଡ଼ିପାରେ । ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ । ସ୍ୱଭାବରେ ନିୟନ୍ତ୍ରଣ ରକ୍ଷା କରିବେ । ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ । ନିବେଶ ଲାଗି ଉପଯୁକ୍ତ ସମୟ । ଦୀର୍ଘ ଦିନର ଆଶା ପୂରଣ ହେବ ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ । ଭୁଲ୍ କାମରୁ ଦୂରେଇ ରହିବେ । ପାରିବାରିକ ଜୀବନରେ ସୁଖଶାନ୍ତି ରହିବ । ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ । କୌଣସି କଥାକୁ ନେଇ ମନ ଉଣା ହୋଇପାରେ ।

**କର୍କଟ:** ଦାନଧର୍ମରେ ଦିନଟି ଅତିବାହିତ କରିବେ । ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିପାରନ୍ତି । ଗରିବଙ୍କୁ ସାହାଯ୍ୟ କରିବେ । ମାନସିକ ଶାନ୍ତି ମିଳିବ । ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ । ଅତିଥି ସତ୍କାର କରିପାରନ୍ତି ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ । କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ । କାର୍ଯ୍ୟଧାରାରେ ପରିବର୍ତ୍ତନ ଆଣିବେ । ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ । କଳା ଓ ସଙ୍ଗୀତ ପ୍ରତି ରୁଚି ବଢ଼ିବ ।

**କନ୍ୟା:** ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ । ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ । ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ । ଦାମ୍ପତ୍ୟ ଜୀବନ ସୁଖମୟ ହେବ । ଜୀବନସାଥୀଙ୍କଠାରୁ ଉପହାର ପାଇବେ ।

**ତୁଳା:** ଦିନଟିରେ ସଫଳତା ମିଳିବ । ପୈତୃକ ବ୍ୟବସାୟରୁ ଲାଭବାନ ହେବେ । ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ । ଆର୍ଥିକ ଲାଭ ମିଳିବ । ଆଣ୍ଠୁଗଣ୍ଠି ସମସ୍ୟା ଦେଖାଦେଇପାରେ ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ । କାମରୁ ସଫଳତା ମିଳିବ । ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ । ପ୍ରେମ ସମ୍ପର୍କ ସୁଖମୟ ହେବ । ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ । ଆୟ ଓ ବ୍ୟୟ ସମାନ ରହିବ ।

**ଧନୁ:** ଆତ୍ମବିଶ୍ୱାସ ବଢ଼ିବ । କାମ କରିବାରେ ସକ୍ଷମ ହେବେ ନାହିଁ । କୌଣସି ସମସ୍ୟାରେ ପଡ଼ିପାରନ୍ତି । ନକାରାତ୍ମକ ଚିନ୍ତାଧାର ଦୂର ହେବ । ଅଫିସ ସହକର୍ମୀଙ୍କ ସହଯୋଗରେ କାମ ପୂରା କରିବେ ।

**ମକର:** ଧନଲାଭ ଯୋଗ ଅଛି । କୌଣସି କଥାକୁ ନେଇ ବିଚଳିତ ହେବା ବ୍ୟର୍ଥ । ପରିବାର ଲୋକଙ୍କ ସହ ହସ ଖୁସିରେ ଦିନ କାଟିବେ । ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିପାରେ ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ । ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ । ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ । ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ । ବିବାହ ବିଳମ୍ବ ହେବ ।

**ମୀନ:** ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ । କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ । ଛାତ୍ରଛାତ୍ରୀ ପ୍ରତିଯୋଗିତାମୂଳକ ପରୀକ୍ଷାରେ କୃତକାର୍ଯ୍ୟ ହେବେ । ଚକ୍ଷୁ ସମସ୍ୟା ଭୋଗିପାରନ୍ତି ।

# ବାନ୍ଧବୀଙ୍କୁ ସଂଜ୍ଞାହୀନ କରି ଦୁଷ୍କର୍ମ

ତେଲକୋଇ, ୧୪।୮ (ସମିସ): ବାନ୍ଧବୀଙ୍କୁ ମାଡ଼ ମାରି ସଂଜ୍ଞାହୀନ କରିବା ପରେ ଦୁଷ୍କର୍ମ ଏବଂ ପରେ ଯୁବତୀଙ୍କୁ ସ୍ୱାସ୍ଥ୍ୟକେନ୍ଦ୍ରରେ ଛାଡ଼ି ପଳାଇଲା ପୁରୁଷ ବନ୍ଧୁ । କେନ୍ଦୁଝର ଜିଲ୍ଲା ତେଲକୋଇ ଥାନା ଅଞ୍ଚଳରୁ ଏଭଳି ଏକ ଲଜ୍ଜାଜନକ ଘଟଣା ପଦାକୁ ଆସିଛି । ପୀଡ଼ିତାଙ୍କ ଅଭିଯୋଗ ଆଧାରରେ ତେଲକୋଇ ପୁଲିସ ଘଟଣାର ତଦନ୍ତ ଆରମ୍ଭ କରିଛି ।

ପୀଡ଼ିତାଙ୍କ ଅଭିଯୋଗ ଅନୁଯାୟୀ, ହୃଦାନନ୍ଦ ପାତ୍ର (୨୨) ନାମକ ଜଣେ ଯୁବକଙ୍କ ସହ ତାଙ୍କର ପ୍ରେମ ସଂପର୍କ ଥିଲା । ବୁଧବାର ସେ ନିଜର ସ୍ୱାସ୍ଥ୍ୟ ଖରାପ ଥିବା ବାହାନା କରି ତାଙ୍କୁ ଫୋନ୍ କରି ତେଲକୋଇକୁ ଡାକିଥିଲା । ପରେ ସେ ଯୁବତୀଙ୍କୁ ଏକ ଗାଡ଼ିରେ ଦେଉଳଡିହା ରାସ୍ତାର ହାତୀପୋଷ୍ଟର୍ ଆଡ଼କୁ ନେଇ ଯାଇଥିଲା ।



ମେଡିକାଲରେ ଛାଡ଼ି ପଳାଇଲା

ସେଠାରେ ତାଙ୍କ ସହ ଶାରୀରିକ ସମ୍ପର୍କ ରଖିବାକୁ ବାଧ କରିଥିଲା । କିନ୍ତୁ ଯୁବତୀଜଣଙ୍କ ବାରଣ କରିବାରୁ ଏକ ବାଡ଼ିରେ ପିଟି ତାଙ୍କୁ ଲହୁଲୁହାଣ କରିଥିଲା । ପରେ ଯୁବତୀଙ୍କ ପିନ୍ଧିଥିବା ଚୁନୁରିରେ ତାଙ୍କ ବେକକୁ ଜୋରରେ ଭିଡ଼ି ଘୋଷାଡ଼ି ଘୋଷାଡ଼ି ଜଙ୍ଗଲ ମଧ୍ୟକୁ ନେଇ ଯାଇଥିଲା । ଯୁବତୀଜଣଙ୍କ ଚିତ୍କାର କରିବାରୁ ତାଙ୍କ ମୁଣ୍ଡକୁ ଏକ ପଥରରେ ଛେଚି ଦେଇଥିଲା । ଯୁବତୀଜଣଙ୍କ ସଂଜ୍ଞାହୀନ ହୋଇପଡ଼ିବା ପରେ ହୃଦାନନ୍ଦ ତାଙ୍କୁ ଦୁଷ୍କର୍ମ କରିଥିଲା । କିଛି ସମୟ ପରେ ଯୁବତୀଙ୍କ ଚେତା ଫେରିବା ପରେ ସେ ପୁଣି ତାଙ୍କୁ ଦୁଷ୍କର୍ମ ପାଇଁ ଉଦ୍ୟମ କରିଥିଲା । ଭୟଭୀତ ହୋଇ ପୀଡ଼ିତା ପାଖରେ ଥିବା ଏକ ପୋଲ ତଳକୁ ଯାଇ ଲୁଚି ଯାଇଥିଲେ । କିନ୍ତୁ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ଖରାପ ହୋଇଯାଇଥିବାରୁ ସେ ପୁଣିଥରେ ସଂଜ୍ଞାହୀନ ହୋଇପଡ଼ିଥିଲେ । ତେବେ ହୃଦାନନ୍ଦ ତାଙ୍କୁ ଖୋଜି ବାହାର କରିବା ପରେ ଏକ ସ୍କୁଟିରେ ନେଇ ତେଲକୋଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇବା ପରେ ସେଠାରୁ ପଳାଇଥିଲା । ଯୁବତୀଜଣଙ୍କ ସ୍କୁଟିରୁ ପଡ଼ି ଆହତ ହୋଇଛନ୍ତି ବୋଲି ସେ ହସ୍ପିଟାଲ କର୍ତ୍ତୃପକ୍ଷଙ୍କୁ କହିଥିଲା । ଗଲା ବେଳେ ସେ ଯୁବତୀଙ୍କ ପାଖରେ ଥିବା ୧୧ହଜାର ଟଙ୍କା ଓ ମୋବାଇଲ ନେଇଯାଇଥିଲା ।

# ୧୩ ବିଚାର ବିଭାଗୀୟ ଅଧିକାରୀଙ୍କ ବଦଳି

କଟକ, ୧୪।୮ (ସମିସ): ଓଡ଼ିଶା ହାଇକୋର୍ଟ ପକ୍ଷରୁ ୧୩ଜଣ ଜିଲ୍ଲା ଜଜ୍ କ୍ୟାଡର୍‌ର ବିଚାର ବିଭାଗୀୟ ଅଧିକାରୀଙ୍କୁ ନୂତନ ସ୍ଥାନକୁ ବଦଳି କରାଯାଇଛି । ଏହି କ୍ରମରେ ସଞ୍ଜୀବ ଦୁବେଙ୍କୁ ସ୍ୱତନ୍ତ୍ର ବିଚାରପତି, ସିବିଆଇ ଅଦାଲତ ନମ୍ବର ୧, ଭୁବନେଶ୍ୱର, ସତ୍ୟପୀର ମିଶ୍ରଙ୍କୁ କଟକର ବିକ୍ରି କର ଟ୍ରିବ୍ୟୁନାଲର ପ୍ରଥମ ବିଚାର ବିଭାଗୀୟ ସଦସ୍ୟ, ଅନୁପ କୁମାର ଚନ୍ଦନ ବରଗଡ଼ ଜିଲ୍ଲା ଏବଂ ଦୌରାଜଜ୍, ଦୀପ୍ତିରଞ୍ଜନ କାନୁନଗୋଙ୍କୁ ପବ୍ଲିକ୍ ପ୍ରସିକ୍ୟୁସନ୍ ନିର୍ଦ୍ଦେଶକ, ପ୍ରଣମ କୁମାର ରାଉତ ଖରିଆର ଏଡିଜେ, ସରୋଜିନୀ ପତିଙ୍କୁ ଏସ୍.ସି. ଏବଂ ଏସ୍.ଟି (ପିଓ) ଆଇନ ଅନୁଯାୟୀ ସ୍ୱତନ୍ତ୍ର ଅଦାଲତର ପ୍ରିଜାଇଡିଂ ଅଫିସର, ଅଖିଳ କୁମାର ପଶ୍ଚିମକବାଟଙ୍କୁ ବୌଦ୍ଧ ଏଡିଜେ, ସ୍ରୋତସ୍ୱିନୀ କରଙ୍କୁ ନୀଳଗିରି (ନୂତନ) ଏଡିଜେ, ପ୍ରିୟରଞ୍ଜନ ମିଶ୍ରଙ୍କୁ କଟକ ଦ୍ୱିତୀୟ ଅତିରିକ୍ତ ଜିଲ୍ଲା ଜଜ୍, ଅଶୋକ କୁମାର ପହିଙ୍କୁ ବାଲେଶ୍ୱର ପରିବାର ଅଦାଲତ ବିଚାରପତି, ଅଞ୍ଜଳି କୁମାରୀ ପାଢ଼ୀଙ୍କୁ ବଲାଙ୍ଗିର ଦ୍ୱିତୀୟ ଅତିରିକ୍ତ ଜିଲ୍ଲାଜଜ୍, ରାଜକିଶୋର ଲେଙ୍କାଙ୍କୁ ଭୁବନେଶ୍ୱର ସିବିଆଇ. ଅଦାଲତ ନମ୍ବର-୨ ସ୍ୱତନ୍ତ୍ର ବିଚାରପତି ଓ ପ୍ରଭାକର ଗନ୍ଥିଆଙ୍କୁ କୁଚିଣ୍ଡା ଏଡିଜେ ଭାବେ ଅବସ୍ଥାପିତ କରାଯାଇଛି । ଏ ସଂକ୍ରାନ୍ତରେ ଆଜି ହାଇକୋର୍ଟ ପକ୍ଷରୁ ଏକ ବିଜ୍ଞପ୍ତି ପ୍ରକାଶ ପାଇଛି ।

# ଅମୂଲ୍ୟ ପ୍ରଧାନ ବୋର୍ଡର ନୂତନ ଉପସଭାପତି

## ପରୀକ୍ଷା ନିୟନ୍ତ୍ରକ ଅମ୍ରିତା ପ୍ରୀତିନନ୍ଦାଙ୍କ ମଧ୍ୟ ବଦଳି

ଭୁବନେଶ୍ୱର, ୧୪।୮ (ସମିସ): ସ୍ୱତନ୍ତ୍ର ଓଟିଇଟି ପରୀକ୍ଷା ପ୍ରଶ୍ନପତ୍ର ଲିକ୍ ଘଟଣା ପରେ ମାଧ୍ୟମିକ ଶିକ୍ଷା ପରିଷଦ (ବୋର୍ଡ)ରେ ବଡ଼ଧରଣର ଅଦଳବଦଳ କରାଯାଇଛି । ପୂର୍ବରୁ କ୍ରାଇମବ୍ରାଞ୍ଚ ଦ୍ୱାରା ଗିରଫ ହୋଇଥିବା ନୀହାର ରଞ୍ଜନ ମହାନ୍ତିଙ୍କ ସ୍ଥାନରେ ସମ୍ବଲପୁର ଆଞ୍ଚଳିକ ଶିକ୍ଷା ନିର୍ଦ୍ଦେଶକ ଥିବା ଅମୂଲ୍ୟ କୁମାର ପ୍ରଧାନଙ୍କୁ ବୋର୍ଡର ନୂତନ ଉପସଭାପତି ଭାବେ ନିଯୁକ୍ତ କରାଯାଇଛି । ସେହିପରି ବୋର୍ଡର ପରୀକ୍ଷା ନିୟନ୍ତ୍ରକ ଥିବା ଅମ୍ରିତା ପ୍ରୀତିନନ୍ଦାଙ୍କୁ ମଧ୍ୟ ବଦଳି କରାଯାଇଛି । ତାଙ୍କୁ ଏସ୍‌ଆଇଏଲ୍‌ଟିଟିର ଯୁଗ୍ମ ନିର୍ଦ୍ଦେଶକ ଭାବେ ନିଯୁକ୍ତ କରାଯାଇଛି । ତାଙ୍କ ସ୍ଥାନରେ ନବରଙ୍ଗପୁର ଏଡିଇଓ ଚକ୍ରଧର ବେହେରାଙ୍କୁ ପରୀକ୍ଷା ଉପନିୟନ୍ତ୍ରକ ଭାବେ ନିଯୁକ୍ତ କରାଯିବା ସହିତ ପରୀକ୍ଷା ନିୟନ୍ତ୍ରକ ଭାବେ ଭାରପ୍ରାପ୍ତ ଦାୟିତ୍ୱ ତୁଲାଇବାକୁ କୁହାଯାଇଛି । ଅନୁରୂପ ଭାବେ, ଭୁବନେଶ୍ୱର ଚନ୍ଦ୍ରଶେଖରପୁର ଫେଜ୍-୧ ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ଗୋବିନ୍ଦ ଚନ୍ଦ୍ର ହେମ୍ବ୍ରମଙ୍କୁ ଏସ୍‌ଆଇଏଲ୍‌ଟିଟିର ସହ ନିର୍ଦ୍ଦେଶକ ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି । ଏନେଇ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ଗୁରୁବାର ବିଜ୍ଞପ୍ତି ଜାରି କରାଯାଇଛି । ବହୁ ବର୍ଷରୁ ବୋର୍ଡରେ ଆସ୍ଥାନ ଜମାଇଥିବା ଅଧିକାରୀଙ୍କ ପ୍ରଶ୍ନପତ୍ର ଲିକ୍ ମାମଲାରେ ସମ୍ପୃକ୍ତି ଅଭିଯୋଗ ହେଉଥିବା ବେଳେ ବିଭାଗ ପକ୍ଷରୁ ଏହି ବଡ଼ଧରଣର ବଦଳି କରାଯାଇଛି । ଆଗକୁ ବୋର୍ଡ ସଭାପତିଙ୍କୁ ମଧ୍ୟ କାର୍ଯ୍ୟାନ୍ତର କରାଯାଇପାରେ ବୋଲି ଚର୍ଚ୍ଚା ଆରମ୍ଭ ହୋଇଛି ।

# ନାବାଳିକା ଦୁଷ୍କର୍ମକାରୀକୁ ୨୦ବର୍ଷ ସଶ୍ରମ ଜେଲ୍

କଟକ,୧୪।୮ (ସମିସ): ଜନୈକା ନାବାଳିକା ଅପହରଣ ଓ ଦୁଷ୍କର୍ମ ଅଭିଯୋଗ ମାମଲାରେ ମାହାଙ୍ଗା ଥାନା ଅନ୍ତର୍ଗତ ଅଞ୍ଚଳର ରଞ୍ଜିତ ଜେନା ଓରଫ ବୁଟୁନା(୨୪)କୁ ୨୦ ବର୍ଷ ଜେଲ ଦଣ୍ଡ ପ୍ରଦାନ କରିଛନ୍ତି କଟକ ଅତିରିକ୍ତ ଦୌରା ଜଜ୍ ତଥା ସ୍ୱତନ୍ତ୍ର ପୋକସୋ ଅଦାଲତ । ଅଦାଲତ ଆଇପିସିର ଦଫା ୩୬୩, ୩୭୬(୩) ଓ ପୋକସୋ ଆଇନର ଧାରା ୪ରେ ରଞ୍ଜିତକୁ ଦୋଷୀ ସାବ୍ୟସ୍ତ କରି ଏହି ଦଣ୍ଡ ପ୍ରଦାନ କରିଛନ୍ତି । ଏଥି ସହିତ ପୀଡ଼ିତାଙ୍କୁ ୪ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବାକୁ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି । ମାମଲାରୁ ପ୍ରକାଶ ଯେ ଗତ ୨୦୨୩, ଡିସେମ୍ବର ୧୦ ତାରିଖ ଅପରାହ୍ନ ୪ଟାରେ ୧୩ ବର୍ଷିୟା ପୀଡ଼ିତା ଅନ୍ୟ ଜଣେ ସାଙ୍ଗ ସହିତ ଟିଉସନ ଯାଇ ଆଉ ଘରକୁ ନଫେରିବାରୁ ପରଦିନ ପୀଡ଼ିତାଙ୍କ ମା ସଦର ଥାନାରେ ଏ ନେଇ ଏତଲା ଦେଇଥିଲେ । ସଦର ଥାନା ପୁଲିସ ଏତଲା ପଞ୍ଜୀକରଣ କରିବା ପରେ ତଦନ୍ତ ସମୟରେ ପୀଡ଼ିତାଙ୍କୁ ଉଦ୍ଧାର କରିଥିଲା । ପୀଡ଼ିତାଙ୍କୁ ରଞ୍ଜିତ ଅପହରଣ କରିବା ପରେ ଏକ ସ୍ଥାନରେ ରଖି ଦୁଷ୍କର୍ମ କରିଥିବା ତଦନ୍ତ ବେଳେ ଜଣା ପଡ଼ିଥିଲା । ପୁଲିସ ରଞ୍ଜିତକୁ ଗିରଫ କରିଥିଲା ବେଳେ ଗତ ୨୦୨୪, ମାର୍ଚ୍ଚ ୧୪ରେ ଅଭିଯୁକ୍ତ ବିରୋଧରେ ଅଦାଲତରେ ଚାର୍ଜସିଟ ଦାଖଲ କରିଥିଲା । ଏହି ମାମଲାରେ ମେ ୮ରେ ଅଭିଯୁକ୍ତଙ୍କ ବିରୋଧରେ ଅଦାଲତ ଚାର୍ଜଫ୍ରେମ କରିଥିଲେ । ଅଦାଲତରେ ମାମଲାର ଶୁଣାଣି ବେଳେ ପୀଡ଼ିତା, ଏତଲାକାରୀଙ୍କ ସମେତ ୯ଜଣଙ୍କ ପ୍ରସିକ୍ୟୁସନ ତରଫରୁ ସାକ୍ଷ୍ୟ ଗ୍ରହଣ କରାଯାଇଥିଲା। ସରକାରଙ୍କ ତରଫରୁ ସ୍ୱତନ୍ତ୍ର ପବ୍ଲିକ ପ୍ରସିକ୍ୟୁଟର ରମେଶ ଚନ୍ଦ୍ର ମହାନ୍ତି ମାମଲା ପରିଚାଳନା କରୁଥିଲେ ।

# ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘ ସହ ଗଣଶିକ୍ଷା ସଚିବଙ୍କ ଆଲୋଚନା

ଭୁବନେଶ୍ୱର, ୧୪।୮ (ସମିସ): ଶିକ୍ଷା ଓ ଶିକ୍ଷକଙ୍କ ବିଭିନ୍ନ ସମସ୍ୟା ନେଇ ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘ ସହିତ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ସଚିବ ଶାଳିନୀ ପଣ୍ଡିତ ଆଜି ଆଲୋଚନା କରିଛନ୍ତି । ଆଲୋଚନା ମଧ୍ୟରେ ୨୦୦୪ ରୁ ୨୦୧୪ ମଧ୍ୟରେ ନିଯୁକ୍ତ ଶିକ୍ଷକଙ୍କ ୬ ବର୍ଷର ଚୁକ୍ତି ଅବଧିକୁ ନିୟମିତ ଭାବେ ଗଣନା କରି ୬ଟି ନେସନାଲ୍ ଇନ୍‌କ୍ରିମେଣ୍ଟ ପ୍ରଦାନ କରିବା ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରାଯାଇଛି । ଏହାପରେ ଅର୍ଥ ବିଭାଗର ଅନୁମୋଦନ ପାଇଁ ପଠାଯିବ ବୋଲି ସଚିବ କହିଛନ୍ତି । ସେହିପରି ୧୯୯୩ ମସିହା କ୍ୟାଡର୍ ଉଚ୍ଛେଦ କରିବା ପାଇଁ ଡ୍ରାଫ୍ଟ କାର୍ଯ୍ୟ ସରିଛି; ଖୁବ୍‌ଶୀଘ୍ର ସମସ୍ତ ଟିଜି, ହିନ୍ଦୀ, ସଂସ୍କୃତ ଏବଂ ଶାରୀରିକ ଶିକ୍ଷା ଶିକ୍ଷକଙ୍କ ପାଇଁ ଏକାବେଳେ ଲାଗୁ କରାଯିବ । ବିଶେଷ କରି ହିନ୍ଦୀ ଓ ସଂସ୍କୃତ ଶିକ୍ଷକମାନେ ମଧ୍ୟ ପ୍ରଧାନ ଶିକ୍ଷକ ହୋଇପାରିବେ ବୋଲି ସଚିବ ସୂଚନା ଦେଇଥିବା ସଂଘ ପକ୍ଷରୁ କୁହାଯାଇଛି । ଅନୁରୂପ ଭାବେ ପ୍ରୋମସନ୍ ପାଇଁ ଗ୍ରେଡେସନ୍ ଲିଷ୍ଟ ଦୁଇସପ୍ତାହ ମଧ୍ୟରେ ପ୍ରକାଶ ପାଇବ । ବଦଳି ସୁବିଧା ଯଥା ଟିଜି, ହିନ୍ଦୀ, ସଂସ୍କୃତ ଏବଂ ଶାରୀରିକ ଶିକ୍ଷା ଶିକ୍ଷକଙ୍କ ଦମ୍ପତି ବଦଳି, ଏକାଧିକ ଥର ସହମତି ବଦଳିକୁ ଅଗ୍ରାଧିକାର ଦିଆଯିବ । ସ୍ୱାସ୍ଥ୍ୟ ବୀମା ପ୍ରଦାନ ସହ ୨୦୧୬ ବ୍ୟାଚ୍ ଶିକ୍ଷକଙ୍କ ବକେୟା ପାଉଣା, ଓଏସ୍‌ଏସ୍‌ଟିଇଟି ପାସ୍ କରିଥିବା ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ନିୟମିତ କରିବା, ଟିଜି ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ୪୬୦୦ ଗ୍ରେଡ୍ ପେ, ବିଏ ବିପିଇଡି ଓ ସିପିଇଡି ଉତ୍ତୀର୍ଣ୍ଣଙ୍କୁ ୪୨୦୦ ଗ୍ରେଡ୍ ପେ ସହ ପୁରୁଣା ପେନସନ୍ ପରି ମୋଟ୍ ୧୩ଟି ଦାବି ଉପରେ ଆଲୋଚନା ହୋଇଥିବା ସଙ୍ଘର ସଭାପତି ପ୍ରଦୀପ୍ତ କୁମାର ପ୍ରଧାନ ସୂଚନା ଦେଇଛନ୍ତି । ଆଲୋଚନାରେ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକ ବୀରେନ୍ଦ୍ର କେରକେରାଙ୍କ ସମେତ ସଂଘର ସମ୍ପାଦକ ଅମରେନ୍ଦ୍ର ସ୍ୱାଇଁ, ମହାସଚିବ ବିଶ୍ୱଜିତ ବିଶ୍ୱାଳ ଓ ବହୁ ଅଧିକାରୀ ଉପସ୍ଥିତ ଥିଲେ ।

# ନୂଆଖାଇଁ ପର ଦିନ ହାଇକୋର୍ଟ ଛୁଟି

କଟକ, ୧୪।୮ (ସମିସ): ଅଗଷ୍ଟ ୨୯ ତାରିଖ ଶୁକ୍ରବାର ଦିନ ହାଇକୋର୍ଟ ଛୁଟି ରହିବ । ନୂଆଁଖାଇ ପର ଦିନ ଅଗଷ୍ଟ ୨୯ ତାରିଖକୁ ହାଇକୋର୍ଟ ପକ୍ଷରୁ ଛୁଟି ଭାବେ ଘୋଷଣା କରାଯାଇଛି । ଏହା ବଦଳରେ ସେପ୍ଟେମ୍ବର ୨୦ ତାରିଖ ଶନିବାରକୁ ହାଇକୋର୍ଟ ପାଇଁ କାର୍ଯ୍ୟ ଦିବସ ଭାବେ ଘୋଷଣା କରାଯାଇଛି । ଏ ନେଇ ଆଜି ହାଇକୋର୍ଟ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ଏଠାରେ ଉଲ୍ଲେଖଯୋଗ୍ୟ, ଗଣେଶ ପୂଜା ଓ ନୂଆଁଖାଇ ପାଇ ଅଗଷ୍ଟ ୨୭ ଓ ୨୮ ତାରିଖ ହାଇକୋର୍ଟ ଛୁଟି ଥିଲା ।


GOVT OF ODISHA O-564
OFFICE OF THE SUPERINTENDING ENGINEER, RURAL WORKS DIVISION, NAYAGARH
At/Po- Nabaghanpur, Dist.- Nayagarh, ph-06753-252049, Email: nayagarhrw2006@yahoo.in
No. Tender Online Nayagarh Divn. 03/2025-26, Date 06.08.2025

e-Procurement Notice

1. Name of the work : Building works.
2. Total No. of Projects : 05(Five) Nos of projects
3. Class of contractor
   a) Estimated cost above Rs. 20.00 Lakhs & up to Rs.3.00 Crore — B Class ( of Odisha PWD) or relevant class of other licensing authorities.
   b) Estimated cost up to Rs. 40.00 Lakhs — C Class( of Odisha PWD) or relevant class of other licensing authorities
   c) Estimated cost up to Rs. 20.00 Lakhs — D Class ( of Odisha PWD) or relevant class of other licensing authorities.
4. Estimated cost put to tender: Rs.13.12 Lakhs to Rs.24.70 lakhs
5. Time for completion : 04(Four) & 03(Three) calendar month.
6. Other details

| Procurement Officer | Bid Identification No. | Availability of Tender on-line for bidding | | Date & Time of opening of tender |
|---|---|---|---|---|
| | | From | To | |
| 1 | 2 | 3 | 4 | 5 |
| Superintending Engineer, Rural Works Division, Nayagarh | No:-Tender – Online – Divn. NAYAGARH – 03/2025-26 | 21.08.2025 at 10.00 A.M | 04.09.2025 upto 5.30 P.M. | 06.09.2025 at 11.00 A.M |

Further details can be seen from the website www.tendersorissa.gov.in
OIPR-25106/11/0031/2526
Executive Engineer
Rural Works Division, Nayagarh



**AFFIDAVIT**
By virtue of an affidavit sworn before Notary public Bhubaneswar on dated, 13.08.2025, I Lily Raj resident of Suliapada, Guhaldiha, Po- Baghra, Dist-Mayurbhanj, Odisha, PIN-757022, declare that I have changed my name from Lily Majhi to Lily Raj. Henceforth I shall be known as **LILY RAJ** for all purposes.

**AFFIDAVIT**
By virtue of an affidavit before Executive Magistrate, Cuttack, Odisha.I, Adaitya Kumar Sahoo, S/o- Late Krushna Chandra Sahoo, Plot No-307/487, Paradipgarh, Jagatsinghpur, stated that in the MBPY book my name wrongly mentioned as Adwaita Sahoo instead of Adaitya Kumar Sahoo. So I declared by this affidavit dated 11 Aug 2025, Adwaita Sahoo and Adaitya Kumar Sahoo is one and same person. I shall be known as Adaitya Kumar Sahoo for all further purposes.
**Sd/-Adaitya Kumar Sahoo.**

**AFFIDAVIT**
By virtue of an affidavit sworn before Executive Magistrate, Angul on dtd.02. 08.2025, I Shreekanta Tripathy, S/o- Sheshadev Tripathy, At/Po./Ps./Dist.- Balangir- 767001 state that, I have changed my name from **Shrikant Tripathy** to **Shreekanta Kumar Tripathy**. Hence I shall be known as **Shreekanta Kumar Tripathy** for all future purposes.

**Notice (for Minor)**
By virtue of an affidavit sworn before Executive Magistrate, Begunia, dated 31.07.2025 I, Balaji Sahoo, Address At-Bagalpur,Po-Chakapada,Ps-Begunia,Dist-Khurda,Pin-752062 declare that I have changed the name of my son from Abhikit Sahoo to Abhijit Sahoo. Henceforth, he shall be known as Abhijit Sahoo for all purposes.
**Balaji Sahoo**

**AFFIDAVIT**
I, Shek Azad, S/o- Sk Akbar, resident of At- Kanheipur, Po- Bhagatpur, Kotasahi, Dist- Cuttack, PIN- 754022, Odisha declared by this affidavit No. 649, dtd- 12/08/2025 that now onwards I shall be known as **SK AZAD** for all future purposes.

**AFFIDAVIT**
By virtue of an affidavit sworn before Executive Magistrate, PURI, dated 11/08/2025. I P.SONY RAO, Address JARAKATA SAHI,PURI declare that I have changed the name of my daughter from P.AISHWARAYA RAO to P NIHARIKA Henceforth,she shall be known as **P NIHARIKA** for all purposes.
**P NIHARIKA**

**AFFIDAVIT**
By virtue of an affidavit sworn before Executive Magistrate Bhubaneswar, Affidavit No-103, on dated 11.08.2025, I Rama Krushna Padhy resident of S-3/563, Niladri Vihar, Near Pump House, Chandrasekharpur, Bhubaneswar, Dist- Khurdha, Odisha, PIN-751021, declare that I have changed the name of my Son from Ayusman Padhy to Ayushman Padhy . Henceforth, he shall be known as **AYUSHMAN PADHY** for all future purposes.

**AFFIDAVIT**
I, Shek Akbar, S/o- Sk Abdul Jabar, resident of Haladidiha, Bhadrak, Dist- Bhadrak, PIN- 756100, Odisha declared by this affidavit No. 653, dtd- 13/08/2025 that now onwards I shall be known as **SK AKBAR** for all future purposes.

**AFFIDAVIT**
By virtue of an affidavit Sl No. 466, dtd- 5/8/2025 before the Executive Magistrate, Bisoi, Mayurbhanj. I, Saibu Soren, S/o Prasad Soren, resident of Vill- Jodia, Po- Sunajodia Ps- Bisoi, Dist- Mayurbhanj declare that in my Aadhar Card No. 7549 9427 5848 my name has been wrongly mentioned as Sana Saibu Soren instead of Saibu Soren. Now I want to change my name in the said Aadhaar Card. Henceforth, I am known as **Saibu Soren** in all purposes.

**AFFIDAVIT**
I, Kalandi Charan Sahoo, S/o- Pahali Sahoo, resident of Alana, Alanahat, Naugaon, Dist- Jagatainghpur, PIN- 754107, Odisha declared by this affidavit No. 650, dtd- 12/08/2025 that now onwards I shall be known as **KALANDI SAHOO** for all future purposes.

**AFFIDAVIT**
I, Pritishree Chuadhary, D/o- Ramesh Chandra Panda, resident of H.N-81, Ramahari Nagar 2nd lane, Near Jenana Hospital, Brahmapur Sadar, Po- Berhampur, Dist- Ganjam, PIN- 760001, Odisha declared by this affidavit No. 654, dtd- 13/08/2025 that now onwards I shall be known as **PRITISHREE PANDA** for all future purposes.

**AFFIDAVIT**
By virtue of an affidavit sworn before Notary public Bhubaneswar on dated, 13.08.2025, I Anu Nayak resident of Harijana Basti, Near Durga Mandap, Unit-6, Bhubaneswar, Dist- Khorda, Odisha, PIN-751001, declare that I have changed my name from Anu Dei to Anu Nayak. Henceforth I shall be known as **ANU NAYAK** for all purposes.

**AFFIDAVIT**
By virtue of an affidavit sworn before Executive Magistrate, Umerkote, Nabarangpur, I Chinmayi Bachhar, W/o- Sekhar Bachhar resident of Vill.- Anchala, Po.- Ekamba, Ps.- Umerkote, Dist.- Nabarangpur, Odisha state that, I have changed my name from **CHINMAYEE BAIDYA** to **CHINMAYI BACHHAR**. Hence I shall be known as **Chinmayi Bachhar** for all future purposes.

**AFFIDAVIT**
By virtue of an affidavit before The Notary Public, Titilagarh, on dated- 10/08/2025. I, **Laxmipriya Sahoo** (new name) formerly called as **Rajani Sahu** (old name), W/o Bijaya Sahoo, Permanent resident of At- Habaleswar, P.O. Dimiria, P.S. Nandipada, Dist- Keonjhar (Odisha), PIN- 756121 now residing at the same place affirm that I have changed my name from **Rajani Sahu** (old name) to **Laxmipriya Sahoo** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Laxmipriya Sahoo** (new name).
**Laxmipriya Sahoo**

**AFFIDAVIT**
I, Kala Das Mohapatra, W/o – Lalatendu Das Mohapatra, resident of 35, Park Tower Apartment, Unit 6, Bhubaneswar-751001 declare by this affidavit No 21 dated 6.8.2025 that now onwards I shall be known as Kala Pattnaik for all future purposes.

**ପୂର୍ବ ତଟ ରେଳପଥ**
ଟେଣ୍ଡର ବିଜ୍ଞପ୍ତି ସଂ. ST-OT-AMC-MSDAC-487, ତା.07.08.2025ରିଖ
କାର୍ଯ୍ୟର ନାମ : 36 ମାସ ନିମନ୍ତେ SIEMENS ଦ୍ୱାରା ନିର୍ମିତ ମଲ୍ଟି ସେକ୍ସନ ଡିଜିଟାଲ ଏକ୍ସଲ କାଉଣ୍ଟର ନିମନ୍ତେ ବ୍ୟାପକ ବାର୍ଷିକ ରକ୍ଷଣାବେକ୍ଷଣ ଚୁକ୍ତି ।
ଟେଣ୍ଡର ମୂଲ୍ୟ (₹) : 70,51,290.12, EMD (₹): 1,41,000.00, ଟେଣ୍ଡର କାଗଜପତ୍ରର ମୂଲ୍ୟ (₹) : 5,900.00 ।
ବିଡ୍ ଆରମ୍ଭ ହେବା ତାରିଖ : ତା.15.08.2025ରିଖ, ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ତା.29.08.2025 ରିଖ 1100 ଘଣ୍ଟିକାରେ ।
ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ଭାବେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ଭାବେ ନାକଚ କରାଯିବ ।
ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର କାଗଜପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ ।
ଦ୍ରଷ୍ଟବ୍ୟ: ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟ୍‌କୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଛି ।
ବରିଷ୍ଠ ମଣ୍ଡଳ ସଂକେତ ଏବଂ ଦୂରସଂଚାର ଯନ୍ତ୍ରୀ, ଖୋର୍ଦ୍ଧା ରୋଡ୍
PR-468/Q/25-26

**AFFIDAVIT**
I, Sanatana Sethi, age about 49 years, S/o- Nirakar Sethi, resident of Plot No. 173, Nuasahi, Siripur, Near City Womens College, Bhubaneswar, Dist- Khordha, PIN- 751003, Odisha declared by this affidavit No. 1633, dated- 13.08.2025 that now onwards I shall be known as **SANATAN SETHI** for all future purposes.

**AFFIDAVIT**
By virtue of an affidavit before The Notary Public, Titilagarh, on dated- 04/08/2025. I, **Jhara Rana** (new name) formerly called as **Tilattama Rana** (old name), W/o Tulasiram Rana, Permanent resident of At- Patharla, P.O. Kholan, P.S. Titilagarh, Dist- Balangir (Odisha), PIN- 767066 now residing at the same place affirm that I have changed my name from **Tilattama Rana** (old name) to **Jhara Rana** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Jhara Rana** (new name).
**Jhara Rana**

# ନାବାଳିକାଙ୍କୁ ଦୁଷ୍କର୍ମ ଅଭିଯୋଗ: ୨ ଗିରଫ

ଜୟପୁର,୧୪।୮ (ସମିସ): କୋରାପୁଟ ଜିଲ୍ଲା ଜୟପୁର ମହିଳାଥାନା ପୁଲିସ ପକ୍ଷରୁ ନାବାଳିକାଙ୍କୁ ବିବାହ ପ୍ରଲୋଭନ ଦେଖାଇ ଦୁଷ୍କର୍ମ ଅଭିଯୋଗରେ ଦୁଇଟି ପୃଥକ ମାମଲାରେ ୨ ଅଭିଯୁକ୍ତଙ୍କୁ ଗିରଫ କରାଯାଇ କୋର୍ଟ ଚାଲଣ କରାଯାଇଛି। ଦୁଇ ଅଭିଯୁକ୍ତ ହେଲେ ବୋରିଗୁମ୍ମା ଥାନା ଜୟନ୍ତୀଗିରି ଗ୍ରାମର କାର୍ତ୍ତିକ ପରଜା (୧୮) ଏବଂ ଜୟପୁର ସଦରଥାନା ବୈରାଗୀମଠ ଗ୍ରାମର ଉଦ୍ଧବ୍ ଖିଲ। ମହିଳା ଥାନା ପୁଲିସ ସୂଚନା ଅନୁଯାୟୀ ପ୍ରଥମ ଘଟଣାରେ ଅଭିଯୁକ୍ତ କାର୍ତ୍ତିକ ସ୍ଥାନୀୟ ଅଞ୍ଚଳ ଜଣେ ୧୬ ବର୍ଷିୟା ନାବାଳିକାଙ୍କୁ ବିବାହ ପ୍ରଲୋଭନ ଦେଖାଇ ଗତ ୭ ମାସ ହେଲାଣି ବାରମ୍ବାର ଦୁଷ୍କର୍ମ କରିଥିଲେ। ନାବାଳିକା ୫ ମାସର ଗର୍ଭବତୀ ଅଛନ୍ତି। ଏଥିନେଇ ଗ୍ରାମରେ ସମାଧାନ ନେଇ ଆଲୋଚନା ହୋଇଥିଲା। କିନ୍ତୁ ସମାଧାନ ହୋଇନଥିବା ବେଳେ ନାବାଳିକା ଏବଂ ତାଙ୍କ ପରିବାରକୁ ପାଲଟା ଧମକଚମକ ଦେଉଥିବା ନେଇ ନାବାଳିକାଙ୍କ ମା ମହିଳା ଥାନାରେ ଲିଖିତ ଅଭିଯୋଗ କ୍ରମେ ଅଭିଯୁକ୍ତଙ୍କୁ ଗିରଫ କରାଯାଇ କୋର୍ଟ ଚାଲଣ କରାଯାଇଛି। ସେହିପରି ଦ୍ୱିତୀୟ ଘଟଣାରେ ଜୟପୁର ସଦରଥାନା ବୈରାଗିମଠର ଅଭିଯୁକ୍ତ ଉଦ୍ଧବ ଖିଲ (୨୮) ଗତ କିଛି ବର୍ଷ ପୂର୍ବେ ଉକ୍ତ ଗ୍ରାମର ଜଣେ ୧୭ ବର୍ଷ ନାବାଳିକାଙ୍କୁ ପ୍ରେମ କରୁଥିଲେ। ଏହିପରି ବିବାହ ପ୍ରଲୋଭନ ଦେଖାଇ ଶାରରୀକ ସମ୍ପର୍କ ରଖିଥିଲେ। ବର୍ତ୍ତମାନ ଅଭିଯୁକ୍ତ ଅନ୍ୟଜଣେ ଝିଅଙ୍କୁ ପ୍ରେମ କରୁଥିବା ବେଳେ ତାଙ୍କୁ ବିବାହ କରିବାକୁ ପ୍ରସ୍ତୁତ ହେଉଛନ୍ତି। ଏଥିନେଇ ନାବାଳିକାକୁ ଅଭିଯୁକ୍ତ ଯୁବକ ପାଲଟା ଧମକଚମକ ଦେଉଥିଲେ। ଶେଷରେ ନାବାଳିକାଙ୍କ ପରିବାର ମହିଳା ଥାନାର ଦ୍ୱାରସ୍ତ ହୋଇଛନ୍ତି। ଅଭିଯୋଗକାରିଣୀଙ୍କୁ ଏତଲାକୁ ଭିତ୍ତି କରାଯାଇ ଅଭିଯୁକ୍ତଙ୍କୁ ଗିରଫ କରାଯାଇ କୋର୍ଟ ଚାଲଣ କରିଥିବା ନେଇ ମହିଳା ଥାନା ଅଧିକାରୀ ଆଶ୍ରିତା ଖାଲ୍କୋ ପ୍ରକାଶ କରିଛନ୍ତି।

# ଅବକାରୀ ଚଢ଼ଉ, ବିପୁଳ ମଦ ଜବତ



ନବରଙ୍ଗପୁର,୧୪।୮ (ସମିସ): ନବରଙ୍ଗପୁର ଜିଲ୍ଲା ଅବକାରୀ ଅଧିକ୍ଷକ ପ୍ରତାପ କୁମାର ଦାସଙ୍କ ନିର୍ଦ୍ଦେଶ କ୍ରମେ ନବରଙ୍ଗପୁର ଅବକାରୀ ନିରୀକ୍ଷକ ଦିଲୀପ କୁମାର ରଥଙ୍କ ନେତୃତ୍ୱରେ ବିଭାଗୀୟ କର୍ମଚାରୀ ଏବଂ ଅବକାରୀ ଥାନା କର୍ମଚାରୀମାନଙ୍କୁ ନେଇ ଏକ ଟିମ୍ ଗଠନ କରି ନବରଙ୍ଗପୁର ଜିଲ୍ଲା ଖାତିଗୁଡା ଥାନା ଅନ୍ତର୍ଗତ ଲଙ୍ଗଲ ଅଟଲ ଗ୍ରାମରେ ଚଢ଼ଉ କରାଯାଇଥିଲା। ଭୀମ ଚୌଧୁରୀଙ୍କ ନିକଟରୁ ୪୦ ଲିଟର ଚୋରା ଦେଶୀ ହାତ ରନ୍ଧା ମଦ ଜବତ କରାଯାଇଥିବା ବେଳେ ନବରଙ୍ଗପୁର ଥାନା ଅନ୍ତର୍ଗତ ସୁରୁଗୁଡା ଗ୍ରାମର ଡାଳିମ୍ବ ବିଶୋଇଙ୍କ ନିକଟରୁ ୧୧ ଲିଟର ୯୭୫ ମିଲି ବିଆର୍ ଜବତ କରାଯାଇଛି। ୪ ଲିଟର ୩୨୦ ମିଲି ବିଦେଶୀ ମଦ ଓ ପୋଚ ୪୫୦ ଲିଟର ଜବତ କରାଯାଇଛି। ଦୁଇ ଅଭିଯୁକ୍ତଙ୍କୁ ନବରଙ୍ଗପୁର ଏସଡିଜେଏମ ଅଦାଲତରେ ହାଜର କରାଯାଇଛି ଏବଂ ଏହି ଚଢ଼ଉ ସମୟରେ ରଞ୍ଜୀ ଜାନି, ରେଶମା ସୁନା ଓ ଅକ୍ରମ୍ ଖାନ୍ ପ୍ରମୁଖ ଉପସ୍ଥିତ ରହି ସହଯୋଗ କରି ଥିବା ନବରଙ୍ଗପୁର ଅବକାରୀ ନିରୀକ୍ଷକ ଦିଲ୍ଲୀପ କୁମାର ରଥ ସୂଚନା ଦେଇଛନ୍ତି।

# ବିଧାୟକଙ୍କ ସୀମାନ୍ତ ଅଞ୍ଚଳ ଗସ୍ତ

## ● କଲେ ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି

ନନ୍ଦପୁର ,୧୪।୮ (ସମିସ): ପଟାଙ୍ଗୀ ନିର୍ବାଚନ ମଣ୍ଡଳୀର ତିନୋଟି ବ୍ଲକର ବିକାଶ ଓ ଉନ୍ନତି ନେଇ ବିଧାୟକ ଶ୍ରୀ କାଡ଼ାମଙ୍କ ବଡ଼ ପ୍ରୟାସ ଆରମ୍ଭ କରିଛନ୍ତି । ବର୍ତ୍ତମାନ ତିନୋଟି ବ୍ଲକର ପ୍ରତି ଗ୍ରାମପଞ୍ଚାୟତରେ ବିଧାୟକଙ୍କ ଦ୍ୱାରା ଅଭିଯୋଗ ଶୁଣାଣି ହୋଇଛି। ଏହାକୁ ନେଇ ଅଞ୍ଚଳବାସୀଙ୍କ ମଧ୍ୟରେ ନୂଆ ଆଶା ସଂଚାର ସୃଷ୍ଟି ହୋଇଛି। ଗତ ତିନି ଦିନ ହେବ ବିଧାୟକ ଶ୍ରୀ କାଡ଼ାମ ମାରାଥନ ଗସ୍ତକରି ନନ୍ଦପୁର ବ୍ଲକର ବିଲାପୁଟ, ବାଡେଲ, ଗଲୁରୁ, ପାଣ୍ଟଲୁଙ୍ଗ ଗ୍ରାମପଞ୍ଚାୟତରେ ଅଭିଯୋଗ ଶୁଣାଣି କରି ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିବା ସହ ଲୋକଙ୍କ ସମସ୍ୟା ବୁଝିଥିଲେ। ଏହି କାର୍ଯ୍ୟକ୍ରମରେ ବିଡିଓ ଦୁର୍ଗାପ୍ରସାଦ ଦୋରାଙ୍କ ଅଧ୍ୟକ୍ଷତାରେ ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ଡା. ଧ୍ରୁବରାଜ ମୁର୍ମୁ, ସିଡିପିଓ ମିନତି ବାଳାପଟ୍ଟନାୟକ, ଏବିଇଓ ମୁମତାଜ ଗମାଙ୍ଗ, ଏଇଇ ଯଶକେତନ ବେହେରା, ସରପଞ୍ଚ ତୁଳା ହଂଶାଙ୍କ ସହ ସମସ୍ତ ଲାଇନ୍ ଡିପାର୍ଟମେଣ୍ଟ ଯୋଗ ଦେଇଥିଲେ। ଏହି ଅବସରରେ ପଟାଙ୍ଗି ବିଧାୟକ ରାମଚନ୍ଦ୍ର କାଡ଼ାମ ନିଜ ପ୍ରତିନିଧି ଦଳ ସହ ପହଞ୍ଚି ମୁଖ୍ୟ ଅତିଥି ଭାବେ ମଞ୍ଚାସୀନ ହୋଇ ଲୋକଙ୍କ ଅଭିଯୋଗ ସମୂହ ଶୁଣିବା ସହ ସଂପୃକ୍ତ ବିଭାଗୀୟ ଅଧିକାରୀ ମାନଙ୍କୁ ତୁରନ୍ତ ସମାଧାନ ଲାଗି ପଦକ୍ଷେପ ନେବାଲାଗି ନିର୍ଦ୍ଦେଶ ଦେଇଥିଲେ। ଅନ୍ୟ ମାନଙ୍କ ଭିତରେ କଂଗ୍ରେସ ବିଧାୟକ ପ୍ରତିନିଧି କାମେଶ କାମୁଡି, ଯୁବନେତା ନୀଳାମ୍ବର ହଂସା, ମଦନ ହାଡ ପୁଟିଆ, ରାମକୃଷ୍ଣ ପଡ଼ାଲ, ସଞ୍ଜୀବ ଖରା, ଭୁବନ ଆସନ ଧାରୀ, ବ୍ଲକ ସଭାପତି ଦେବେନ୍ଦ୍ର ଖେମୁଣ୍ଡୁ ସମେତ ଅଞ୍ଚଳବାସୀ ଉପସ୍ଥିତ ଥିଲେ।

## ● ନିଖୋଜ ନାବାଳକଙ୍କ ପତ୍ତା ପାଉନି ପୋଲିସ

# ପୁଣି ଥାନା ଦ୍ୱାରସ୍ଥ ହେଲେ ପରିବାର ଲୋକେ




ବୈପାରିଗୁଡ଼ା, ୧୪।୮ (ସମିସ): ବୈପାରିଗୁଡା ବ୍ଲକ ଟେଣ୍ଟକାପଦର ଗ୍ରାମର ନିଲୁ ସାନ୍ତାଙ୍କ ନାବାଳକ ପୁଅ ଭଗବାନ ସାନ୍ତା (୧୪) ନିଖୋଜ ଥିବା ନେଇ ରାମଗିରି ଫାଣ୍ଡିରେ ଏତଲା ଦିଆଯାଇଥିଲା। ହେଲେ ନିଖୋଜ ଏତଲାର ୧୬ ଦିନ ପରେ ମଧ୍ୟ ପୁଲିସର ହାତ ଖାଲି । ଆଜି ପୁଣି ଥରେ ବୈପାରୀଗୁଡା ଥାନା ଦ୍ୱାରସ୍ତ ହୋଇଛନ୍ତି ନାବାଳକଙ୍କ ପରିବାର ଲୋକେ। ପରିବାର ଲୋକଙ୍କ ସୂଚନା ଅନୁଯାଇ, ଗତ ଜୁଲାଇ ୨୯ ତାରିଖ ଦିନ ସକାଳ ୯ଟା ବେଳେ ରାମଗିରି ସେଲୁନକୁ ଚୁଟି କାଟିବାକୁ ବାହାରିଥିଲେ ନାବାଳକ। କିନ୍ତୁ ସନ୍ଧ୍ୟା ପର୍ଯ୍ୟନ୍ତ ଘରକୁ ନଫେରିବାରୁ ଘର ଲୋକେ ଖୋଜାଖୋଜି ଆରମ୍ଭ କରିଥିଲେ। ବହୁ ଖୋଜାଖୋଜି ପରେ ନମିଳିବାରୁ ରାମଗିରି ଫାଣ୍ଡିରେ ପୁଅ ଭଗବାନ ନିଖୋଜ ଥିବା ନେଇ ବାପା ନିଲୁ ସାନ୍ତା ଏତଲା ଦେଇଥିଲେ। କିନ୍ତୁ ଏତଲାର ୧୬ ଦିନ ପରେ ମଧ୍ୟ ରାମଗିରି ଫାଣ୍ଡି ପୁଲିସ୍ କୌଣସି ପଦକ୍ଷେପ ନନେବାରୁ ନିରାଶ ହୋଇ ଆଜି ବୈପାରିଗୁଡା ଥାନାର ଦ୍ୱାରସ୍ଥ ହୋଇଥିଲେ ପରିବାର ଲୋକେ। ଗାଁ ଲୋକଙ୍କ ଅଭିଯୋଗ ପରେ ବୈପାରିଗୁଡା ଥାନା ଆଇଆଇସି ରଶ୍ମି ରଂଜନ ପ୍ରଧାନ କହିଛନ୍ତି ଯେ, ଏକ ସ୍ୱତନ୍ତ୍ର ଟିମ୍ ଗଠନ କରି ଭଗବାନଙ୍କୁ ଖୋଜିବା ପାଇଁ ରାୟଗଡ଼ା ପଠାଯିବ।

# ୫୦ ପ୍ରତିଶତ ଜଳିଯାଇ ଛଟପଟ ହେଉଛି କୁନି ଝିଅ



ଲକ୍ଷ୍ମୀପୁର,୧୪।୮ (ସମିସ): କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ବ୍ଲକ ତଳକାଇପଦର ମୀନ ହିକକାଙ୍କ ଦୁଇ ବର୍ଷର ଝିଅ ନିଆଁରେ ୫୦ ପ୍ରତିଶତ ଜଳିଯାଇ ଛଟପଟ ହେଉଛି। ମା ବାପା ଝିଅର ଛଟପଟ ଆଖି ଆଗରେ ଦେଖୁଛନ୍ତି । କିନ୍ତୁ କିଛି କରି ପାରୁ ନାହାଁନ୍ତି। କାରଣ ଅର୍ଥ ସାଜିଛି ବାଧକ। ଅର୍ଥାଭାବ ଯୋଗୁଁ କୌଣସି ଏକ ଉଚ୍ଚ ଚିକିତ୍ସା ପାଇଁ ନେଇ ପାରୁ ନାହାଁନ୍ତି। ପ୍ରଥମିକ ଚିକିତ୍ସା ସମୟରେ ଡାକ୍ତର ବ୍ରହ୍ମପୁର କିମ୍ବା କଟକ ଭଳି ବଡ ମେଡ଼ିକାଲକୁ ନେଇ ଚିକିତ୍ସା କରିବାକୁ ପରାମର୍ଶ କରି ଥିଲେ। କିନ୍ତୁ ଆର୍ଥିକ ସ୍ଥିତି ଠିକ୍ ନଥିବା କାରଣରୁ ଦୁଇ ବର୍ଷର ଝିଅ କୁ ଘରେ ପକାଇ ରଖିଛନ୍ତି। ଗତ ମଙ୍ଗଳବାର ଦିନ ମା' ଦାନାଇ ହିକକା ଝିଅକୁ ଚାଷ ଜମିର କୁଡ଼ିଆରେ ଛାଡି କାଠ ସଂଗ୍ରହ କରିବାକୁ ଯାଇଥିଲା। ବର୍ଷା କାରଣରୁ ଥଣ୍ଡା ହେଉ ଥିଲା। କୁଡ଼ିଆରେ ଥିବା କାଠ ଚୁଲି ନିଆଁରେ ସେକ ନେଉ ଥିବା ସମୟରେ ଝିଅର ପୋଷାକରେ ନିଆଁ ଲାଗି ଯାଇଥିଲା। ବାପା ଓ ମା ଦୌଡ଼ି ଆସି ନିଆଁ ଲିଭେଇ ଥିଲେ। କିନ୍ତୁ ସେତିକି ସମୟ ମଧ୍ୟରେ ଝିଅ ଅଧାରୁ ଅଧିକ ପୋଡି ହୋଇଯାଇଥିଲା। ସଙ୍ଗେ ସଙ୍ଗେ ଝିଅକୁ ଲକ୍ଷ୍ମୀପୁର ଡାକ୍ତରଖାନା ଓ ପରେ ଗୁରୁତର ଥିବାରୁ କୋରାପୁଟ ଏସେଲେନ ମେଡିକାଲ କଲେଜକୁ ସ୍ଥାନାନ୍ତର କରାଯାଇଥିଲା। କୋରାପୁଟରେ କିଛିଦିନ ଚିକିତ୍ସା ପରେ ଡାକ୍ତର ବ୍ରହ୍ମପୁର ନେବା ପାଇଁ କହିଥିଲେ କିନ୍ତୁ ଆର୍ଥିକ ସ୍ଥିତି ଠିକ ନଥିବା କାରଣରୁ ଝିଅ କୁ ନିଜ ଘରକୁ ନେଇ ଯାଇ ଥିଲେ। ଖବର ପାଇବା ପରେ ବିଡ଼ିଓ ଗୁରେଶ୍ୱର ଭୋଇ ଝିଅର ସମସ୍ତ ଚିକିତ୍ସା ବ୍ୟବସ୍ଥା କରାଯିବ। ତାଙ୍କ ସ୍ୱାସ୍ଥ୍ୟ ବୀମା କାର୍ଡ ଥିଲେ ଭଲ କଥା, ନଚେତ ରେଡକ୍ରସ ଜରିଆରେ ତୁରନ୍ତ ଚିକିତ୍ସା କରାଯିବା ବୋଲି ସେ କହିଛନ୍ତି।

# ବନ୍ଧୁଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଅଲଟ୍ରାସାଉଣ୍ଡ ପରୀକ୍ଷା ଶୁଭାରମ୍ଭ



ବନ୍ଧୁଗାଁ,୧୪।୮ (ଇମିସ): କୋରାପୁଟ ଜିଲ୍ଲା ବନ୍ଧୁଗାଁ ବ୍ଲକ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଇନ୍‌ଚାର୍ଜ ଡା. ରଶ୍ମି ରଞ୍ଜନ ସାମଲଙ୍କ ଉପସ୍ଥିତିରେ ଡା. ନବ କିଶୋର କୁଣ୍ଡୁଙ୍କ ଦ୍ୱାରା ନୂତନ ଅଲଟ୍ରାସାଉଣ୍ଡ ପରୀକ୍ଷା କେନ୍ଦ୍ର ଶୁଭାରମ୍ଭ କରାଯାଇଛି। ବ୍ଲକରେ ୧୩ ପଞ୍ଚାୟତ ୧୭୨ଟି ଗ୍ରାମ ସୀମାନ୍ତ ଆନ୍ଧ୍ରପ୍ରଦେଶକୁ ଲାଗି ରହିଛି। ବ୍ଲକରେ ୩ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଥିବା ବେଳେ ଏକ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ରହିଛି। ସ୍ୱାସ୍ଥ୍ୟସେବା ପାଇବା ପାଇଁ ୩ଟି ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଛାଡିଦେଲେ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରତି ମାସରେ ୩ ରୁ ୪ ହଜାର ଲୋକ ଆସି ଚିକିତ୍ସିତ ହେଉଛନ୍ତି। ସରକାରଙ୍କ ତରଫରୁ ଗୋଷ୍ଠୀ ସ୍ୱାସ୍ଥ୍ୟରେ ଅତି ସୁନ୍ଦର ଭାବରେ ସମସ୍ତ ବ୍ୟବସ୍ଥା ଥାଇ ନିର୍ମିତ ହୋଇଛି। ବର୍ତ୍ତମାନ ସ୍ୱାସ୍ଥ୍ୟ କେନ୍ଦ୍ରରେ ୫ ଜଣ ଡାକ୍ତର ରହି ସ୍ୱାସ୍ଥ୍ୟ କେନ୍ଦ୍ରର ପରିବେଶ ସୁସ୍ଥ ରଖିବା ସହିତ ଉତ୍ତମ ଚିକିତ୍ସା ସେବା ଯୋଗାଇ ଆସୁଛନ୍ତି। ଏତେ ସବୁ ଚିକିତ୍ସା ସେବା ମଧ୍ୟରେ ଆଜି ପୁଣି ଏକ ନୂତନ ଆଲଟ୍ରା ସାଉଣ୍ଡ ପରୀକ୍ଷାକୁ ଡ଼ା ନବ କିଶୋର କୁଣ୍ଡୁଙ୍କ ଦ୍ୱାରା ଶୁଭାରମ୍ଭ ହୋଇଥିଲା। ୪୦ ଜଣ ଗର୍ଭବତୀଙ୍କୁ ଡ଼ା କୁଣ୍ଡୁଙ୍କ ଦ୍ୱାରା ଅଲ୍ଟ୍ରାସାଉଣ୍ଡ ପରୀକ୍ଷା କରି ଏହି ସ୍ୱାସ୍ଥ୍ୟ କେନ୍ଦ୍ର ପାଇଁ ନୂତନ ଅଧ୍ୟାୟ ସୃଷ୍ଟି କରିଛନ୍ତି। ଡ. କୁଣ୍ଡୁ ଜୁଲାଇ ମାସ ୩୧ ରେ ଅବସର ଗ୍ରହଣ କରିଥିଲେ। ଜିଲ୍ଲା ପ୍ରଶାସନ ଓ ରାଜ୍ୟ ସରକାର ଡ଼ା କୁଣ୍ଡୁଙ୍କୁ ପୁନର୍ବାର ଦାୟିତ୍ୱ ଦେଇଛନ୍ତି। ଆମ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଡ଼ା କୁଣ୍ଡୁ ପ୍ରତି ସପ୍ତାହର ଗୁରୁବାର ଦିନ ରହି ଗର୍ଭବତୀ ମହିଳା ମାନଙ୍କୁ ମାଗଣା ଅଲଟ୍ରା ସାଉଣ୍ଡ ପରୀକ୍ଷା ଯୋଗାଇ ଦେବେ। ସରକାରଙ୍କ ତରଫରୁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଆଲଟ୍ରା ସାଉଣ୍ଡ ପରୀକ୍ଷା ସେବା ଯୋଗାଇ ଶୁଭାରମ୍ଭ କରି ଥିବାରୁ ବ୍ଲକର ସମସ୍ତ ଜନସାଧାରଣ ଧନ୍ୟବାଦ ଜଣାଇଛନ୍ତି।

# ସେମିଳିଗୁଡା ମହାବିଦ୍ୟାଳୟରେ ହର୍ ଘର୍ ତ୍ରିରଙ୍ଗା କାର୍ଯ୍ୟକ୍ରମ

ସେମିଳିଗୁଡା, ୧୪।୮ (ସମିସ): କୋରାପୁଟ ଜିଲ୍ଲାର ସେମିଳିଗୁଡା ମହାବିଦ୍ୟାଳୟରେ ସ୍?ାଧୀନତା ଦିବସ ପାଳନ ଅବସରରେ ହର୍ ଘର୍ ତ୍ରିରଙ୍ଗା କାର୍ଯକ୍ରମ ଅନୁଯାୟୀ ଏକ ଶୋଭାଯାତ୍ରା ଆୟୋଜିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ଝାନ୍‌ସୀ ସିଂହଙ୍କ ଅଧ୍ୟକ୍ଷତାରେ ତିରିଶ ଫୁଟର ଜାତୀୟ ପତାକା ଓ ତିନିଶହରୁ ଅଧିକ ଜାତୀୟ ପତାକା ସସମ୍ମାନେ ମହାବିଦ୍ୟାଳୟ ଠାରୁ ବାହାରି ସେମିଳିଗୁଡା ସହର ପରିକ୍ରମା କରି ପୁନଃ ମହାବିଦ୍ୟାଳୟ ପରିସରକୁ ପ୍ରତ୍ୟାବର୍ତ୍ତନ ହୋଇଥିଲା। ଏହି କାର୍ଯ୍ୟକ୍ରମ ଆୟୋଜନରେ ସ୍କାଉଟ୍ ଗାଇଡ୍ ୟୁନିଟ୍ ଲିଡର୍ ରତ୍ନମଣି କହଁର, ନିରଞ୍ଜନ ପୋଡ଼, ଜାତୀୟ ସେବା ଯୋଜନାର ସ୍ୱେଚ୍ଛାସେବୀ ଓ କାର୍ଯ୍ୟକ୍ରମ ଅଧିକାରୀ ସ୍ନିଗଧା ପଟ୍ଟନାୟକ, ଡ. ରମେଶ କୁମାର ମଲ୍ଲିକ ଓ ରେଡ୍ କ୍ରସର ସ୍ୱେଚ୍ଛାସେବୀଙ୍କ ସମେତ ହଜାରରୁ ଉର୍ଦ୍ଧ ଛାତ୍ରଛାତ୍ରୀ ମୁଖ୍ୟ ଭୂମିକା ଗ୍ରହଣ କରିଥିଲେ। ପରିଚାଳନା ସମିତିର ପୂର୍ବତନ ସଦସ୍ୟ ଓ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ପ୍ରତିଷ୍ଠାତା ପ୍ରକାଶ ପାତ୍ର ମୁଖ୍ୟ ଅତିଥି ଭାବରେ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ଏଥିସହ ମହାବିଦ୍ୟାଳୟର ବରିଷ୍ଠ ଅଧ୍ୟାପକ ଦେବରାଜ ନାୟକ,ଡ. ଗୀତା ପଟ୍ଟନାୟକ, ହରପ୍ରସାଦ ପତି, ସୁରେଶ ପାଇକରାୟ, ପ୍ରେମାନନ୍ଦ ରାଉତ, ଅଲେଖ ପ୍ରସାଦ ପଣ୍ଡା, ଡ. ପ୍ରୀତିସ ବେହେରା, ଅସିତ୍ କୁମାର ମିଶ୍ର, ଅମିତ ଦାସ, ଜୋତ୍ସ୍ନା ଦାସ, ରିଶବିତା ଖୋସଲା, ଦିଗେଶ୍ୱରୀ ଶିଖା, ବବିତା ମିଶ୍ର, ସୁମିତ୍ରା ଗିରି, ପୂର୍ଣ୍ଣିମା ଗିରି, ସଂଗୀତା ଦାସ, ହରେକୃଷ୍ଣ ସାହୁ, ବିନୋଦ ଲେଙ୍କା, ବିନୟ ପଣ୍ଡା, ମଧୁସ୍ମିତା ମହାରଣା, ମନିଷା ବେହେରା, ପିଙ୍କୀ ଜୈନ, ଆରତୀ ପ୍ରଧାନ, ରଶ୍ମିତା ସାହୁ , ରୋନାଲି ନାୟକ, ଅମିଶା ପାତ୍ରୀ ପ୍ରମୁଖ ଯୋଗଦେଇ ବିଶାଳ ଶୋଭାଯାତ୍ରାକୁ ସାଫଲ୍ୟ ମଣ୍ଡିତ କରିଥିଲେ।

# ସିଆରପିଏଫ୍ ପକ୍ଷରୁ ହରଘର ତ୍ରିରଙ୍ଗା କାର୍ଯ୍ୟକ୍ରମ

ନବରଙ୍ଗପୁର,୧୪।୮ (ସମିସ): ନବରଙ୍ଗପୁର ଜିଲ୍ଲାରେ ଅବସ୍ଥାପିତ ୧୨ ବାଟାଲିୟନ ସିଆରପିଏଫ ପକ୍ଷରୁ ହରଘର ତ୍ରିରଙ୍ଗା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଏକ ବାଇକ ଶୋଭାଯାତ୍ରାର ଆୟୋଜନ କରାଯାଇଥିଲା। ଏହି ଶୋଭାଯାତ୍ରା ସିଆରପିଏଫ୍ ୧୨ ବାଟାଲିଅନ କମାଣ୍ଡାଣ୍ଟ ଏନକେକେ ପ୍ରସାଦ ସବୁଜ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ। ଏହି ଶୋଭାଯାତ୍ରା ନବରଙ୍ଗପୁର ୧୨ ବାଟାଲିଅନ ସିଆରପିଏଫ୍ କ୍ୟାମ୍ପସ ନିକଟରୁ ବାହାରି ସମ୍ପୂର୍ଣ୍ଣ ନବରଙ୍ଗପୁର ସହର ପରିକ୍ରମା କରିଥିଲା। ଏହି ଶୋଭାଯାତ୍ରାରେ ଟୁଆଇସି ରାଜେଶ କୁମାର ସୋଲାଙ୍କି, ଡେପୁଟି କମାଣ୍ଡେଣ୍ଟ ରାଜୀବ କୁମାର, ଇନ୍ସପେକଟର ପ୍ରଦୀପ କୁମାର ସାହୁ, ଅଧିନସ୍ଥ ଅଧିକାରୀ ଏବଂ କର୍ମଚାରୀ ପ୍ରମୁଖଙ୍କ ସମେତ ସମସ୍ତ ଯବାନ ଏବଂ ନବରଙ୍ଗପୁରର ବହୁ ଜନସାଧାରଣ ଏହି ଶୋଭାଯାତ୍ରାରେ ଅଂଶଗ୍ରହଣ କରିଥିଲେ।

# କୋଷାଗୁମୁଡ଼ାରେ ତ୍ରିରଙ୍ଗା ଶୋଭାଯାତ୍ରା

କୋଷାଗୁମୁଡା,୧୪।୮ (ସମିସ) : ନବରଙ୍ଗପୁର କୋଷାଗୁମୁଡା ବ୍ଲକରେ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଗୋଷ୍ଠୀ ଉନ୍ନୟନ ଅଧିକାରୀ ଆଶିଷ ତ୍ରିପାଠୀଙ୍କ ତତ୍ତ୍ୱାବଧାନରେ ନୋଡାଲ ହାଇସ୍କୁଲର ସମସ୍ତ ଛାତ୍ରଛାତ୍ରୀ, ଶିକ୍ଷକ ଶିକ୍ଷୟିତ୍ରୀଙ୍କ ସହ ବ୍ଲକ ଷ୍ଟାଫଙ୍କ ମିଳିତ ସହଯୋଗରେ ତ୍ରିରଙ୍ଗା ଶୋଭାଯାତ୍ରା ବାହାରି ଗ୍ରାମ ପରିଭ୍ରମଣ କରିଥିଲେ। ଏହି ପରିପ୍ରେକ୍ଷୀରେ ଛାତ୍ରଛାତ୍ରୀ ସବୁଘରେ ତ୍ରିରଙ୍ଗା, ସବୁଘରେ ସ୍ୱଚ୍ଛତା ବ୍ୟାନର ସହ ପ୍ରଥମେ ବିଦ୍ୟାଳୟ ପରିସର ଠାରୁ ରାଜଚଉଁରୀଆ ମନ୍ଦିର ଛକ ଗ୍ରାମ ପରିକ୍ରମା କରିଥିଲେ। ଏହି ଶୋଭାଯାତ୍ରାରେ ଗୋଷ୍ଠୀ ଉନ୍ନୟନ ଅଧିକାରୀ, ସାଂସଦ ପ୍ରତିନିଧି, ବିଦ୍ୟାଳ ର ଶିକ୍ଷକ ଶିକ୍ଷୟିତ୍ରୀ ଛାତ୍ରଛାତ୍ରୀଙ୍କ ଉତ୍ସାହିତ ପାଇଁ ପ୍ୟାରେଡ଼ ଡ୍ରମ ବଜାଇବା ସହ ତ୍ରିରଙ୍ଗା ହାତରେ ଧରି ପରିକ୍ରମା କରିଥିଲେ। ଅନ୍ୟ ପକ୍ଷରେ ସାଂସଦ ପ୍ରତିନିଧିଙ୍କ ତତ୍ତ୍ୱାବଧାନରେ ସମସ୍ତ ଭାରତୀୟ ଜନତା ପାର୍ଟିର ସଦସ୍ୟ ଏବଂ ସାଧାରଣ ଜନତା ଏହି ରାଲିରେ ସାମିଲ ହୋଇଥିଲେ।

# ଏସ୍‌ବିଆଇର ପରିପୂର୍ଣ୍ଣ ଅଭିଯାନ କାର୍ଯ୍ୟକ୍ରମ



ପାପଡାହାଣ୍ଡି,୧୪।୮ (ସମିସ): ବୁଧବାର ଦିନ ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ ମୋକିଆ ପକ୍ଷରୁ ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ବ୍ଲକ ଅନ୍ତର୍ଗତ ଡଙ୍ଗରା ପଞ୍ଚାୟତ ଠାରେ ଜନ ସୁରକ୍ଷା ଯୋଜନା ଅଧୀନରେ ଗ୍ରାମ ପଞ୍ଚାୟତସ୍ତରୀୟ ପରିପୂର୍ତ୍ତି ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଆରବିଆଇ ନିର୍ଦ୍ଦେଶ ମୁତାବକ ବ୍ୟାଙ୍କ ପକ୍ଷରୁ ଏହି କାର୍ଯ୍ୟକ୍ରମ ପ୍ରତେକ ଜିଲ୍ଲାରେ ପଞ୍ଚାୟତସ୍ତରୀୟ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଛି। ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଜନ ସାଧାରଣଙ୍କୁ ପ୍ରଧାନମନ୍ତ୍ରୀ ଜନଧନ ଯୋଜନାରେ କିପରି ଖାତା ଖୋଲିବା, ନିଷ୍କ୍ରିୟ ହୋଇଥିବା ଖାତାର ପୁନଃ ପ୍ରମାକରଣ ,ଆର୍ଥିକ ଯୋଜନା କିପରି ପ୍ରସ୍ତୁତି କରିବା ସହ ସଂଚୟ ଓ ନିବେଶ କିପରି କରିବେ ସେ ନେଇ କହିଥିଲେ। ସାଇବର ସିକ୍ୟୁରିଟି, ଡିଜିଟାଲ ବ୍ୟାଙ୍କିଙ୍ଗ,ବିଭିନ୍ନ ପ୍ରକାର ଠକେଇ, ଋଣ ସମ୍ବନ୍ଧରେ ଏବଂ ବ୍ୟାଙ୍କରେ ଅଭିଯୋଗ ସମାଧାନର ବ୍ୟବସ୍ଥା ଉପରେ ଆଲୋଚନା କରିଥିଲେ। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ମୁଖ୍ୟ ଅଗ୍ରଣୀ ଜିଲ୍ଲା ପ୍ରବନ୍ଧକ ଗୋପାଳକୃଷ୍ଣ ପଣ୍ଡା, ମୋକିଆ ଏସ୍‌ବିଆଇ ବ୍ୟାଙ୍କ ମ୍ୟାନେଜର ବିଶ୍ୱ ବାରିକ, ସ୍ଥାନୀୟ ସରପଞ୍ଚ,ପିଇଓ, ଧାନ ଫାଉଣ୍ଡେସନ ସିଏଫଏଲ କୋର୍ଡିନେଟର, ପାପଡାହାଣ୍ଡି ଆସୋସିଏଟ ଅନିଲ ପ୍ରଭାତ ଭତ୍ରା, ଏମମ୍‌ବିକେ , ସିଆରପି, ସ୍ଥାନୀୟ ବୁଦ୍ଧିଜୀବୀଙ୍କ ସମେତ ବହୁ ଜନସାଧାରଣ ଉପସ୍ଥିତ ରହିଥିଲେ।

# ପୂର୍ବତନ ସରପଞ୍ଚଙ୍କ ଶ୍ରାଦ୍ଧବାର୍ଷିକୀ ପାଳିତ

ପୋଡ଼ାଗଡ଼,୧୪।୮ (ସମିସ): କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ ଏ ମାଲକାନଗିରି ପଞ୍ଚାୟତର ପୂର୍ବତନ ସରପଞ୍ଚ ବୈଦନାଥ କୁଲଦୀପଙ୍କ ପଞ୍ଚମ ଶ୍ରାଦ୍ଧ ବାର୍ଷିକୀ ଅନୁଷ୍ଠିତ ହୋଇଯାଇଛି। ସ୍ଥାନୀୟ ପଞ୍ଚାୟତ ସମ୍ମୁଖରେ ଥିବା ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯିବା ପରେ ପଞ୍ଚାୟତ ସଭାଗୃହରେ ଏକ ସାଧାରଣ ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ବୈଠକରେ ସ୍ଥାନୀୟ ସରପଞ୍ଚ କୁମୁଟି ଜାନି ସଭାପତିତ୍ୱ କରିଥିବା ବେଳେ ମୁଖ୍ୟବକ୍ତା ଭାବେ ଯୋଗଦେଇ ଥିଲେ ରାଜ୍ୟ କଂଗ୍ରେସ ସାଧାରଣ ସମ୍ପାଦକ ରୂପକ ତୁରୁକ୍। ଏହି ସଭାରେ ସ୍ୱର୍ଗତ ବାଇଦ ନାଥ କୁଲଦୀପ ସରପଞ୍ଚ ଥିବା ସମୟରେ ଅନେକ ଜନହିତକ କର୍ଯ୍ୟ କରିଥିବା ବକ୍ତା କହିଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ଉପସ୍ଥିତ ଥିଲେ ସ୍ୱର୍ଗତ କୁଲଦୀପଙ୍କ ବଡ଼ପୁଅ ଦେବେନ୍ଦ୍ର କୁଲଦୀପ, ବୋହୂ ମଧୁସ୍ମିତା ସେମର୍ଲିଆ, ରାଜେନ୍ଦ୍ର କୁଲଦୀପ ଜିଲ୍ଲା ପରିଷଦ ସଭ୍ୟ ସେନାପତି, ଶାଉନ୍ତା ରମେଶ ଖରା ଦୈତାରୀ ଗଡଡ ପ୍ରମୁଖ ଉପସ୍ଥିତ ଥିଲେ। ମାଲକାନଗିରି ପଞ୍ଚାୟତର ପ୍ରତ୍ୟେକ ଗ୍ରାମର ବୟୋଜ୍ୟେଷ୍ଠ ଲୋକ ଉପସ୍ଥିତ ଜଣାପଡ଼ିଛି।

# ଅଲେଖ ଧର୍ମାବଲମ୍ବୀଙ୍କ ନୂଆଁଖାଇ ପର୍ବ



କୋଷାଗୁମୁଡା, ୧୪।୮ (ସମିସ):ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡା ବ୍ଲକ ଅନ୍ତର୍ଗତ ବାଙ୍କୁଲୀ ସଦର ପଞ୍ଚାୟତ ଠାରେ ଅଲେଖ ଧର୍ମାଲମ୍ବୀ ମାନଙ୍କ ନୂଆଁଖାଇ ପର୍ବ ପାଳନ ହୋଇଯାଇଛି। ଏଥିରେ ଭଣ୍ଡିମାଲ, କଚେଗୁଡା, ଦେଓଗାଁ, ଗୋଟିବେଢ଼ା,ଫାପୁଣି, କୋଟାଗାଁ, ଖୁନା, ଗ୍ରାମର ବକଲଧାରୀ ମହିମା ସମାଜର ଭକ୍ତମାନେ ସପରିବାର ଯୋଗଦେଇ ନବାନ୍ନ ପ୍ରସାଦ ସେବନ କରିଥିବା ଦେଖିବାକୁ ମିଳିଛି। ଶ୍ରାବଣ ମାସ ଶୁକ୍ଳ ପକ୍ଷର ତ୍ରୟୋଦଶୀ ତିଥିରେ ମହିମା ଭକ୍ତ ଅଖଣ୍ଡ ବ୍ରହ୍ମଧୂନି ଓ ଅଖଣ୍ଡ ଦୀପ ପ୍ରଜ୍ୱଳନ କରାଯିବା ସହିତ ଭକ୍ତଗଣ ରାତ୍ରରେ ଉଜାଗର ରହି ମହିମା ନାମ ସଂକୀର୍ତ୍ତନ କରିଥିଲେ। ପୁଣି ଚତୁର୍ଦ୍ଦଶୀ ତିଥିରେ ଭୋର ସକାଳୁ ମହିମା ଗୋସ୍ୱାମୀଙ୍କୁ ପଞ୍ଚାମୃତ ପଣା ଓ ନବାନ୍ନ ଅର୍ପଣ କରି ସାରିବା ପରେ ଡମ୍ବରୁଧର ବାବା, ଭକ୍ତ ମାନଙ୍କୁ ନବାନ୍ନ ଭୋଗ ବାଣ୍ଟିଥିଲେ। ଡମ୍ବରୁ ବାବାଙ୍କ ଠାରୁ ଦୀକ୍ଷା ଗ୍ରହଣ କରିଥିବା ଦଶରୁ ଅଧିକ ଗ୍ରାମର ସମସ୍ତ ଭକ୍ତମାନେ ମଧ୍ୟ ଏହି ନୂଆଁଖାଇ ଉତ୍ସବରେ ଯୋଗଦେଇଥିବା ଦେଖିବାକୁ ମିଳିଥିଲା। ଏହି ପର୍ବରେ ଉପସ୍ଥିତ ଥିବା ସାଧୁସନ୍ତ ଓ ଭକ୍ତ ଗଣ ମାନଙ୍କ ମଧ୍ୟରେ, ସାଧୁ ଦୟାନନ୍ଦ ଦାସ, ଅନନ୍ତରାମ ଭକ୍ତ, ଲଛିମଧର ଅଧିକାରୀ, ଗୁରୁବାରୁ ଭକ୍ତ, ବୁଦୁରା ବଡ଼ ବାଇ, ମୋହେନ୍ଦ୍ର ଭକ୍ତ, ଦଶମୁ ଭକ୍ତ ଏହି ନବାନ୍ନ ନୂଆଁଖାଇ ପର୍ବରେ ସବୁ ଭକ୍ତ ବୃନ୍ଦ ଉପସ୍ଥିତ ରହ ଡମ୍ବରୁ ବାବାଙ୍କୁ ସହଯୋଗ କରିବା ସହ ବାବାଙ୍କ ଆଶୀର୍ବାଦ ଲାଭ କରିଥିଲେ।

# ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ

ଲକ୍ଷ୍ମୀପୁର, ୧୪।୮ (ସମିସ): ଗୁରୁବାର ଦିନ ଲକ୍ଷ୍ମୀପୁର ମହାବିଦ୍ୟାଳୟ ପକ୍ଷରୁ ହର ଘର୍ ତ୍ରିରଙ୍ଗା ଓ ତ୍ରିରଙ୍ଗା ପଦଯାତ୍ରା କାର୍ଯ୍ୟକ୍ରମ ଆୟୋଜନ କରାଯାଇଛି। ଅଧ୍ୟକ୍ଷ ବିଜୁ ମୁଦୁଲିଙ୍କ ଦ୍ୱାରା ଏହି କାର୍ଯକ୍ରମ ଶୁଭାରମ୍ଭ ହୋଇଥିଲା। କାର୍ଯ୍ୟକ୍ରମରେ ଯୁକ୍ତ ଦୁଇ ଅଧ୍ୟକ୍ଷ ଗିରିଜା ଚୌଧୁରୀ ଏବଂ ବରିଷ୍ଠ ଅଧ୍ୟାପକ ଡ. ଜଗନ୍ନାଥ ରଥ ଯୋଗ ଦେଇଥିଲେ। କାର୍ଯକ୍ରମଟି ମହାବିଦ୍ୟାଳୟ ଠାରୁ ଆରମ୍ଭ କରାଯାଇ ଲକ୍ଷ୍ମୀପୁର ବଜାର ଓ ଆମ୍ବେଦକର ଛକ ପର୍ଯ୍ୟନ୍ତ ପଦଯାତ୍ରାରେ ଛାତ୍ରଛାତ୍ରୀ ଓ ଅଧ୍ୟାପକ, ଅଧ୍ୟାପିକା ସାମିଲ ହୋଇଥିଲେ। ତ୍ରିରଙ୍ଗା ଯାତ୍ରା କାର୍ଯ୍ୟକ୍ରମଟି ଜାତୀୟ ସେବା ଯୋଜନା ଦ୍ୱାରା ଆୟୋଜନ କରାଯାଇଥିଲା। ଏହାକୁ ପରିଚାଳନା କରିଥିଲେ ଜାତୀୟ ସେବା ଯୋଜନା ଅଧିକାରୀ ଦୁର୍ଯୋଧନ ସାହୁ। ସହଯୋଗ କରିଥିଲେ ମହାବିଦ୍ୟାୟର ଅଧ୍ୟାପିକା ତିଳୋତ୍ତମା ପଟ୍ଟନାୟକ। ସନ୍ତୋଷିନୀ ଦାସ, ମହିମାରାଣୀ ରାଜୁ , ଜେ କେ ପଟ୍ଟନାୟକ, ସଙ୍ଗୀତା ନାଗ, ଅଙ୍କିତା ୱାଡେକା, ଅଧ୍ୟାପକ ବବଲୁ ବେନ୍ୟା, ରମାକାନ୍ତ ଖରା , ଆମ୍ରି ହିକକା, ଏଙ୍କେଶ ଖୋରା, କୃଷ୍ଣଚନ୍ଦ୍ର ବିଶୋଇ, ଏକାଦଶ ଟାକ୍ରୀ ହରିଶ୍ ଚନ୍ଦ୍ର ବିଶୋଇ , ଭଜରାଜ୍ ବିଶୋଇ, ଅଧ୍ୟାପକ ଅଧ୍ୟାପିକା ଓ ଛାତ୍ରଛାତ୍ରୀ ମାନେ ସମ୍ପୂର୍ଣ୍ଣ ସହଯୋଗ କରିଥିଲେ।

# ନିଶାମୁକ୍ତ ଭାରତ ଗଠନ ନେଇ ସଚେତନତା

ନବରଙ୍ଗପୁର,୧୪।୮ (ସମିସ): ନବରଙ୍ଗପୁର ମହିଳା ସ୍ନାତକ ମହାବିଦ୍ୟାଳୟରେ ନିଶାମୁକ୍ତ ଭାରତ ଗଠନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମହାବିଦ୍ୟାଳୟର ଅଧ୍ୟକ୍ଷା ମାଳେଶ୍ୱରୀ ସାହୁ ସଭାପତିତ୍ୱ କରି ଦେଶ କିପରି ନିଶାମୁକ୍ତ ହୋଇପାରିବ ସେ ବିଷୟରେ ଛାତ୍ରୀଙ୍କୁ ବୁଝାଇଥିଲେ। ଏହି ଅବସରରେ ଛାତ୍ରୀଙ୍କ ମଧ୍ୟରେ ପ୍ରବନ୍ଧ, ବକ୍ତୃତା ପ୍ରତିଯୋଗିତାର ଆୟୋଜନ କରାଯାଇଥିଲା। କାର୍ଯ୍ୟକ୍ରମ ପ୍ରାରମ୍ଭରେ ସମସ୍ତ ଅଧ୍ୟାପକ, ଅଧ୍ୟାପିକା ଛାତ୍ରୀ ଏବଂ କର୍ମଚାରୀଙ୍କ ଦ୍ୱାରା ନିଶା ନିବାରଣ କରି ସମାଜକୁ ରୋଗ ମୁକ୍ତ କରିବା ନିମନ୍ତେ ଶପଥ ପାଠ କରାଯାଇଥିଲା। ସମ୍ପୂର୍ଣ୍ଣ କାର୍ଯ୍ୟକ୍ରମଟିକୁ ଶିକ୍ଷା ବିଭାଗ ଅଧ୍ୟାପିକା ଶ୍ରୀମତୀ ତାରାନୁମ ଆରା ପରିଚାଳନା କରିବା ସହିତ ନିଶାର ଭୟାବହତା ବିଷୟରେ ଛାତ୍ରୀଙ୍କୁ ବୁଝାଇଥିଲେ।

## ରାଜସ୍ୱ ନିରୀକ୍ଷକ କାର୍ଯ୍ୟାଳୟ କୋଠା ନିମ୍ନମାନର ଅଭିଯୋଗ

# ପାଣିରେ ପଡିଲା ୪୫ ଲକ୍ଷ ଟଙ୍କା



ନନ୍ଦପୁର, ୧୪।୮ (ସମିସ): କୋରାପୁଟ ଜିଲ୍ଲା ନନ୍ଦପୁର ବ୍ଲକ୍ ଅଧିନସ୍ଥ ଖୁର୍ଜୀ ଗ୍ରାମପଞ୍ଚାୟତରେ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟ କୋଠା ନିର୍ମାଣରେ ମହା ଅନିୟମିତ ସହ ନିମ୍ନମାନର କାର୍ଯ୍ୟ ହୋଇଥିବା ଅଭିଯୋଗ ହୋଇଛି। ସମ୍ପୃକ୍ତ ଠିକାଦାରଙ୍କ ବିରୋଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହେଉଛି। ସୂଚନା ଅନୁସାରେ, ଗତ ଦୁଇ ବର୍ଷ ହେବ ନନ୍ଦପୁର ବ୍ଲକର ବିଭିନ୍ନ ଗ୍ରାମ ପଞ୍ଚାୟତମାନଙ୍କ ଗ୍ରାମ୍ୟ ଉନ୍ନୟନ ବିଭାଗ ଦ୍ୱାରା ଆର୍ଥିକ ମଞ୍ଜୁରୀରେ ରାଜସ୍ୱ ନିରୀକ୍ଷକଙ୍କ ବାସଗୃହ ଓ କାର୍ଯ୍ୟାଳୟ କୋଠା ନିର୍ମାଣ ଆରମ୍ଭ ହୋଇଥିବା ବେଳେ ଏହାର ବ୍ୟତିକ୍ରମ ଦେଖାଦେଇଛ ଖୁର୍ଜୀ ପଞ୍ଚାୟତରେ। ପଞ୍ଚାୟତର ଗାଲପୁଟ ଠାରେ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟଳୟ କୋଠା ନିର୍ମାଣ ହୋଇଥିବା ବେଳେ ଅଧାପନ୍ତରିଆ ସାଙ୍ଗକୁ ନିମ୍ନମାନର କାର୍ଯ୍ୟ ହୋଇଥିବା ଦେଖା ଦେଇଛି । ସରକାରକା ମାଲ ଦିରିଆ ମେ ଦାଲ୍ ଭଳି ୪୫ ଲକ୍ଷ ଟଙ୍କା ପାଣିରେ ବୁଡ଼ିବାକୁ ବସିଛି। ଖବରରୁ ଜଣାପଡିଛି, ଠିକାଦାରଙ୍କ ଅବହେଳା ଯୋଗୁଁ କାର୍ଯ୍ୟ ସମ୍ପୂର୍ଣ୍ଣ

## ● ଠିକାଦାରଙ୍କ ବିରୋଧରେ ମାମଲା ରୁଜୁ ପାଇଁ ଦାବି

ନ ହେବା ଏବଂ ନିମ୍ନମାନ କାର୍ଯ୍ୟ ହୋଇ ପଡ଼ି ରହିଛି। ବିଭାଗୀୟ ଅଧିକାରୀଙ୍କୁ ପଚାରିବାରୁ ସେ କହିଛନ୍ତି ବିଭାଗ ପାଖରେ ସବୁ ସୂଚନା ରହିଛି, ଠିକାଦାରଙ୍କୁ ମଧ୍ୟ ତାଗିଦ କରାଯାଇଛି ବୋଲି କହିଛନ୍ତି ବିଭାଗୀୟ ଯନ୍ତ୍ରୀ। ଖୁବ୍ ଶୀଘ୍ର କାର୍ଯ୍ୟ ଆରମ୍ଭ କରି କୋଠା ହସ୍ତାନ୍ତର ପାଇଁ ନିର୍ଦ୍ଦେଶ ଦିଆଯାଇଛି ବୋଲି ସେ କହିଛନ୍ତି।

# ବାପ ପେଟକୁ କଇଁଚିରେ ଭୁସି ପୁଅ ଗିରଫ

କୋଷାଗୁମୁଡା,୧୪।୮ (ସମିସ): ମଦ ପିଇ ଯୁବକ କଇଁଚିକୁ ନିଜ ବାପାର ପେଟରେ ଭୁଶି ଜେଲ ଯାଇଛି। ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡା ଥାନା ଅନ୍ତର୍ଗତ ନେଙ୍ଗାନାଲ ଗ୍ରାମର ରାଜେଲ ଭତ୍ରା(୨୬) ନିଜ ବାପା ମନବୋଧ ଭତ୍ରା(୫୦)ଙ୍କ ପେଟକୁ ୧୨ ତାରିଖ ଦିବା ୨ଟା ସମୟରେ ଭୁଶି ଦେଇଥିଲା। ଗୁରୁତର ଅବସ୍ଥାରେ ପ୍ରଥମେ ତାଙ୍କୁ କୋଷାଗୁମୁଡା ମେଡିକାଲ ଏବଂ ପରେ ନବରଙ୍ଗପୁର ମେଡ଼ିକାଲକୁ ସ୍ଥାନାନ୍ତର କରାଯାଇଥିଲା। ଏହି ଘଟଣଶ ଘଟଣା ପରେ ଯୁବକ ଫେରାର



ହୋଇଥିଲା। ଏହି ଘଟଣା ଦିନ ପରିବାର ପକ୍ଷରୁ କୋଷାଗୁମୁଡା ଥାନାରେ ଏକ ଲିଖିତ ଅଭିଯୋଗ ହୋଇଥିଲା। ଥାନାଧିକାରୀ ଉମେଶ ଚନ୍ଦ୍ର ନାୟକ, ଏସଆଇ କୂଳଭୂଷଣ ନାୟକଙ୍କୁ ଘଟଣା ର ତଦନ୍ତଅଧିକାରୀ ରୂପେ ଦାୟିତ୍ୱ ଦେଇଥିଲେ। ଏସଆଇ କୂଳଭୂଷଣ ନାୟକ ଥାନା କେସ ନମ୍ବର ୧୬୨/୨୫ରେ ଏକ ମାମଲା ରୁଜୁ କରି ଅନୁସନ୍ଧାନ ଜାରି ରଖିଥିଲେ। ଆଜି ଅଭିଯୁକ୍ତକୁ ଗିରଫ କରି କୋଷାଗୁମୁଡା ମେଡ଼ିକାଲରେ ସ୍ୱାସ୍ଥ୍ୟ ପରୀକ୍ଷା କରି ନବରଙ୍ଗପୁର କୋର୍ଟ ଚାଲାଣ କରାଯାଇଛି ବୋଲି ଏସଆଇ ଶ୍ରୀ ନାୟକ ସୂଚନା ଦେଇଛନ୍ତି।

# ମହୁଲ ବୋଝେଇ ପିକ୍‌ଅପ୍ ଜବତ: ୨ ଗିରଫ

କୋଷାଗୁମୁଡ଼ା,୧୪।୮ (ସମିସ): ନବରଙ୍ଗପୁର ଜିଲ୍ଲା ଅବକାରୀ ଅଧୀକ୍ଷକ ପ୍ରତାପ ଦାସଙ୍କ ନିର୍ଦ୍ଦେଶ କ୍ରମେ ଗୁରୁବାର ଦିନ କୋଡ଼ିଙ୍ଗା ଅବକାରୀ ଦୋଳ ବକଟିଗୁଡା ଗ୍ରାମ ନିକଟରେ ବାଇକ୍ ଦ୍ୱାରା ମଦ ଚୋରା ଚାଲାଣ ବେଳେ ଧରାପଡ଼ିଛି। କୋଷାଗୁମୁଡାରୁ ଗୋଟିଏ ମହୁଲ ବୋଝେଇ ପିକ୍‌ଅପ୍ ଭ୍ୟାନକୁ ଜବତ କରାଯାଇଛି। ଏହି ଚଡ଼ଉରେ କୋଡ଼ିଙ୍ଗା ଅବକାରୀ ଓଆଇସି ଦେଶରାଜ ସୁନା, ଏଏସଆଇ ହାଲଦାର ଜାନି, ରମେଶ ଲାଲ ପ୍ରଧାନ, ପ୍ରମୋଦ ବାଘ, ଆକାଶ ଶବର ଓ ନବରଙ୍ଗପୁର ମୋବାଇଲ ୟୁନିଟ୍‌ର ବୃନ୍ଦାବନ ମଣ୍ଡଳଙ୍କ ଟିମ ସହ ମିଳିତ ଭାବେ ସାମିଲ ହୋଇଥିଲେ। ବକଟିଗୁଡା ନିକଟରୁ ଏହି ଚୋରା ଚାଲାଣକାରୀ ଧନେଶ୍ୱର ବିଶୋଇଙ୍କ ଠାରୁ ହିରୋ ଡିଲକ୍ସ ବାଇକ ସହ ପ୍ରାୟ ୪୦ଲିଟର ଦେଶୀ ମଦ ଜବତ କରିବାରେ ସଫଳ ହୋଇଥିଲେ। ସେଭଳି କୋଷାଗୁମୁଡାର ଅର୍ଭିନ୍ଦ ମେହେତାଙ୍କ ମହୁଲ ବୋଝେଇ ଏକ ପିକ୍‌ଅପ୍ ଭ୍ୟାନରେ ପ୍ରାୟ ୧୧୧୮ କେଜି ମହୁଲ ଫୁଲକୁ ଜବତ କରାଯାଇଛି। ଏଥିରେ ପ୍ରାୟ ଦୁଇ ଜଣ ବ୍ୟକ୍ତିଙ୍କୁ ଗିରଫ କରି ଅବକାରୀ ଥାନାରେ ଦୁଇଟି ମାମଲା ରୁଜୁ କରି ନବରଙ୍ଗପୁର କୋର୍ଟ ଚାଲାଣ କରାଯାଇଥିବା କୋଡ଼ିଙ୍ଗା ଅବକାରୀ ବିଭାଗ ପକ୍ଷରୁ ସୂଚନା ମିଳିଛି।

● ଆବାସ ଯୋଜନା ପାଇଁ ବାଲି ସଙ୍କଟ

# ପ୍ରଶାସନର ଦୋମୁହାଁ ନୀତି ନେଇ ପ୍ରଶ୍ନବାଚୀ

ଖଇରପୁଟ, ୧୪।୮ (ସମିସ): ମାଲକାନଗିରି ଜିଲ୍ଲା ଖଇରପୁଟ ବ୍ଲକ ଗ୍ରାମାଞ୍ଚଳରେ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ସହିତ ବିଭିନ୍ନ ସରକାରୀ ନିର୍ମାଣ କାମ ପାଇଁ ବାଲି ସମସ୍ୟା ଦିନକୁ ଦିନ ଗୁରୁତର ହୋଇପଡୁଛି। ଗାଁଗୁଡ଼ିକରେ ଆବାସ ନିର୍ମାଣ ପାଇଁ ବାଲି ବୋଝେଇ ଆଣୁଥିବା ଛୋଟ ଟ୍ରାକ୍ଟର ଗୁଡ଼ିକୁ ରାଜସ୍ୱ ବିଭାଗର ଅଧିକାରୀମାନେ ଅଟକାଉଥିବା ଅଭିଯୋଗ ଉଠିଛି। ଗ୍ରାମବାସୀଙ୍କ ପ୍ରଶ୍ନ ପୂର୍ବରୁ ଯେତେବେଳେ ଆବାସ ଯୋଜନା ଓ ସରକାରୀ କୋଠା ନିର୍ମାଣ ପାଇଁ ବାଲି ଯାନବାହନକୁ ଛାଡ଼ ଦେବାକୁ ନିର୍ଦ୍ଦେଶ ରହିଥିଲା, ତେବେ କାହା ନିର୍ଦ୍ଦେଶରେ ଏହା କାର୍ଯ୍ୟକାରୀ ହେଉଛି। ଅନ୍ୟପଟେ, ମଡ଼କାପଦର ଓ ବଡଡୁରାଲ ଅଞ୍ଚଳ ମାର୍ଗରେ ଜିଲ୍ଲା ବାହାରକୁ ବଡ଼ ଟିପ୍ପର ଯାନରେ ବାଲି ଚୋରାଚାଲାଣ ହେଉଥିବା ବେଳେ ପ୍ରଶାସନ ନିରବ ରହୁଛି। କିନ୍ତୁ ଛୋଟ ଛୋଟ ଟ୍ରାକ୍ଟର ପଛରେ ପଡ଼ି ବାଲି ବୋଝାକୁ ଜବତ କରିବାରେ ଅଧିକ ସକ୍ରିୟତା ଦେଖାଯାଉଛି। ଗୋବିନ୍ଦପାଲି ପଞ୍ଚାୟତର ଅନେକ ଲୋକ ବାଲି ପାଇ ନାହିଁ ନଥିବା ଅସୁବିଧା ଭୋଗୁଛନ୍ତି। ଗୋବିନ୍ଦପାଲି ବାଲି ଘାଟ କୁ ଗଲେ ସେଠାକାର ନିକଟସ୍ଥ ଗାଁ କମଳାପଦର ଗ୍ରାମବାସୀ ପ୍ରତି ଟ୍ରାକ୍ଟର ପିଛା ୨୦୦ ଟଙ୍କା ଦାବି କରି ନେଉଛନ୍ତି। ଯାହାର ସିଧାସଳଖ ପ୍ରଭାବ ଗରିବ ହିତାଧିକାରୀଙ୍କ ଉପରେ ପଡୁଛି। ଅନ୍ୟ କେଉଁ ଆଖପାଖ ନଦୀରୁ ବାଲି ନେଲେ ସ୍ଥାନୀୟ ଲୋକେ ବାଲି ନେବାକୁ ଦେଉନାହାନ୍ତି। ଟ୍ରାକ୍ଟର ମାଲିକ ମାନେ ମଧ୍ୟ ବହୁ ହନ୍ତସନ୍ତ ହେଉଛନ୍ତି। ଏଠାରେ ପ୍ରଶ୍ନଉଠୁଛି କେଉଁ ଅଧିକାରରେ କମଳାପଦର୍ ଗ୍ରାମବାସୀ ଗାଡ଼ି ପିଛା ୨୦୦ ଟଙ୍କା ନେଉଛନ୍ତି। ପୁଲିସ ସେମାନଙ୍କ ବିରୋଧରେ କାହିଁକି କାର୍ଯାନୁଷ୍ଠାନ ଗ୍ରହଣ କରୁନାହିଁ ବୋଲି ବିଭିନ୍ନ ମହଲରୁ ପ୍ରଶ୍ନ କରାଯାଉଛି। ଯଦି ଏହି ପରିସ୍ଥିତି ଲାଗିରହେ ତେବେ ଆଗାମୀ ଦିନରେ ଖଇରପୁଟ ବ୍ଲକରେ ଆବାସ ଯୋଜନା ଓ ଅନ୍ୟାନ୍ୟ ସରକାରୀ ନିର୍ମାଣ କାମ ଧୀରଗତି ହୋଇଯିବ ବୋଲି ମତ ପ୍ରକାଶ ପାଉଛି।


# ସବୁଠି ହେଲା ସଫେଇ କାର୍ଯ୍ୟକ୍ରମ

ପଡିଆ, ୧୪।୮ (ସମିସ): ମାଲକାନଗିରି ଜିଲ୍ଲା ପଡିଆ ବ୍ଲକ ପ୍ରଶାସନ ପକ୍ଷରୁ ସ୍ୱାଧୀନତା ଦିବସ ଅବସରରେ ସ୍ୱଚ୍ଛତା ସପ୍ତାହ ପାଳନ କରାଯାଇଛି। ଏଥିପାଇଁ ଅଗଷ୍ଟ ୮ ତାରିଖ ଠାରୁ ୧୫ ତାରିଖ ମଧ୍ୟରେ ପ୍ରତ୍ୟେକ ଗ୍ରାମର ଅଙ୍ଗନବାଡି କେନ୍ଦ୍ରଠାରୁ ଆରମ୍ଭ କରି ବ୍ଲକସ୍ତରୀୟ ବିଭିନ୍ନ କାର୍ଯ୍ୟାଳୟର ଅଧିକାରୀ ଓ କର୍ମଚାରୀମାନେ ସ୍ଥାନୀୟ ଜନସାଧାରଣଙ୍କ ସହ ମିଶି ବିଭିନ୍ନ ସରକାରୀ କାର୍ଯ୍ୟାଳୟ ପରିସର, ଶିକ୍ଷା ଅନୁଷ୍ଠାନ, ଖୋଲା ସ୍ଥାନ, ଧାର୍ମିକ ସ୍ଥଳ ସମେତ ବିଭିନ୍ନ ଗୋଷ୍ଠୀ ବ୍ୟବହୃତ ସ୍ଥାନ ଗୁଡିକୁ ସଫେଇ କରାଯାଇଥଲା। ପଡିଆ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଅଶ୍ୱିନି କୁମାର ମହାପାତ୍ରଙ୍କ ନେତୃତ୍ୱରେ ପଡିଆ ବ୍ଲକର ଆଠଗୋଟି ପଞ୍ଚାୟତର ୪୪ ଟି ରାଜସ୍ୱ ଗ୍ରାମ ଅନ୍ତର୍ଗତ ପ୍ରାୟ ୧୨୦ ଟି ଅଙ୍ଗନବାଡି କେନ୍ଦ୍ର, ୩୪ଟି ସ୍କୁଲରେ ସଫେଇ କରାଯାଇଥିବା ଜଣାପଡିଛି। ଏହି ସ୍ଥାନ ଗୁଡିକୁ ସଫେଇ କରାଯିବା ପରେ ଓଡିଶା ଜୀବିକା ମିଶନର ମହିଳା ମାନେ 'ଏକ୍ ପେଡ଼ ମା' କେ ନାମ" କାର୍ଯ୍ୟକ୍ରମ ମାଧ୍ୟମରେ ପ୍ରାୟ ୧୮ ହଜାରରୁ ଅଧିକ ଚାରାରୋପଣ କରିଥିବା ଜଣାପଡିଛି। ଏହି କାର୍ଯ୍ୟକ୍ରମକୁ ବ୍ଲକ ସ୍ତରରେ ଗ୍ରାମ୍ୟ ଜଳ ଯୋଗାଣ ଓ ପରିମଳ ବିଭାଗର ବିଆରସି ଚୀନାମ ପ୍ରଶାନ୍ତ ପରିଚାଳନା କରୁଥିବା ବେଳେ ଓଡ଼ିଶା ଜୀବିକା ମିଶନର ଅମିତ କୁମାର ନମଦାସ ସମେତ ବିଭିନ୍ନ ପଞ୍ଚାୟତର ଜନପ୍ରତିନିଧି ମାନେ ସହଯୋଗ କରିଥିବା ଜଣାପଡିଛି।

# ଜିଲ୍ଲା କିଷାନ କଂଗ୍ରେସର କୃଷକ ସାଂଗଠନିକ ସଭା



ରାୟଗଡ଼ା,୧୪।୮ (ସମିସ): ରାୟଗଡ଼ା ଜିଲ୍ଲା କିଷାନ କଂଗ୍ରେସ କମିଟି ସଭାପତି ଗଙ୍ଗା ଆଚାରୀଙ୍କ ସଭାପତିତ୍ୱରେ ସ୍ଥାନୀୟ କଂଗ୍ରେସ ଭବନ ଠାରେ ଓଡିଶା ପ୍ରଦେଶ କିଷାନ କଂଗ୍ରେସ ଅଧ୍ୟକ୍ଷ ଅଭୟ ସାହୁଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା କରାଯିବା ସହ କୃଷକ ସାଂଗଠନିକ ସଭା ଅନୁଷ୍ଠିତ ହୋଇଥିଲା। ନବ ନିଯୁକ୍ତ ଓଡିଶା ପ୍ରଦେଶ କିଷାନ କଂଗ୍ରେସ ଅଧ୍ୟକ୍ଷ ଶ୍ରୀ ସାହୁଙ୍କୁ ଜିଲ୍ଲା କିଷାନ କଂଗ୍ରେସ କମିଟି ପକ୍ଷରୁ ଭବ୍ୟ ସ୍ୱାଗତ କରାଯାଇଥିଲା। ଏହି ସଭାରେ ଜିଲ୍ଲାରେ କିଭଳି କିଷାନ କଂଗ୍ରେସ ଆହୁରି ସୁଦୃଢ ହେବ ଏବଂ କୃଷକମାନେ ସେମାନଙ୍କର ଉଚିତ ଅଧିକାର ପାଇପାରିବେ ସେ ବିଷୟରେ ଆଲୋଚନା ହୋଇଥିଲା। ଏଥିରେ ରାୟଗଡ଼ା ବିଧାୟକ କାଡ୍ରକା ଆପାଲାସ୍ୱାମୀ, ଜିଲ୍ଲା କଂଗ୍ରେସ ସଂଯୋଜକ ଦୁର୍ଗା ପ୍ରସାଦ ପଣ୍ଡା, ସୁନୀଲ ଚନ୍ଦ୍ର ପଣ୍ଡା, ଗାଡିଗା ବାଚେଲି, ଦେବେନ୍ଦ୍ର ରାଓଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ।




# ଜିଲ୍ଲା କଂଗ୍ରେସର ମଶାଲ ଶୋଭାଯାତ୍ରା



ରାୟଗଡ଼ା,୧୪।୮ (ସମିସ ): ରାୟଗଡ଼ା ଜିଲ୍ଲା କଂଗ୍ରେସ ସଂଯୋଜକ ଦୁର୍ଗା ପ୍ରସାଦ ପଣ୍ଡାଙ୍କ ନେତୃତ୍ୱରେ ବିଜେପିର ଭୋଟ ଚୋରିକୁ ନେଇ ଜିଲ୍ଲା କଂଗ୍ରେସ ପକ୍ଷରୁ ଗୁରୁବାର ସଂଧରେ ଏକ ମଶାଲ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏଥିରେ କୋରାପୁଟ ଏମପି ସପ୍ତଗିରି ଶଙ୍କର ଉଲାକା ଓ ରାୟଗ?। ବିଧାୟକ ଆପଲସ୍ୱାମୀ କାଡ୍ରାକାଙ୍କ ସମେତ ବହୁ ସଂଖ୍ୟାରେ କଂଗ୍ରେସ କର୍ମୀମାନେ ଯୋଗ ଦେଇଥିଲେ। ସ୍ଥାନୀୟ କଂଗ୍ରେସ ଭବନ ଠାରୁ ମଶାଲ ଶୋଭାଯାତ୍ରାରେ ବାହାରି ମୁଖ୍ୟ ବଜାର ଦେଇ ତହସିଲ ଛକ ନିକଟସ୍ଥ ଡ଼ଃ. ଭୀମାରାଓ ଆମ୍ବେଦକରଙ୍କ ପ୍ରତିମୂର୍ତି ପର୍ଯ୍ୟନ୍ତ ଯାଇଥିଲେ। ଏହି କାର୍ଯ୍ୟକ୍ରମରେ କାର୍ଯ୍ୟକାରୀ ସଭାପତି ଶଙ୍କର୍ଷଣ ମଙ୍ଗରାଜ, ଯୁବ କଂଗ୍ରେସ ଜିଲ୍ଲା ସଭାପତି ମୋହନ ନାଏକ, ଉପସଭାପତି ଅସଲାମ୍ ଖାନ, ବରିଷ୍ଠ ନେତା ପାର୍ଥ ବର୍ଦ୍ଧନ, କିଷାନ କଂଗ୍ରେସ ନେତା ଏମ.ଗଙ୍ଗାଧର ଆଚାରି, ଏମପିଙ୍କ ପିଏ ବାପି ପଟ୍ଟନାୟକ, ସମିତି ସଭ୍ୟ ଭୂଷଣ ବିଡିକା, ହୁତାଶନ ନାଏକ, ହରିଶ ପଟନାୟକ, ବାଦଲ ମହାନ୍ତି, କିଲି ଗାନ୍ଧୀଙ୍କ ସମେତ ଜିଲ୍ଲାର ବହୁ ସଂଖ୍ୟାରେ କଂଗ୍ରେସ ନେତା ଓ କର୍ମୀ ଉପସ୍ଥିତ ଥିଲେ।

# ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ

ମାଲକାନଗିରି, ୧୪।୮ (ସମିସ): ମାଲକାନଗିରି ଜିଲ୍ଲା ପ୍ରଶାସନ ପକ୍ଷରୁ ବସ୍‌ଷ୍ଟାଣ୍ଡ ଠାରୁ ସଂସ୍କୃତି ଭବନ ପର୍ଯ୍ୟନ୍ତ ହର ଘର ତ୍ରିରଙ୍ଗା ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ସୋମେଶ ଉପାଧ୍ୟାୟଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ମାଲକାନଗିରି ବିଧାୟକ ନରସିଂହ ମାଡକାମୀ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦ୍‌ଘାଟନ କରିଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦ ଅଧ୍ୟକ୍ଷା ସମାରୀ ତାଙ୍ଗୁଲୁ, ଅତିରିକ୍ତ ଜିଲ୍ଲାପାଳ ରାଜସ୍ୱ ବେଦବର ପ୍ରଧାନ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ନରେଶ ଚନ୍ଦ୍ର ଶବର, ଉପ ଜିଲ୍ଲାପାଳ ଅଶ୍ମି ଏଏଲ୍, ପିଏ ଆଇଟିଡିଏ ହଳଧର ଶବର, ଜିଲ୍ଲା ସୂଚନା ଓ ଲୋକ ସଂପର୍କ ଅଧିକାରୀ ପ୍ରମିଳା ମାଝୀ, ପୌର ପରିଷଦ ନିର୍ବାହୀ ଅଧିକାରୀଓ ରାଜୀବ ଲୋଚନ ନାୟକ ପ୍ରମୁଖ ଉପସ୍ଥିତ ଥିଲେ। ଜିଲ୍ଲା ସଂସ୍କୃତି ଅଧିକାରୀ ସନ୍ତ୍ରାସ ନାରାୟଣ ପଣ୍ଡା ଏହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଏହି ଅବସରରେ ୧୦୦ ମିଟର ଲମ୍ବର ତ୍ରିରଙ୍ଗା ପତାକା ଧରି ପଦଯାତ୍ରା କରାଯାଇଥିଲା। ସଂସ୍କୃତି ଭବନ ଠାରେ ଦେଶାତ୍ମବୋଧକ ନୃତ୍ୟ ଓ ସଙ୍ଗୀତ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଅନ୍ୟ ମାନଙ୍କ ମଧ୍ୟରେ ଲୋକ ପ୍ରତିନିଧି, ଛାତ୍ରୀଛାତ୍ର, ଜିଲାସ୍ତରୀୟ ଅଧିକାରୀ, ଏବଂ ଅବକାରୀ, ବିଏସଏଫ୍ ଯବାନ ଓ ପୋଲିସ ବିଭାଗର କର୍ମଚାରୀ, ସ୍ଥାନୀୟ ଜନସାଧାରଣ ଯୋଗଦେଇଥିଲେ।

# ବ୍ଲକ୍‌ସ୍ତରୀୟ ତ୍ରିରଙ୍ଗା ଶୋଭାଯାତ୍ରା

ବିଷମ କଟକ,୧୪।୮ (ସମିସ): ରାୟଗଡା ଜିଲ୍ଲା ବିଷମ କଟକ ନିର୍ବାଚନ ମଣ୍ଡଳୀର ବିଜେପି ଦଳ ପକ୍ଷରୁ ବ୍ଲକସ୍ତରୀୟ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଆଜାଦି କା ଅମୃତ ମହୋତ୍ସବ ତଥା ଘରେ ଘରେ ତ୍ରିରଙ୍ଗା ଅଭିଯାନ ପାଳନ ହୋଇଛି। ବିଷମକଟକ ବ୍ଲକ ଅନ୍ତର୍ଗତ ହାଟ ମୁନିଗୁଡା ସଦର ପଞ୍ଚାୟତରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିବା ବେଳେ ବିଜେପି ଜିଲ୍ଲା କୃଷକ ମୋର୍ଚ୍ଚା ସଭାପତି ବାଦଲ କୁମାର ରଣାଙ୍କ ଆନୁକୁଲ୍ୟରେ ସ୍କୁଲ ଛାତ୍ରଛାତ୍ରୀଙ୍କୁ ନେଇ ଘର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ ପାଳନ କରାଯାଇଛି। ଏହି କାର୍ଯ୍ୟକ୍ରମରେ ବିଶ୍ୱହିନ୍ଦୁ ପରିଷଦ ବିଷମ କଟକ ଉପ୍ରଖଣ୍ଡ ସଭାପତି ସୁଦର୍ଶନ କୁଶୁଲିଆ, ରବି ହିକକା, ରୋହିତ ଦଣ୍ଡସେନା, ରାମ ଉର୍ଲକ, ଅନିଲ କୁମାର ସାହୁ, ସଦାନନ୍ଦ ସାହୁ, ନାଗେଶ୍ୱର ରାଓ, ରବୀନ୍ଦ୍ର ନାଥ କବୀର ଓ ଅଙ୍ଗଦ ଟାକ୍ରିଙ୍କ ଉପସ୍ଥିତି ଥିଲେ।

# ଚିତ୍ରକୋଣ୍ଡାରେ ହର ଘର ତିରଙ୍ଗା କାର୍ଯ୍ୟକ୍ରମ

ଚିତ୍ରକୋଣ୍ଡା,୧୪।୮ (ସମିସ): ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ବ୍ଲକ ସଦର ମହକୁମା ଠାରେ ହର ଘର ତିରଙ୍ଗା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। "ହର ଘର ତିରଙ୍ଗା, ହର ଘର ସ୍ୱଚ୍ଛତା' କାର୍ଯ୍ୟକ୍ରମ କରାଯାଇଛି। ଗୋଷ୍ଠୀଗତ ସଫେଇ, ସ୍ୱଚ୍ଛତା ସଚେତନତା, ଭିତ୍ତିଭୂମି ସଫେଇ କାର୍ଯ୍ୟକ୍ରମ କରାଯାଉଛି। ଆଜି ଚିତ୍ରକୋଣ୍ଡା ପଞ୍ଜାବୀ ଛକ୍ ଠାରୁ ଆରମ୍ଭ କରି ଚିତ୍ରକୋଣ୍ଡା ମିନି ଷ୍ଟାଡିୟମ ପର୍ଯ୍ୟନ୍ତ ଏକ ତ୍ରିରଙ୍ଗା ପଦଯାତ୍ରା କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଚିତ୍ରକୋଣ୍ଡା ବିଡିଓ ପ୍ରିତା କୁମାର, ତହସିଲଦାର ନଟବର ଗରଡାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। ସରକାରୀ ସ୍ନାତକ ମହାବିଦ୍ୟାଳୟର ଛାତ୍ରଛାତ୍ରୀ, ଆଦର୍ଶ ସ୍କୁଲର ଛାତ୍ରଛାତ୍ରୀ, ଜିଲ୍ଲା ପ୍ରଶିକ୍ଷଣ ଅନୁଷ୍ଠାନର ଛାତ୍ରଛାତ୍ରୀ, ସ୍ୱୟଂ ସହାୟକ ଗୋଷ୍ଠୀ, ସାମାଜିକ କର୍ମୀ ,ସମସ୍ତ ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀ ଓ ୟୁଥ୍ କ୍ଲବ ସଦସ୍ୟ ଏହି କାର୍ଯ୍ୟକ୍ରମ ରେ ଅଂଶଗ୍ରହଣ କରିଥିଲେ।

# ଚୋରି ଅଭିଯୁକ୍ତଙ୍କୁ ୩ ବର୍ଷ କାରାଦଣ୍ଡ

ରାୟଗଡା,୧୪।୮ (ସମିସ): ଏକ ଚୋରି ମାମଲାର ବିଚାରଣା କରି ଆଜି ରାୟଗଡ଼ା ଏସ୍‌ଡିଜେଏମ୍ ବର୍ଷା ଦାସ ୩ ଜଣ ଚୋରି ଅଭିଯୁକ୍ତଙ୍କୁ ୩ ବର୍ଷ ଲେଖାଏଁ ଜେଲ ଦଣ୍ଡାଦେଶ ସହ ୧୦ ହଜାର ଟଙ୍କା ଜରିମାନା କରିଛନ୍ତି। ସୂଚନା ମୁତାବକ, ଗତ ଫେବୃଆରୀ ୫ ତାରିଖ ସଂଧ୍ୟାରେ ରାୟଗଡ଼ାର ବ୍ୟବସାୟୀ ଟି.ଗୋରୀ ଶଙ୍କରଙ୍କର ଏକ ସ୍କୁଟି ଓ ୮ ଲକ୍ଷ ଟଙ୍କା ସ୍ଥାନୀୟ ନ୍ୟୁ କଲୋନୀରୁ ଚୋରି ହୋଇଥିଲା। ସେ ଏ ନେଇ ରାୟଗଡ଼ା ଟାଉନ ଥାନାରେ ଏକ ଏତଲା ଦେଇଥିଲେ । ପୁଲିସ ଏକ ମାମଲା ରୁଜୁ କରି ଏହାର ତଦନ୍ତ କରି ଭିମୁଡ୍ରୁ ହୁଇକା, କିଶୋର ମାଣ୍ଡାଙ୍ଗି ଓ ଇନ୍ଦୁ କାଡ୍ରାକାଙ୍କୁ ଗିରଫ କରି ଅଦାଲତ ଚାଲାଣ କରିଥିଲା। ସେମାନଙ୍କ ପାଖରୁ ଏକ ଲକ୍ଷ ୭୭ ହଜାର ଟଙ୍କା, ସ୍କୁଟି ସହ ଅନ୍ୟାନ୍ୟ ଜିନିଷପତ୍ର ଜବତ କରିଥିଲା ପୁଲିସ। ଏହି ମାମଲାରେ ୬ ଜଣଙ୍କ ସାକ୍ଷ୍ୟଙ୍କ ବୟାନକୁ ଭିତ୍ତି କରି ବିଚାରପତି ବର୍ଷା ଦାସ ୩ ଅଭିଯୁକ୍ତଙ୍କୁ ୩ ବର୍ଷ ଜେଲ ଦଣ୍ଡାଦେଶ ସହ ୧୦ ହଜାର ଟଙ୍କା ଜୋରିମାନା ଶୁଣାଇଛନ୍ତି। ଜରିମାନା ଅନାଦେୟରେ ଆଉ ୬ମାସ ଅଧିକ ଜେଲଦଣ୍ଡ ଭୋଗିବାକୁ ପଡ଼ିବ। ଏହି ମାମଲା ସରକାରୀ ଓକିଲ ସଚିଦାନନ୍ଦ ଖାଡ଼ଙ୍ଗା ପରିଚାଳନା କରିଥିଲେ।

# ପ୍ରଧାନ ଶିକ୍ଷକଙ୍କ ପରଲୋକ

ଗୁଡାରୀ,୧୪।୮ (ସମିସ): ଗୁଡାରୀ ଏସ୍‌ଏସ୍‌ଡି ବାଳିକା ବିଦ୍ୟାଳୟ ପ୍ରଧାନ ଶିକ୍ଷକ ମନୋଜ ଗମାଙ୍ଗ (୪୮) ଙ୍କ ପରଲୋକ ଘଟିଛି। ସ୍ୱର୍ଗତ ଗମାଙ୍ଗ ରକ୍ତ କର୍କଟ ରୋଗରେ ଆକ୍ରାନ୍ତ ଥିଲେ। ଏହି ଦୁଃଖଦ ଖବର ଶୁଣିବା ପରେ ବିଦ୍ୟାଳୟ ଶିକ୍ଷକ ଶିକ୍ଷୟତ୍ରୀ ଛାତ୍ରଛାତ୍ରୀ ମର୍ମାହତ ହୋଇଛନ୍ତି। ବିଶାଖାପାଟଣାରେ ଚିକିତ୍ସା ସମୟରେ ତାଙ୍କର ଦେହାନ୍ତ ହୋଇଛି।



# ସେମିଳିଗୁଡ଼ା ମହାବିଦ୍ୟାଳୟର ପ୍ରତିଷ୍ଠା ଦିବସ

ସେମିଳିଗୁଡ଼ା,୧୪।୮ (ସମିସ): କୋରାପୁଟ ଜିଲ୍ଲା ସେମିଳିଗୁଡା ମହାବିଦ୍ୟାଳୟର ୪୦ତମ ପ୍ରତିଷ୍ଠା ଦିବସ ସମାରୋହର ଉଦଯାପନୀ ଉତ୍ସବ ପାଳିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ଝାନ୍‌ସୀ ସିଂହଙ୍କ ଅଧ୍ୟକ୍ଷତାରେ ସଭା କାର୍ଯ୍ୟ ପରିଚାଳିତ ହୋଇଥିଲା। ଡ. ଗୀତା ପଟ୍ଟନାୟକ ସ୍ୱାଗତ ଭାଷଣ ଦେବା ସହ ଅତିଥି ମାନଙ୍କ ପରିଚୟ ପ୍ରଦାନ କରିଥିଲେ। ମୁଖ୍ୟ ଅତିଥି ଭାବରେ ଯୋଗ ଦେଇଥିବା କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟର ସହାୟକ ପ୍ରାଧ୍ୟାପିକା ଡ. କାକୋଲି ବାନାର୍ଜୀ ଓ ସହାୟକ ପ୍ରାଧ୍ୟାପକ ପ୍ରସଂଜିତ୍ ସିହ୍ନା ମହାବିଦ୍ୟାଳୟର ବିଜ୍ଞାନ, କଳା ଓ ବାଣିଜ୍ୟ ବିଭାଗର ଛାତ୍ରଛାତ୍ରୀ ମାନଙ୍କ ଦ୍ୱାରାରା ପ୍ରଦର୍ଶିତ ହୋଇଥିବା ବିଜ୍ଞାନ



ପ୍ରଦର୍ଶନୀକୁ ଉଚ୍ଚ ପ୍ରଶଂସା କରିବା ସହିତ ଛାତ୍ରଛାତ୍ରୀମାନଙ୍କୁ ଭବିଷ୍ୟତରେ କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟରେ ଅଧ୍ୟୟନ ଓ ଗବେଷଣା କରିବା ନିମନ୍ତେ ଆଗେଇ ଆସିବା ପାଇଁ ଉତ୍ସାହିତ କରିଥିଲେ। ଅନ୍ୟତମ ଅତିଥି ଭାବରେ ଯୋଗ ଦେଇଥିବା ଡ.ସେମିଳିଗୁଡା ପ୍ରେସ କ୍ଲବ ସଭାପତି ଅଜୟ ସାହୁ, ସାମ୍ବାଦିକ ମନୋଜ ପଟ୍ଟନାୟକ, ଶେଖ୍ ଇବ୍ରାହିମ୍, ଅବସରପ୍ରାପ୍ତ ଅଧ୍ୟାପକ ଉମା ଶଙ୍କର ପାତ୍ର , ସେଇକ୍ ଏବ୍ରହିମ୍,"ସେମିଳିଗୁଡା ମାହାବିଦ୍ୟାଳୟର ଇତିହାସ ଓ ଚାଳିଶ ବର୍ଷର ଜୟଯାତ୍ରାକୁ ଉତଥାପନ କରିବା ସହ ପ୍ରତିଷ୍ଠାତା କୃଷ୍ଣ ସିଂହଙ୍କ ନେତୃତ୍ୱରେ ଏଭଳି ଏକ ଶିକ୍ଷାନୁଷ୍ଠାନ ସ୍ଥାପନ କରି ଏ ଅଞ୍ଚଳରେ ଶିକ୍ଷା ବ୍ୟବସ୍ଥାକୁ ସୁଦୃଢ଼ କରିଥିବାରୁ ସଦାସର୍ବଦା ସ୍ମରଣୀୟ ବୋଲି ବକ୍ତବ୍ୟ ରଖିଥିଲେ। ବରିଷ୍ଠ ଅଧ୍ୟାପକ ଦେବରାଜ ନାୟକ, ଡ. ଗୀତା ପଟ୍ଟନାୟକ, ହରପ୍ରସାଦ ପତି, ସୁରେଶ ପାଇକରାୟ, ପ୍ରେମାନନ୍ଦ ରାଉତ, ଅଲେଖ ପ୍ରସାଦ ପଣ୍ଡା, ଡ. ପ୍ରୀତିସ ବେହେରା, ଅସିତ୍ କୁମାର ମିଶ୍ର, ଅମିତ ଦାସ, ଜୋସ୍ନା ଦାସ, ରିଶବିତା ଖୋସଲା, ଦିଗେଶ୍ୱରୀ ଶିଖା, ବବିତା ମିଶ୍ର, ସୁମିତ୍ରା ଗିରି, ପୂର୍ଣ୍ଣିମା ଗିରି, ସଂଗୀତା ଦାସ, ହରେକୃଷ୍ଣ ସାହୁ ବିନୋଦ ଲେଙ୍କା, ବିନୟ ପଣ୍ଡା, ମଧୁସ୍ମିତା ମହାରଣା, ମନିଷା ବେହେରା, ପିଙ୍କୀ ଜୈନ, ଆରତୀ ପ୍ରଧାନ, ରଶ୍ମିତା ସାହୁ ରୋନାଲି ନାୟକ, ଅମିଶା ପାଢ଼ୀ ପ୍ରମୁଖଙ୍କ ଉପସ୍ଥିତିରେ ଅତିଥିମାନଙ୍କୁ ସମ୍ବର୍ଦ୍ଧିତ କରିବା ସହ ଜାତୀୟ ସଙ୍ଗୀତ ଗାନ କରାଯାଇ ଉଦ୍‌ଯାପନ କାର୍ଯ୍ୟକୁ ସମାପ୍ତ କରାଯାଇଥିଲା।

# ଆତ୍ମହତ୍ୟା ରୋକିବାକୁ ସଚେତନତା

କୋରୁକୋଣ୍ଡା/ବାଲିମେଳା,୧୪।୮ (ସମିସ): ରାଜ୍ୟରେ ଆ।ହତ୍ୟା ଦିନକୁ ଦିନ ବଢୁଥିବା ବେଳେ ଏହାକୁ ରୋକିବା ନିମନ୍ତେ ଆଜି ଓରକେଲ ଏବଂ କୋରୁକୋଣ୍ଡା ପୋଲିସ ପକ୍ଷରୁ ସଚେତନତା କାର୍ଯ୍ୟକ୍ରମ ବାଲିମେଳା ସ୍ଥିତ ସରକାରୀ ଉଚ୍ଚ ବିଦ୍ୟାଳୟ ଏବଂ କୋରୁକୋଣ୍ଡା ବ୍ଲକ ଏମଭି-୩୪ ସରକାରୀ ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଥିଲା। ଓରକେଲ ଥାନାଧିକାରୀ ଧୀରେନ ପଟ୍ଟନାୟକ କାର୍ଯ୍ୟକ୍ରମରେ ଯୋଗଦେଇଥିଲେ। ଏମଭି-୩୪ ସରକାରୀ ଉଚ୍ଚ ବିଦ୍ୟାଳୟରେ ଥାନାଧିକାରୀ ହିମାଂଶୁ ଶେଖର ବାରିକ ଯୋଗଦେଇଥିଲେ। ବାଲିମେଳା ସରକାରୀ ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀ ସୁଶିଳା କୁମାରୀ ହିଆଲ, କୋରୁକୋଣ୍ଡା ସିଡ଼ିପିଓ ରେଖାରାଣୀ ବାରି ଙ୍କ ସମେତ ଉଭୟ ବିଦ୍ୟାଳୟର ଅନ୍ୟ ଶିକ୍ଷକ ଶିକ୍ଷୟିତ୍ରୀ ମାନେ ଉପସ୍ଥିତ ଥିଲେ।




Lunching of Zoom 125, Courtesy Soumik Hero, Jajpur Road

# ପ୍ରେମ ସମ୍ପର୍କକୁ ନେଇ ଯୁବକଙ୍କ ଆତ୍ମହତ୍ୟା ଅଭିଯୋଗ

ରାୟଗଡ଼ା,୧୪।୮ (ସମିସ): ପ୍ରେମରେ ପ୍ରତାରଣା ପାଇବା ପରେ ଜଣେ ୨୨ବର୍ଷୀୟ ଯୁବକ ବେକରେ ଦଉଡି ଦେଇ ଆତ୍ମହତ୍ୟା କରିଛି। ଏଭଳି ଅଭାବନୀୟଘଟଣା ରାୟଗଡ଼ା ସହରର ଡିଏଫ୍ଓ କଲୋନୀରେ ଦେଖିବାକୁ ମିଳିଛି। ମୃତ ଯୁବକ ଜଣକ ହେଲେ ରାକେଶ ପରିଡା। ପରିବାର ଲୋକେ ରାତିରେ ଶୋଇଥିବା ବେଳେ ଘର ରୁମ୍ର ଫ୍ୟାନ୍‌ରେ ଦଉଡି ଦେଇ ସେ ଆତ୍ମହତ୍ୟା କରିଛନ୍ତି। ଏନେଇ ରାୟଗଡା ଟାଉନ୍ ଥାନାରେ ଅଭିଯୋଗ ହେବା ପରେ ପୋଲିସ ମୃତଦେହ ଉଦ୍ଧାର କରିବା ସହ ଶବ ବ୍ୟବଛେଦ ପାଇଁ ଜିଲ୍ଲା ମୁଖ୍ୟ ଡାକ୍ତରଖାନାକୁ ପଠାଇଛି। ରାକେଶକୁ ଭଲ ପାଉଥିବା ଝିଅ ନିର୍ଯାତନା ଦେବାରୁ ସେ ଆତ୍ମହତ୍ୟା କରିବାକୁ ବାଧ ହେଲା ବୋଲି ମୃତକର ମାଁ ସରସ୍ୱତୀ ପରିଡା ଅଭିଯୋଗ କରିଛନ୍ତି। ଦୀର୍ଘ ଦିନ ହେବ ସଂପୃକ୍ତ ଯୁବତୀ ରାକେଶକୁ ଭଲ ପାଉଥିବା ବେଳେ ଉଭୟ ପରିବାରର ଜାଣତରେ ବିବାହ ପାଇଁ ନିଷ୍ପତ୍ତି ହୋଇଥିଲା। ତେବେ କୌଣସି କାରଣବଶତଃ ଦୁହିଁଙ୍କ ସମ୍ପର୍କରେ ଫାଟ ହୋଇଥିଲା। ତେବେ ପୁଅ ବାରମ୍ବାର ମାନସିକ ନିର୍ଯାତନା ପାଇବା ପରେ ଆରହତ୍ୟା କରିବାକୁ ବାଧ ହେଲା ବୋଲି ପରିବାର ପକ୍ଷରୁ ଅଭିଯୋଗ ହୋଇଛି। ଏନେଇ କୈଣସି ପୁଲିସ ଅଧିକାରୀଙ୍କ ପ୍ରତିକ୍ରିୟା ମିଳିନଥିବା ବେଳେ ତଦନ୍ତ ଜାରି ରହିଛି ବୋଲି ରାୟଗଡା ଟାଉନ୍ ଥାନା ଅଧିକାରୀ ସୂଚନା ଦେଇଛନ୍ତି।

# ମଡେଲ ଡିଗ୍ରୀ କଲେଜରେ ତ୍ରିରଙ୍ଗା ଯାତ୍ରା

ରାୟଗଡ଼ା,୧୪।୮ (ସମିସ): ରାୟଗଡା ଜିଲ୍ଲା ସଦର ବ୍ଲକ ଅମଲାଭଟା ସ୍ଥିତ ଆଦର୍ଶ ସ୍ନାତକ ମହାବିଦ୍ୟାଳୟ ରାୟଗଡ଼ା ତରଫରୁ ଗୁରୁବାର ଦିନ ତ୍ରିରଙ୍ଗା ଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏଥିରେ କଲେଜର ୩୭୦ ଜଣ ଛାତ୍ରଛାତ୍ରୀ ଏବଂ ୫୦ରୁ ଅଧିକ ଅଧ୍ୟାପକ ଓ ଅଧ୍ୟାପିକା ଅଂଶଗ୍ରହଣ କରିଥିଲେ। ଏହା କଲେଜ ପରିସରରୁ ଆରମ୍ଭ ହୋଇ ଚାନ୍ଦିଲି ଥାନା ପର୍ଯନ୍ତ ଯାତ୍ରା କରି ଫେରିଥିଲେ। ଉକ୍ତ ଯାତ୍ରାକୁ କଲେଜର ଖେଳ ଶିକ୍ଷକ ନାଥନ ବେଶ୍ରା ଏବଂ ବରିଷ୍ଠ ଅଧ୍ୟାପକ ଡ. ସୁନୀଲ କୁମାର ବିଶୋୟୀ, କେ କଲ୍ୟାଣ କୁମାର. ଡ. ସଂଯୁକ୍ତା ମାଝି . ଡ.ପ୍ରଦୀପ କୁମାର ଦାସ, ମାନସି ମଲ୍ଲିକ, ନିଶିଥ କୁମାର ପାଳ ତଥା ଅନ୍ୟ ଅଧ୍ୟାପକ ଅଧ୍ୟାପିକା ସଂଚାଳିତ କରିଥିଲେ।କଲେଜର ଅଧ୍ୟକ୍ଷ ଡ. ବିପ୍ରନାରାୟଣ ମଲ୍ଲିକ ପତାକା ଦେଖାଇ ଯାତ୍ରାର ଉଦ୍‌ଘାଟନ କରିଥିଲେ। ଉକ୍ତ ଯାତ୍ରାର ସଫଳତା ପାଇଁ କଲେଜର ଅଧ୍ୟକ୍ଷ,ଅଧ୍ୟାପକ, ଅଧ୍ୟାପିକା ଏବଂ କଲେଜର ଛାତ୍ରଛାତ୍ରୀମାନେ ଉଚ୍ଚଶିକ୍ଷା ବିଭାଗକୁ ଧନ୍ୟବାଦ ଅର୍ପଣ କରିଥିଲେ।

# ହର ଘର ତ୍ରିରଙ୍ଗା ଅଭିଯାନ, ଗଣଦୌଡ

ରାୟଗଡ଼ା,୧୪।୮ (ସମିସ): ରାୟଗଡ଼ା ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ସଂସ୍କୃତି ବିଭାଗ ତରଫରୁ ଗୁରୁବାର ଘରେ ଘରେ ତ୍ରିରଙ୍ଗା ଅଭିଯାନ ଉପଲକ୍ଷେ ଗଣଦୌଡ଼ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥି ନିମନ୍ତେ ସ୍ଥାନୀୟ ରିଲାଏନ୍ସ ପେଟ୍ରୋଲ ପମ୍ପଠାରୁ ବାହାରି କୋଟଲାଗୁଡା ସ୍ଥିତ ତାରଣୀ ମନ୍ଦିର ପର୍ଯ୍ୟନ୍ତ ଗଣଦୌଡ଼କୁ ରାୟଗଡ ବିଧାୟକ ଅପଳାସ୍ୱାମୀ କାଡ୍ରାକା, ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣି, ଅତିରିକ୍ତ ଜିଲ୍ଲାପାଳ ନବୀନ ଚନ୍ଦ୍ର ନାୟକ, ଅତିରିକ୍ତ ଜିଲ୍ଲାପାଳ ନିହାର ରଞ୍ଜନ କହଁର, ଉପଜିଲ୍ଲାପାଳ ରମେଶ କୁମାର ଜେନା ପ୍ରମୁଖ ଯୋଗଦେଇ ସବୁଜ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ। ପ୍ରତ୍ୟେକ ନାଗରିକଙ୍କ ମଧ୍ୟରେ ଦେଶପ୍ରେମ ଜାଗ୍ରତ କରିବା ମୂଳ ଲକ୍ଷ୍ୟ ବୋଲି ବିଧାୟକ ଶ୍ରୀ କାଡ୍ରକା କହିଥିଲେ। ଏହି କାର୍ଯ୍ୟକ୍ରମରେ ବହୁ ସଂଖ୍ୟାରେ ଯୁବ ବର୍ଗ ଅଂଶଗ୍ରହଣ କରି ୪ କିଲୋମିଟର ଦୂର ଦୌଡ଼ିଥିଲେ। ମହିଳା ବର୍ଗରେ ନୀଳାଦ୍ରି ମାଝୀ ପ୍ରଥମ,ପିଙ୍କି ହିମିରିକା ଦ୍ୱିତୀୟ ଓ ପାଞ୍ଚାଲୀ ସୁନା ତୃତୀୟ ସ୍ଥାନ ଅଧିକାର କରିଥିବା ବେଳେ ପୁରୁଷ ବର୍ଗରେ ଶ୍ରୀକାନ୍ତ ପ୍ରସ୍କା ପ୍ରଥମ, ଆର. ଧୋନି ଦ୍ୱିତୀୟ ଓ ଶଙ୍କର ପ୍ରାସ୍କା ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ଏହି କୃତି ପ୍ରତିଯୋଗୀମାନଙ୍କୁ ଆସନ୍ତାକାଲି ସ୍ୱାଧୀନତା ଦିବସ ଦିନ ସ୍ଥାନୀୟ ଅଶୋକ କଲ୍ୟାଣ ମଣ୍ଡପ ଠାରେ ଅନୁଷ୍ଠିତ ହେବାକୁ ଥିବା ସନ୍ଧ୍ୟା ସାଂସ୍କୃତିକ କାର୍ଯ୍ୟକ୍ରମରେ ପୁରସ୍କୃତ କରାଯିବ। ଆଜିର ଏହି କାର୍ଯ୍ୟକ୍ରମକୁ ଜିଲ୍ଲା କ୍ରୀଡା ଅଧିକାରୀ ଶେଖ ଆଲେନୁର, ଜିଲ୍ଲା ସଂସ୍କୃତି ଅଧିକାରୀ ସୁଶ୍ରୀ ସୁସ୍ମିତା ବାଉରୀ, ଖେଳ ଶିକ୍ଷକ ପ୍ରଶାନ୍ତ ନାୟକ, ରୀତାରାଣୀ ମିଶ୍ର, ବିଭିନ୍ନ ବିଦ୍ୟାଳୟର ଖେଳ ଶିକ୍ଷକ ମାନେ ପରିଚାଳନା କରିଥିଲେ।

# ସହାୟତା ପାଇଁ ପ୍ରତିଶ୍ରୁତି ଦେଲେ ତହସିଲଦାର



‘ସକାଳ’ ପ୍ରଭାବ

ବିଷମକଟକ,୧୪।୮ (ସମିସ): ମାନବିକତାର ପରିଚୟ ଦେଖାଇଲେ ତହସିଲଦାର। ଅସହାୟ ପରିବାରଙ୍କ ନିକଟରେ ପହଞ୍ଚି ସେମାନଙ୍କ ଦୁଃଖ ବୁଝିଲେ। ଆଧାର କାର୍ଡ ନଥିବାରୁ ଜଣେ ବିଧବା ମହିଳା ସରକାରଙ୍କ ଆବାସ ଗୃହ ଏବଂ ଆଧାର ସାଙ୍ଗକୁ ମୃତ୍ୟୁପ୍ରମାଣ ପତ୍ର ନଥିବାରୁ ଭତ୍ତା ଭଳି ସୁବିଧାରୁ ବଞ୍ଚିତ ହେଉଥିବା ଘଟଣାରେ ବିଷମ କଟକ ତହସିଲଦାର କେ. ଭେଙ୍କେଟେଶ୍ୱର ରେଡ ଗରିବ ପରିବାରକୁ ସାହାଯତାର ହାତ ବଢ଼ାଇଲେ। ୧୫ ବର୍ଷ ହେଲା ବିଧବା ମହିଳା ଜଣକ ସରକାର ଙ୍କ ଅବାସ ଯୋଜନା ଏବଂ ବିଧବା ଭତ୍ତାରୁ ବଞ୍ଚିତ ହେଉଥିବା ଘଟଣାକୁ ନେଇ ଗତ ୬ ତାରିଖର ‘ସକାଳ’ ରେ ଖବର ପକାଶ ପାଇଥିଲା। ଏହି ଖବର ପାଇଁ ଉକ୍ତ ବିଧବା ମହିଳା ନିକଟରେ ପହଞ୍ଚିଲେ ସ୍ଥାନୀୟ ତହସିଲଦାର। ଜିଲ୍ଲା ପ୍ରଶାସନ ଠାରୁ ଆରମ୍ଭ କରି ବ୍ଲକ ପ୍ରଶାସନ ନିକଟରେ ଗୁହାରି କରିବା ପରେ ମଧ ତାଙ୍କ ନିକଟରେ ସରକାରୀ ଯୋଜନା ଅପହଞ୍ଚ ହୋଇ ପଡିଥିଲା। ଏହି ଘଟଣା କୌଣସି ପଲ୍ଲୀ କିମ୍ବା କୌଣସି ଦୁର୍ଗମ ଇଲାକା ର ଘଟଣା ନଥିଲା। ରାୟାଗଡା ଜିଲ୍ଲା ବିଷମ କଟକ ସଦର ବ୍ଲକର ଖ୍ରୀଷ୍ଟିଆନ ହସ୍ପିଟାଲ ଛକର ଘଟଣା ଥିଲା। ବିପଦପୂର୍ଣ୍ଣ ଅବସ୍ଥାରେ ପଲଥିନ୍ କୁଡ଼ିଆ ତଳେ ବିଧବା ମହିଳାଙ୍କ ପରିବାରର ପାଞ୍ଚ ଜଣଙ୍କ ଜୀବନ ବାଜି ଲାଗିଥିଲେ ମଧ ଏଥିପ୍ରତି କାହାରି ନଜର ପଡୁନଥିଲା। ବିଧବା ରୀନା ଶବର ଗଛ ତଳେ ପୋଲଥିନ୍ କୁଡ଼ିଆ ତିଆରି କରି ରହି ଆସୁଛନ୍ତି। ଏହି ଖବର ପ୍ରକାଶ ପାଇବା ପରେ ବିଷମ କଟକ ତହସିଲଦାର କେ.ଭେଙ୍କେଟେଶ୍ୱର ରେଡି ନିଜର ମାନବିକତା ଦେଖାଇ ବିଧବା ମହିଳା ରୀନା ଶବରଙ୍କ ନିକଟରେ ପହଞ୍ଚି ତାଙ୍କ ପରିବାରର ସ୍ଥିତି ଅନୁଧ୍ୟାନ କରିଛନ୍ତି। ରୀନା ଶବରଙ୍କ ଦୁଃଖ ବିଝିବା ପରେ ଘର ନିର୍ମାଣ କରିବା ପାଇଁ ସାରାକରଙ୍କ ତରଫରୁ ୩ ସେଣ୍ଟ ଜାଗା ସହିତ ରୀନାଙ୍କ ଆଧାର କାର୍ଡ କେମିତି ହୋଇ ପାରିବ ଓ ମୁଣ୍ଡ ଗୁଞ୍ଜିବା ପାଇଁ ଘର ଖଣ୍ଡେ କେମିତି ହୋଇପାରିବ ସେ ନେଇ ସ୍ଥାନୀୟ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶିବ ପ୍ରସାଦ ପଟ୍ଟନାୟକଙ୍କ ସହ ଆଲୋଚନା କରିଥିବା କହିଛନ୍ତି। ତହସିଲଦାରଙ୍କ ଏହି ସାର୍ଯ୍ୟ ମନୋଭାବକୁ ସାଧାରଣରେ ବେଶ ପ୍ରଶଂସା କରାଯାଉଛି।

# ଜେକେ କାଗଜକଳ କର୍ମଚାରୀଙ୍କ ମୃତଦେହ ଉଦ୍ଧାର

ରାୟଗଡ଼ା,୧୪।୮ (ସମିସ): ରାୟଗଡ଼ା ଜିଲ୍ଲା ଚାନ୍ଦିଲି ଥାନା ଅନ୍ତର୍ଗତ ଜେକେପୁର ସ୍ଥିତ ଜେକେ କାଗଜକଳ ନାଗାବଳି ହଷ୍ଟେଲରେ ଜଣେ କର୍ମଚାରୀଙ୍କ ମୃତ୍ୟୁ ହୋଇଛି। ମୃତ କର୍ମଚାରୀ ଜଣକ ହେଲେ ଶ୍ରୀନିଧି କାନ୍ତିକାର (୨୨) ଓ ତାଙ୍କ ଘର କର୍ଣ୍ଣାଟକରେ। ଘଟଣାରୁ ପ୍ରକାଶ ଯେ, ଶ୍ରୀନିଧି ବେଚେଲର ହଷ୍ଟେଲରେ ରହୁଥିଲେ। ଆଜି ସକାଳୁ ସେ ଡ୍ୟୁଟି ଯାଇନଥିବା ବେଳେ ରୁମ୍ ଭିତରୁ ପଟୁ ବନ୍ଦ ରହିଥିଲା। ତେବେ କାହିଁକି ରୁମ୍ ବନ୍ଦ ଅଛି ସନ୍ଦେହ କରି ସେଠାରେ ରହୁଥିବା ଅନ୍ୟ କର୍ମଚାରୀ କାରଖାନା ସୁରକ୍ଷା ବିଭାଗକୁ ସୂଚନା ଦେଇଥିଲେ। ଏହାପରେ ଚାନ୍ଦିଲି ଥାନାକୁ ସୂଚନା ଦେଇଥିଲେ ସୁରକ୍ଷା ବିଭାଗ କର୍ମଚାରୀ। ପୁଲିସ ଓ ସୁରକ୍ଷା ବିଭାଗ କର୍ମଚାରୀ ରୁମ୍ କବାଟ ଭାଙ୍ଗି ଭିତରକୁ ପଶିଥିଲେ। ସେତେବେଳେ ଶ୍ରୀନିଧି ଖଟ ଉପରେ ପଡିଥିଲେ। ତାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଅଣାଯାଇଥିଲା। ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ମୃତକଙ୍କ ପରିବାରକୁ ସୂଚନା ଦିଆଯାଇଛି। ସେମାନେ ଆସିବା ପରେ ଶବ ବ୍ୟବଚ୍ଛେଦ ହେବ ବୋଲି ଆଇଆଇସି ଉତ୍ତମ କୁମାର ସାହୁ କହିଛନ୍ତି। ଶବ ବ୍ୟବଚ୍ଛେଦ ପରେହିଁ ମୃତ୍ୟୁର ତଥ୍ୟ ଜଣାପଡିବ ବୋଲି ପୁଲିସ ସୂଚନା ଦେଇଛି।

# ଇକୋ-ବାଇକ୍ ମୁହାଁମୁହିଁ ଧକ୍କା; ବାଇକ୍ ଆରୋହୀଙ୍କ ମୃତ୍ୟୁ

ଚନ୍ଦାହାଣ୍ଡି,୧୪।୮ (ସମିସ): ନବରଙ୍ଗପୁର ଜିଲ୍ଲା ଚନ୍ଦାହାଣ୍ଡି ଥାନା ଅଧିନ ଖଇରଭାଡ଼ି ଠାରେ ଇକୋ ଗାଡି ଏବଂ ବାଇକ୍‌ମୁହାଁମୁହିଁ ଧକ୍କା ହେବା ଫଳରେ ବାଇକ୍ ଆରୋହୀଙ୍କର ଘଟଣା ସ୍ଥଳରେ ହିଁ ମୃତ୍ୟୁ ଘଟିଛି। ମୃତକ ଜଣକ ହେଉଛନ୍ତି ଛତିଶଗଡ ରାଜ୍ୟ ଦେଭୋଗ ଥାନା ଅଧିନ ଅମେଡ଼ ଗ୍ରାମର ପୀତାମ୍ବର ବିଶି(୩୦)। ଖବର ପାଇ ଚନ୍ଦାହାଣ୍ଡି ଥାନା ଅଧିକାରୀ ଯୁଗଳକିଶୋର ସାଙ୍କ ନିର୍ଦ୍ଦେଶ କ୍ରମେ ଏସଆଇ ବିଜୁରାମ ବାଘ, ହାବିଲଦାର କୀରଣ କୁମାର ଦୋରା ଏବଂ ପୁଲିସ ବଳ ଘଟଣା ସ୍ଥଳକୁ ଆସି ଶବ ଜବତ କରିଛନ୍ତି। ଇକୋ ଗାଡିର ଡ୍ରାଇଭର ଛତିଶଗଡ ରାଜ୍ୟ ଅମଲିପଦର ଥାନା ଅଧିନ ଦାବିରୀଗୁଡା ଗ୍ରାମର ଧନସିଂ ଯାଦବକୁ ପୋଲିସ ଅଟକ ରଖିଛି। କ୍ଷତିପୂରଣ ଦାବିରେ ମୃତକଙ୍କ ପରିବାର ଲୋକେ ଘଟଣା ସ୍ଥଳରେ ଶବ ରଖି ଅଡିବସିବା ସହ ବିକ୍ଷୋଭ କରୁଛନ୍ତି। ଇକୋ ଗାଡିର ଡ୍ରାଇଭର ଧନସିଂ ଯାଦବ ପ୍ରଚୁର ମଦପାନ କରି ଗାଡି ଚଳାଉଥିବା ବେଳେ ତାର ଡ୍ରାଇଭିଙ୍ଗ ଲାଇସେନ୍ସ ନ ଥିବା ସୂଚନା ମିଳିଛି। ସୂଚନନୁଯାୟୀ ସମସ୍ତେ ଛତିଶଗଡ ଦେଭୋଗ ଓ ଅମଲିପଦର ଅଞ୍ଚଳର ବୋଲି ଜଣାପଡ଼ିଛି।

● ଉତ୍କଳ ଆଲୁମିନାର ରକ୍ତଦାନ ଶିବିର

# ୨୨୯ ୟୁନିଟ୍ ରକ୍ତ ସଂଗୃହୀତ




ରାୟଗଡ଼ା,୧୪।୮ (ସମିସ): ରାୟଗଡ଼ା ଜିଲ୍ଲା କାଶୀପୁର ବ୍ଲକ ନୂଆପଡ଼ା ସ୍ଥିତ ଉତ୍କଳ ଆଲୁମିନା ଇଣ୍ଟରନ୍ୟାସନାଲ, ହିଣ୍ଡାଲ୍‌କୋ ଇଣ୍ଡଷ୍ଟ୍ରିଜର ଆଦିତ୍ୟ ବିର୍ଲା ଗ୍ରୁପର ସହଯୋଗୀ କମ୍ପାନୀ ତରଫରୁ ସ୍ଥାନୀୟ କ୍ଲବ ହାଉସରେ ମେଗା ରକ୍ତଦାନ ଶିବିର ଆୟୋଜିତ ହୋଇଯାଇଛି। ଏଥିରେ ୨୨୯ ଜଣ ସ୍ୱେଚ୍ଛାକୃତ ଭାବେ ରକ୍ତଦାନ କରିଥିଲେ। ଆଜି ଏହି ରକ୍ତଦାନ ଶିବିରକୁ ରାୟଗଡା ଅତିରିକ୍ତ ଜିଲ୍ଲାପାଳ ନବୀନ ଚନ୍ଦ୍ର ନାୟକ, ଉପଜିଲ୍ଲାପାଳ ରମେଶ ଚନ୍ଦ୍ର ଜେନା, ଟିକିରି ସରପଞ୍ଚ ଜଗବନ୍ଧୁ ମାଝୀ, କୁଚେଇ ପଦର ସରପଞ୍ଚ ବାଙ୍ଗାରି ଦିଶାରୀ, ହାଡିଗୁଡା ସରପଞ୍ଚ ଯଦୁମଣି ମାଝୀ ପ୍ରମୁଖ ମିଳିତ ଭାବେ ଉଦ୍‌ଘାଟନ କରିଥିଲେ। ରାୟଗଡା ରକ୍ତ ଭଣ୍ଡାରର ଡାକ୍ତର ଗୌତମ ପଟ୍ଟନାୟକ, ସରୋଜକାନ୍ତ ଆଚାର୍ଯ୍ୟ, ବି. କିଶୋର କୁମାର, ଉମାକାନ୍ତ ମିଶ୍ର, ହେମନ୍ତ ନାୟକ, ଶଙ୍କର ତାଡଙ୍ଗି ଓ ଚିନ୍ମୟ ପରିଚ୍ଛା ପ୍ରମୁଖ ଯୋଗଦେଇ ରକ୍ତ ସଂଗ୍ରହ କରିଥିଲେ। ଏହି ରକ୍ତଦାନ ଶିବିରକୁ ଉତ୍କଳ ଆଲୁମିନା କମ୍ପାନୀର ୟୁନିଟ୍ ହେଡ୍ ରବି ନାରାୟଣ ମିଶ୍ର, ମାନବ ସମ୍ବଳ ବିଭାଗର ମୁଖ୍ୟ ନାରାୟଣ ମିତ୍ରା, କମ୍ପାନୀର ସିଏସଆର ମୁଖ୍ୟ ଲୋପାମୁଦ୍ରା ମିଶ୍ର, କମ୍ପାନୀର ଲୋକ ସମ୍ପର୍କ ବିଭାଗ ମୁଖ୍ୟ ପୀତାମ୍ବର ବେହେରା, ସହଯୋଗୀ ଅମଜାଦ ଅଲ୍ଲୀ, ସିଏସଆର ବିଭାଗର ମନୋଜ ଦାସ, ସୁଶାନ୍ତ ଦାସ, ବିନୋଦ ପୂଜାରୀ, ଦୀଗନ୍ତ ମାହାନ୍ତି, ରୂପେନ ପଟନାୟକ, କାର୍ତ୍ତିକ ସାହୁ,ସୌଜ୍ୟଜିତ ସ୍ୱାଇଁ, ସୁଧୀର ନାୟକ, ମୋହିନୀ ନାୟକ, ରଞ୍ଜନ କର, ଆଶିଷ ସାହୁ, ଗଜେନ୍ଦ୍ର ନାୟକ, ସତ୍ୟଭାମା ନାୟକ, ମୌସୁମୀ ଦାସ, ସୁସ୍ମିତା ଖୋସଲା ପ୍ରମୁଖ ଉପସ୍ଥିତ ରହି ରକ୍ତଦାତା ମାନଙ୍କୁ ଉତ୍ସାହିତ କରିଥିଲେ। କାଶୀପୁର ଏବଂ ରାୟଗଡା ଜିଲ୍ଲାରେ ରକ୍ତହୀନତା ଭୋଗୁଥିବା ରୋଗୀଙ୍କୁ ସାହାଯ୍ୟ କରିବା ଉଦ୍ଦେଶ୍ୟରେ ଏହି ସ୍ୱେଚ୍ଛାକୃତ ରକ୍ତଦାନ ଉତ୍କଳ ଆଲୁମିନା ସିଏସଆର ତରଫରୁ ଆୟୋଜିତ ହୋଇଛି। ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ନାୟକ ଉତ୍କଳ ଆଲୁମିନାକୁ ଏ ନେଇ ପ୍ରଶଂସା କରିଛନ୍ତି। ଉପଜିଲ୍ଲାପାଳ ରମେଶ ଚନ୍ଦ୍ର ଜେନା ଅନୁରୂପ ମତବ୍ୟକ୍ତ କରିଥିଲେ।

# କାର୍ ଧକ୍କାରେ ବାଇକ୍ ଆରୋହୀ ଗୁରୁତର

ପଦ୍ମପୁର,୧୪।୮ (ସମିସ): ରାୟଗଡ଼ା ଜିଲ୍ଲାର ପଦ୍ମପୁର ପାଖ ଗୁମୁଡା ଛକ ନିକଟରେ ଏକ୍ କାର୍ ଧକ୍କାରେ ଜଣେ ବାଇକ୍ ଆରୋହୀଙ୍କ ଡାହାଣ ଗୋଡ଼ ସଂପୂର୍ଣ୍ଣ ଭାଙ୍ଗି ଯାଇଛି। ପଦ୍ମପୁର ପଟରୁ ବାଇକ୍ ଯୋଗେ ଖାଲଗୁମୁଡାର ଏସ୍ କ୍ରିଷ୍ଣା ରାଓ ଯାଉଥିବା ବେଳେ ଗୁଣପୁରରୁ ଗୁମୁଡା ଆସୁଥିବା ଏକ କାର୍( ଓଡି ଜିରା ୧୮ସି ୫୧୭୯) ଧକ୍କା ଦେବାରୁ ଘଟଣାସ୍ଥଳରେ ଯୁବକଙ୍କ ଗୋଡ଼ ଭାଙ୍ଗି ଯାଇଥିଲା। ସଙ୍ଗେ ସଙ୍ଗେ ପଦ୍ମପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର କୁ ଯୁବକଙ୍କ ଆଣିଥିଲେ ମଧ ଡାକ୍ତର ସିଦ୍ଧାର୍ଥ ଦାସ ଚିକିତ୍ସା ଅଧିକ ନିମନ୍ତେ ବ୍ରହ୍ମପୁର ଏମକେସିଜି ମେଡିକାଲ କୁ ସ୍ଥାନାନ୍ତର କରିଛନ୍ତି। ଗୁମୁଡା ପୋଲିସ ଫାଣ୍ଡି ଏସ୍ଆଇ ବିରେନ୍ଦ୍ର ରାୟ କାର୍‌ଟିକୁ ଜବତ୍ କରି ତଦନ୍ତ ଚଳାଇଛି।






# ଆଇନ ସଚେତନତା ଶିବିର

ନବରଙ୍ଗପୁର, ୧୪।୮ (ସମିସ): ଜିଲ୍ଲା ଆଇନ ସେବା ପ୍ରାଧିକରଣ ନବରଙ୍ଗପୁର ପକ୍ଷରୁ ନୋଡାଲ ସରକାରୀ ପଞ୍ଚାୟତ ସମିତି ଉଚ୍ଚ ବିଦ୍ୟାଳୟ ତାରାଗାଁ ବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କୁ ନେଇ ଏକ ଆଇନ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଆଇନ ସେବା ପ୍ରାଧିକରଣ, ନବରଙ୍ଗପୁରର ଅଧ୍ୟକ୍ଷ ତଥା ଜିଲ୍ଲା ଦୌରାଜଜ୍ ସୁବ୍ରତ ମହାନ୍ତିଙ୍କ ନିର୍ଦ୍ଦେଶ କ୍ରମେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ସାଇ ଅଭିସ୍ମା ଗୋଛାୟତ ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ। କର୍ମକ୍ଷେତ୍ରରେ ମହିଳା ମାନଙ୍କ ଉପରେ ହେଉଥିବା ଯୌନ ନିର୍ଯାତନା ଏବଂ ଏହାର ପ୍ରତିରୋଧ, ନିଷେଧ ଓ ନିରାକରଣ ଆଇନ-୨୦୧୩ ଏବଂ ଅଧାରୁ ପାଠ ଛାଡିଥିବା ଶିଶୁ ମାନଙ୍କୁ ପୁର୍ନବାର ନାମ ଲେଖେଇବା ପାଇଁ ଆଇନ ବିଷୟରେ ସଚେତନତା ଶିବିରରେ ଆଲୋକପାତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଅନ୍ୟତମ ଅତିଥିଭାବେ ରାଜ କିଶୋର ନାଗ, ଉପ ମୁଖ୍ୟ ଆଇନ ଗତ ସହାୟତା ପ୍ରତିରକ୍ଷା ପରାମର୍ଶଦାତା, ନବରଙ୍ଗପୁର, ମନୋରମା ମାଝି, ସମାଜସେବୀ, ନବରଙ୍ଗପୁର, କେଶବ ମେହେର, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ, ନବରଙ୍ଗପୁର, ସନ୍ଦୀପ ପଣ୍ଡା, ପ୍ରଧାନ ଶିକ୍ଷକ, ନୋଡାଲ ସରକାରୀ ପଞ୍ଚାୟତ ସମିତି ଉଚ୍ଚ ବିଦ୍ୟାଳୟ, ତାରାଗାଁ ଓ ପାରା ଲିଗାଲ ସଦସ୍ୟ ଓ ପାନେଲ ଲଇୟାର ପ୍ରମୁଖ ଯୋଗ ଦେଇଥିଲେ। ସନ୍ଦୀପ ପଣ୍ଡା, ପ୍ରଧାନ ଶିକ୍ଷକ, ନୋଡାଲ ସରକାରୀ ପଞ୍ଚାୟତ ସମିତି ଉଚ ବିଦ୍ୟାଳୟ, ତାରାଗାଁ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

# ଛାତ୍ରୀ ସୁରକ୍ଷାକୁ ନେଇ ସଚେତନତା

କଲ୍ୟାଣସିଂହପୁର,୧୪।୮ (ସମିସ) ରାୟଗଡ଼ା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକ ନାରାୟଣପୁର ପଞ୍ଚାୟତର ଶିରିପୁରରେ ଥିବା ସରକାରୀ (ଏସଏସଡି) ବାଳିକା ମହାବିଦ୍ୟାଳୟ ପରିସରରେ କଲ୍ୟାଣସିଂହପୁର ପୁଲିସ ତରଫରୁ ଛାତ୍ରୀ ସୁରକ୍ଷା ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ବାଳିକା ମହାବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ କୁମାରୀ ନୟନି ରଇତଙ୍କ ସଭାପତିତ୍ୱରେ ଆୟୋଜିତ ଛାତ୍ରୀସୁରକ୍ଷା ସଚେତନତା ଶିବିରରେ ମୁଖ୍ୟ ଅତିଥ ଠି ଭାବେ କଲ୍ୟାଣ ସିଂହପୁର ଥାନା ଅଧିକାରୀ ନୀଳକଣ୍ଠ ବେହେରା, ଏସ୍ଆଇ ହେମନ୍ତ କୁମାର ବରିଆ, ଶିବିରରେ ଉଚ୍ଚ ବାଳିକା ବିଦ୍ୟାଳୟର ଶତାଧିକ ଛାତ୍ରୀ ଓ ଶିକ୍ଷୟତ୍ରୀମାନେ ଉପସ୍ଥିତ ରହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ସମାଜରେ ମହିଳା ମାନଙ୍କ ଉପରେ ଘଟୁଥିବା ହିଂସା ଉପରେ ଚିନ୍ତାବ୍ୟକ୍ତ କରିବା ସହିତ ଅନେକ କ୍ଷେତ୍ରରେ ମହିଳା ମାନେ ନିଜେ ନିଜକୁ ହତ୍ୟା କରୁଥିବା ନେଇ ଉଦ୍‌ବେଗ ପ୍ରକାଶ କରିଥିଲେ। କୌଣସି ପରିସ୍ଥିତିରେ ନିଜର ଅମୂଲ୍ୟ ଜୀବନକୁ ମୃତ୍ୟୁ ମୁଖକୁ ଠେଲି ଦେବା କାପୁରୁଷତା ବୋଲି ଅତିଥି ମାନେ ମତ ଦେଇଛନ୍ତି।



# ସ୍ମରଣୀୟ ହୋଇରହିବ ଅପରେସନ ସିନ୍ଦୂର: ରାଷ୍ଟ୍ରପତି



ନୂଆଦିଲ୍ଲୀ, ୧୪।୮: ପହଲଗାମରେ ଆତଙ୍କବାଦୀ ଆକ୍ରମଣର ପ୍ରତିଶୋଧ ନେବା ଲାଗି ଭାରତର 'ଅପରେସନ ସିନ୍ଦୂର' ଥିଲା ଆତଙ୍କବାଦ ବିରୋଧରେ ମାନବିକତାର ଲଢ଼େଇ। ଆତଙ୍କବାଦୀଙ୍କ ପହଲଗାମ ଆକ୍ରମଣ ଥିଲା କାପୁରୁଷପଣିଆ ଏବଂ ଅମାନବିକତାର ପରିଚୟ। ଅପରେସନ ସିନ୍ଦୂର ଜରିଆରେ ଭାରତୀୟ ସେନା ଏହାର ମୁହଁତୋଡ଼ ଜବାବ ଦେଇଛନ୍ତି। ଏଭଳି କାର୍ଯ୍ୟାନୁଷ୍ଠାନ ଜରିଆରେ ଆମର ସେନା ଜଣାଇ ଦେଇଛନ୍ତି ଯେ ଯେକୌଣସି ପରିସ୍ଥିତିର ମୁକାବିଲା ଲାଗି ଆମର ଯବାନ ସର୍ବଦା ପ୍ରସ୍ତୁତ ରହିଛନ୍ତି।

ସ୍ୱାଧୀନତା ଦିବସ ଅବ୍ୟବହିତ ପୂର୍ବରୁ ଆଜି ସନ୍ଧ୍ୟାରେ ଜାତି ଉଦ୍ଦେଶ୍ୟରେ ଉଦ୍‌ବୋଧନ ଦେଇ ଏହା କହିଛନ୍ତି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ। ଭାରତୀୟ ସେନାର ପ୍ରଶଂସା କରି ସେ କହିଛନ୍ତି ଯେ ଆତଙ୍କବାଦ ବିରୋଧରେ ଅପରେସନ ସିନ୍ଦୂର ଥିଲା ମାନବିକତାର ଲଢେଇ ଏବଂ ଇତିହାସରେ ଏହା ଲିପିବଦ୍ଧ ହୋଇରହିବ। ଯେଉଁମାନେ ଆମକୁ ଭାଗ ଭାଗ କରିବାକୁ ଚାହିଁଥିଲେ ସେମାନଙ୍କୁ ଭାରତବାସୀ ଏକ ହୋଇ ଠିକଣା ଜବାବ ଦେଇଛନ୍ତି। ଭାରତ କାହା ଉପରେ ଆକ୍ରମଣ କରିବ ନାହିଁ। କିନ୍ତୁ ଆକ୍ରମଣର ଶିକାର ହେଲେ ଭାରତ କିପରି ଉଚିତ ଜବାବ ଦେଇପାରୁଛି, ଭାରତର ସେହି ଶକ୍ତିକୁ ସାରା ବିଶ୍ୱ ଦେଖିଲା।

ଏହି ଅବସରରେ ଭାରତର ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ସ୍ୱାଧୀନତା ସଂଗ୍ରାମୀଙ୍କୁ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି। ରାଷ୍ଟ୍ରପତି ତାଙ୍କ ଉଦବୋଧନରେ ଦେଶର ଗଣତାନ୍ତ୍ରିକ ମୂଲ୍ୟବୋଧର ପ୍ରଶଂସା କରିବା ସହିତ ଭାରତର ଅର୍ଥନୈତିକ ବିକାଶ ଉପରେ ଆଲୋକପାତ କରିଛନ୍ତି। ଜିଡିପିରେ ୬.୫ ପ୍ରତିଶତ ଅଭିବୃଦ୍ଧି ହୋଇଛି। ମେକ୍ ଇନ୍ ଇଣ୍ଡିଆ ଏବଂ ଆତ୍ମନିର୍ଭର ଭାରତ ସଫଳ ହେଉଛି। ୨୦୪୭ ସୁଦ୍ଧା ଭାରତକୁ ବିକଶିତ ରାଷ୍ଟ୍ରରେ ପରିଣତ କରିବା ଲାଗି ସଂକଳ୍ପ ନେବାକୁ ରାଷ୍ଟ୍ରପତି ଦେଶବାସୀଙ୍କୁ ଆହ୍ୱାନ ଜଣାଇଛନ୍ତି।

# ପାକିସ୍ତାନକୁ ଭାରତର ଚେତାବନୀ



## ନିଜ ଭାଷା ଉପରେ ନିୟନ୍ତ୍ରଣ ରଖ
## ନଚେତ ପରିଣାମ ଯନ୍ତ୍ରଣାଦାୟକ ହେବ

ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ଭାରତ ଓ ପାକିସ୍ତାନ ମଧ୍ୟରେ କୂଟନୈତିକ ସମ୍ପର୍କରେ ତିକ୍ତତା ଶୀର୍ଷରେ ପହଞ୍ଚିଛି। କେତେକ ପାକିସ୍ତାନ ନେତା ଭାରତ ବିରୋଧରେ ଦାୟିତ୍ୱହୀନ ମନ୍ତବ୍ୟ ଦେବା ପରେ ଭାରତ ମଧ୍ୟ ଏହାର ଜବାବ ଦେଇଛି। ନିଜ ଭାଷା ଉପରେ ନିୟନ୍ତ୍ରଣ ରଖିବାକୁ ଭାରତ ପାକିସ୍ତାନକୁ ଚେତାବନୀ ଦେଇଛି। ବୈଦେଶିକ ମନ୍ତ୍ରଣାଳୟ ମୁଖପାତ୍ର ରଣଧୀର ଜୟସ୍ୱାଲ ଗୁରୁବାର ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି ଯେ, ନିଜର ଅପାରଗତାକୁ ଲୁଚାଇବା ପାଇଁ ପାକିସ୍ତାନ ନେତାମାନେ ଭାରତ ବିରୋଧରେ ଏଭଳି ଦାୟିତ୍ୱହୀନ, ଯୁଦ୍ଧ ପାଇଁ ଉସ୍‌କାଇବା ଓ ଘୃଣା ସୃଷ୍ଟି କଲା ଭଳି ମନ୍ତବ୍ୟ ଦେଉଛନ୍ତି। ପାକ୍ ନେତାମାନେ ନିଜର ଭାଷା ଓ ବକ୍ତବ୍ୟ ଉପରେ ନିୟନ୍ତ୍ରଣ ରଖିବା ଉଚିତ। ଯଦି ପାକିସ୍ତାନ କୌଣସି ଭୁଲ ପଦକ୍ଷେପ ନିଏ, ତେବେ ତା'ର ପରିଣତି ପାକିସ୍ତାନ ପାଇଁ ବହୁତ ଯନ୍ତ୍ରଣାଦାୟକ ହେବ ବୋଲି ଜୟସ୍ୱାଲ ଚେତାଇଛନ୍ତି। ସିନ୍ଧୁ ନଦୀ ଚୁକ୍ତିରୁ ଭାରତ ଓହରିଯିବା ପରେ ଗତ ୪୮ ଘଣ୍ଟା ମଧ୍ୟରେ ପାକିସ୍ତାନର ତିନି ଜଣ ନେତା ଭାରତ ବିରୋଧରେ ପରମାଣୁ ଆକ୍ରମଣ ଧମକ ଦେଇଥିଲେ। ଏମାନଙ୍କ ମଧ୍ୟରେ ପାକ୍ ସେନାମୁଖ୍ୟ ଆସିମ ମୁନୀର, ପ୍ରଧାନମନ୍ତ୍ରୀ ଶାହବାଜ ସରିଫ ଓ ପୂର୍ବତନ ବୈଦେଶିକ ମନ୍ତ୍ରୀ ବିଲାୱଲ ଭୁଟ୍ଟୋ ସାମିଲ ରହିଛନ୍ତି।

ଯଦି ସିନ୍ଧୁ ନଦୀରେ ଭାରତ କୌଣସି ବନ୍ଧ ନିର୍ମାଣ କରେ ତେବେ ପାକିସ୍ତାନ କ୍ଷେପଣାସ୍ତ୍ର ମାଡ କରି ତାକୁ ଧ୍ୱଂସ କରିଦେବ ବୋଲି ମୁନୀର ଧମକ ଦେଇଥିଲେ। ସେହିପରି ଭାରତ ସହ ଯୁଦ୍ଧ କରି ଆମେ ସବୁ ୬ଟି ନଦୀକୁ ଫେରାଇ ଆଣିବୁ ବୋଲି ବିଲାୱଲ କହିଥିଲେ। ଯଦି ଶତ୍ରୁ ପାଣି ରୋକେ ତେବେ ଆମେ ଏଭଳି ଶାସ୍ତି ଦେବୁ ଯେ, ତାହାକୁ ସାରା ଜୀବନ ଭୁଲି ପାରିବ ନାହିଁ ବୋଲି ଶାହବାଜ ସରିଫ କହିଥିଲେ। ସିନ୍ଧୁ ଚୁକ୍ତି ନେଇ ପାକିସ୍ତାନର ଦାବିକୁ ଜୟସ୍ୱାଲ ପ୍ରତ୍ୟାଖାନ କରିଛନ୍ତି। ପହଲଗାମ ଆକ୍ରମଣ ସହିତ ସୀମାରେ ପାକିସ୍ତାନ ପ୍ରାୟୋଜିତ ଆତଙ୍କବାଦୀ କାର୍ଯ୍ୟକଳାପ ଜବାବରେ ଭାରତ ସିନ୍ଧୁ ଚୁକ୍ତିକୁ ସ୍ଥଗିତ ରଖିଛି ବୋଲି ସେ ସ୍ପଷ୍ଟ କରିଛନ୍ତି। ୨୦୨୫ ଜୁନ୍ ୨୭ରେ ଏକ ପ୍ରେସ ବିବୃତିରେ ଭାରତ ଏନେଇ ସ୍ପଷ୍ଟ କରିଥିଲା ବୋଲି ସେ କହିଛନ୍ତି।

# ଅପରେସନ ସିନ୍ଦୂରରେ ପାକିସ୍ତାନକୁ ଧୂଳି ଚଟାଇଥିବା ୯ ପାଇଲଟଙ୍କୁ ବୀର ଚକ୍ର

ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ଅପରେସନ ସିନ୍ଦୂରରେ ସାହସିକତା ପ୍ରଦର୍ଶନ କରିଥିବା ସଶସ୍ତ୍ର ବଳର ୮୬ ଜଣ ଯବାନଙ୍କୁ ଗାଲଣ୍ଟ୍ରି ପୁରସ୍କାର ଦେବାକୁ ଘୋଷଣା କରାଯାଇଛି। ବାୟୁସେନାର ୫୨ ଜଣ ଯବାନଙ୍କୁ ବୀରତା ପୁରସ୍କାରରେ ସମ୍ମାନିତ କରାଯିବ। ସ୍ୱାଧୀନତା ଦିବସ ଅବ୍ୟବହିତ ପୂର୍ବରୁ ଆଜି ସନ୍ଧ୍ୟାରେ ଏହା ଘୋଷଣା କରାଯାଇଛି। ଅପରେସନ ସିନ୍ଦୂରରେ ପାକିସ୍ତାନକୁ ଧୂଳି ଚଟାଇଥିବା ବାୟୁସେନାର ୯ ଜଣ ପାଇଲଟଙ୍କୁ ବୀରଚକ୍ର ପୁରସ୍କାର ପ୍ରଦାନ କରାଯିବ। ଅପରେସନ ସିନ୍ଦୂରରେ ପାକିସ୍ତାନର ଆତଙ୍କୀ ଠିକଣାକୁ ଧ୍ୱଂସ କରିଥିବା ପାଇଲଟ ଏଥିରେ ସାମିଲ ରହିଛନ୍ତି। ପରମବୀର ଚକ୍ର ଓ ମହାବୀର ଚକ୍ର ପରେ ବୀର ଚକ୍ରଙ୍କୁ ତୃତୀୟ ସର୍ବୋଚ୍ଚ ସାମରିକ ପୁରସ୍କାର ରୂପେ ବିବେଚନା କରାଯାଇଥାଏ। ଅପରେସନ ସିନ୍ଦୂର ପାଇଁ ଭାରତୀୟ ବାୟୁ ସେନାର ୱିଙ୍ଗ କମାଣ୍ଡର ଅଭିମନ୍ୟୁ ସିଂଙ୍କୁ ସୌର୍ଯ୍ୟ ଚକ୍ରରେ ସମ୍ମାନିତ କରାଯାଇଛି। ସେହିପରି ୯ ଜଣ ରଞ୍ଜିତ ସିଂ



ସିନ୍ଧୁ, ମନୀଷ ଅରୋଡା, ଅନିମେଷ ପାଟନୀ, କୃଣାଳ କାଲରା (ସମସ୍ତେ ଗ୍ରୁପ୍ କ୍ୟାପଟେନ), ସାର୍ଥକ କୁମାର, ସିଦ୍ଧାନ୍ତ ସିଂ, ରିଜୱାନ ମଲିକ (ସମସ୍ତେ ସ୍କ୍ୱାଡ୍ରନ ଲିଡର) ଏବଂ ଫ୍ଲାଇଟ୍ ଲେପଟନାଣ୍ଟ ଅର୍ଶବୀର ସିଂ ଠାକୁରଙ୍କୁ ବୀର ଚକ୍ର ପ୍ରଦାନ କରାଯାଇଛି।

ସଶସ୍ତ୍ର ବଳର ୭ ଜଣ ଅଧିକାରୀଙ୍କୁ ସର୍ବୋତ୍ତମ ଯୁଦ୍ଧ ସେବା ପଦକ ପ୍ରଦାନ କରାଯାଇଛି। ଏମାନଙ୍କ ମଧ୍ୟରେ ବାୟୁସେନାର ୩ ଓ ସେନାର ୨ ଓ ନୌସେନାର ଜଣେ ଅଧିକାରୀ ସାମିଲ ରହିଛନ୍ତି। ଏହାପୂର୍ବରୁ ଏହି ପୁରସ୍କାର କାରିଗିଲ ଯୁଦ୍ଧ ସମୟରେ ଶେଷଥର ପାଇଁ ଦିଆଯାଇଥିଲା। ସେହିପରି ଭାରତୀୟ ସେନାର ୧୮ ଜଣ ଯବାନଙ୍କୁ ବୀରତା ମେଡାଲରେ ସମ୍ମାନିତ କରାଯାଇଛି। ଦୁଇଜଣ ବରିଷ୍ଠ ସେନା ଅଧିକାରୀଙ୍କୁ ସର୍ବୋତ୍ତମ ଯୁଦ୍ଧ ସେବା ପଦକରେ ମଧ୍ୟ ସମ୍ମାନିତ କରାଯାଇଛି। ସେହିପରି ୪ କୀର୍ତ୍ତି ଚକ୍ର, ୪ ବୀର ଚକ୍ର ଓ ୮ ସୌର୍ଯ୍ୟ ଚକ୍ର ପୁରସ୍କର ମଧ୍ୟ ଭାରତୀୟ ସେନା ଅଧିକାରୀଙ୍କୁ ପ୍ରଦାନ କରାଯାଇଛି। ସେହିପରି ବିଏସ୍ଏଫ୍‌ର ୧୬ ଯବାନଙ୍କୁ ବୀରତା ମେଡାଲରେ ସମ୍ମାନିତ କରାଯାଇଛି।

## ଜମ୍ମୁ-କଶ୍ମୀରକୁ ପୁଣିଥରେ ରାଜ୍ୟର ମର୍ଯ୍ୟାଦା ଦେବା ମାମଲା

# କେନ୍ଦ୍ରଠାରୁ ଜବାବ ମାଗିଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ଜମ୍ମୁ-କଶ୍ମୀରକୁ ରାଜ୍ୟର ମର୍ଯ୍ୟାଦା ଫେରାଇବା ଦାବିରେ ଗୁରୁବାର ସୁପ୍ରିମକୋର୍ଟରେ ଶୁଣାଣି ହୋଇଛି। କେନ୍ଦ୍ର ସରକାରଙ୍କୁ ୮ ସପ୍ତାହ ମଧ୍ୟରେ ଏ ନେଇ ଲିଖିତ ଭାବେ ଉତ୍ତର ଦେବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଗତ ଏପ୍ରିଲରେ ପହଲଗାମ୍‌ରେ ହୋଇଥିବା ଆତଙ୍କବାଦୀ ଆକ୍ରମଣ କଥା ମଧ୍ୟ କୋର୍ଟ ଉଲ୍ଲେଖ କରିଛନ୍ତି। ଏଭଳି ଆକ୍ରମଣକୁ ଅଣଦେଖା କରିହେବନାହିଁ ବୋଲି କୋର୍ଟ ସ୍ପଷ୍ଟ କରିଛନ୍ତି। ପ୍ରଧାନ ବିଚାରପତି (ସିଜେଆଇ) ଜଷ୍ଟିସ ବିଆର ଗଭାଇ ଓ ଜଷ୍ଟିସ କେ ବିନୋଦ ଚନ୍ଦ୍ରନଙ୍କୁ ଗଠିତ ଖଣ୍ଡପୀଠ ଏହାକୁ ଚନ୍ତାଜନକ ବୋଲି କହିଛନ୍ତି। ଜମ୍ମୁ-କଶ୍ମୀରରେ ତୃଣମୂଳ ସ୍ତରରେ ଥିବା ସମସ୍ୟା, ବାସ୍ତବ ସ୍ଥିତି ଓ ପହଲଗାମ ଭଳି ଆତଙ୍କବାଦୀ ଘଟଣାକୁ ଆଦୌ ଅଣଦେଖା କରିହେବ ନାହିଁ ବୋଲି ଶୁଣାଣି ବେଳେ ଖଣ୍ଡପୀଠ ସ୍ପଷ୍ଟ କରିଛନ୍ତି।

ଉଲ୍ଲେଖଥାଉ କି ୨୦୧୯ ଅଗଷ୍ଟ ୫ରେ ସମ୍ବିଧାନର ୩୭୦ ଧାରାକୁ ଉଚ୍ଛେଦ କରାଯାଇଥିଲା। ଏହାପରେ କେନ୍ଦ୍ର ସରକାର ଜାମ୍ମୁ-କଶ୍ମୀରକୁ ଏକ କେନ୍ଦ୍ର ଶାସିତ ଅଞ୍ଚଳରେ ପରିଣତ କରିଥିଲେ। ଏହା ବିରୋଧରେ କେନ୍ଦ୍ର ସରକାରଙ୍କ ନିଷ୍ପତ୍ତିକୁ ସୁପ୍ରିମକୋର୍ଟରେ ଚ୍ୟାଲେଞ୍ଜ କରାଯାଇଥିଲା। ତେବେ ୨୦୨୩ରେ ସୁପ୍ରିମକୋର୍ଟ କେନ୍ଦ୍ର ସରକାରଙ୍କ ଏହି ନିଷ୍ପତ୍ତିକୁ ଠିକ୍ ବୋଲି କହିଥିଲେ। ସେତେବେଳେ ସଲିସିଟର ଜେନେରାଲ ତୁଷାର ମେହେଟା କେନ୍ଦ୍ର ସରକାର ଜମ୍ମୁ-କଶ୍ମୀରକୁ ରାଜ୍ୟର ମର୍ଯ୍ୟାଦା ଦେବାକୁ ଅଶ୍ୱାସନା ଦେଇଥିଲେ। ତେବେ ଜମ୍ମୁ-କଶ୍ମୀରକୁ ରାଜ୍ୟର ମର୍ଯ୍ୟାଦା ଦେବାକୁ କୋର୍ଟ କୌଣସି ସମୟସୀମା ଧାର୍ଯ୍ୟ କରିନଥିଲେ।

ଜମ୍ମୁ-କଶ୍ମୀର ସ୍ଥିତିକୁ ବିଚାର କଲେ ବର୍ତ୍ତମାନ ଏନେଇ କୌଣସି କଥା ଉଠାଯିବା କଥା ନୁହେଁ। ଆମେ ସବୁ କଥା ମାନିବୁ ଓ ଏଥିପାଇଁ ୮ ସପ୍ତାହ ସମୟ ଦିଆଯାଉ ବୋଲି ତୁଷାର କୋର୍ଟଙ୍କୁ କହିଥିଲେ। ଆଠ ସପ୍ତାହ ପରେ ଏ ନେଇ ଶୁଣାଣି ହେବ। ୩୭୦ ଧାରା ହଟାଯିବା ପରେ ଜମ୍ମୁ-କଶ୍ମୀରରେ ୨୦୨୪ ସେପ୍ଟେମ୍ବରରେ ବିଧାନସଭା ନିର୍ବାଚନ ଅନୁଷ୍ଠିତ ହୋଇଥିଲା। ୩ଟି ପର୍ଯ୍ୟାୟରେ ହୋଇଥିବା ନିର୍ବାଚନ ଫଳାଫଳ ଅକ୍ଟୋବର ୮ରେ ପ୍ରକାଶିତ ହୋଇଥିଲା। କିନ୍ତୁ ରାଜ୍ୟର ମର୍ଯ୍ୟାଦା ନ ମିଳିବା ପର୍ଯ୍ୟନ୍ତ ନିର୍ବାଚିତ ସରକାରଙ୍କ ମହତ୍ତ୍ୱ ପ୍ରାୟ ନାହିଁ ବୋଲି ଆବେଦନକାରୀଙ୍କ ତରଫରୁ ଯୁକ୍ତି କରାଯାଇଥିଲା।

# ଅଭିନେତା ଦର୍ଶନଙ୍କ ଜାମିନ ବାତିଲ୍ କଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ରେଣୁକାସ୍ୱାମୀ ହତ୍ୟା ମାମଲାରେ ମୁଖ୍ୟ ଅଭିଯୁକ୍ତ ତଥା ଅଭିନେତା ଦର୍ଶନ ଓ ଅନ୍ୟ ଲୋକଙ୍କୁ ଦିଆଯାଇଥିବା ଜାମିନକୁ ରଦ୍ଦ କରିଛନ୍ତି ସୁପ୍ରିମକୋର୍ଟ। ଜଷ୍ଟିସ ଜେବି ପାରଦିୱାଲା ଓ ଜଷ୍ଟିସ ଆର ମହାଦେବନଙ୍କୁ ନେଇ ଗଠିତ ଖଣ୍ଡପୀଠ ଏ ସଂକ୍ରାନ୍ତରେ କର୍ଣ୍ଣାଟକ ହାଇକୋର୍ଟଙ୍କ ଆଦେଶକୁ ଖାରଜ କରିବା ସହ ଏଥିରେ ବହୁତ ତ୍ରୁଟି ରହିଛି ବୋଲି କହିଛନ୍ତି। ଅଭିଯୁକ୍ତ ଯେତେ ବଡ଼ ହୁଅନ୍ତୁ ନା କାହିଁକି, ତାଙ୍କ ଲୋକପ୍ରିୟତା ଯେତେ ହେଉ ନା କାହିଁକି ସେ ଆଇନ୍‌ର ଊର୍ଦ୍ଧ୍ୱରେ ନୁହନ୍ତି ବୋଲି ସୁପ୍ରିମ କୋର୍ଟ ସ୍ପଷ୍ଟ କରିଦେଇଛନ୍ତି। ଏହାଦ୍ୱାରା ପୂରା ସମାଜକୁ ଏକ ଗଠନମୂଳକ ବାର୍ତ୍ତା ଯିବ। ତେଣୁ ଯଥାଶୀଘ୍ର ଅଭିଯୁକ୍ତ ଆତ୍ମସମର୍ପଣ କରନ୍ତୁ ବୋଲି କୋର୍ଟ କହିଛନ୍ତି। କୋର୍ଟ ଦର୍ଶନଙ୍କ ସମେତ ସବୁ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏଥିସହ ଜେଲରେ ଅଭିଯୁକ୍ତମାନଙ୍କୁ ବିଶେଷ ସୁବିଧା ସୁଯୋଗ ନ ଦେବାକୁ ତାଗିଦ କରିଛନ୍ତି। କର୍ଣ୍ଣାଟକ ହାଇକୋର୍ଟ ଦର୍ଶନ ଓ ତାଙ୍କ ସହଯୋଗୀଙ୍କୁ ଜାମିନ ପ୍ରଦାନ କରିଥିଲେ। ଏହାକୁ ବିରୋଧ କରି କର୍ଣ୍ଣାଟକ ସରକାର ସୁପ୍ରିମକୋର୍ଟରେ ଆବେଦନ କରିଥିଲେ। ଦର୍ଶନ ଓ ଅନ୍ୟ ଅଭିଯୁକ୍ତମାନଙ୍କୁ ହାଇକୋର୍ଟ ୨୦୨୪ ଡିସେମ୍ବର ୧୩ରେ ଜାମିନ ପ୍ରଦାନ କରିଥିଲେ। ଏବେ ବଲ୍ଲାରୀ ଜେଲ୍‌ରେ ଦର୍ଶନ ଓ ଅନ୍ୟମାନଙ୍କୁ ରଖାଯିବ ଓ ଏଥିପାଇଁ ସେଠାରେ ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି। ଉଲ୍ଲେଖଥାଉ କି ଦର୍ଶନ ଓ ପବିତ୍ର ଗୌଡା ସମେତ ଅନ୍ୟ ଅଭିଯୁକ୍ତମାନେ ୩୩ ବର୍ଷୀୟ ରେଣୁକାସ୍ୱାମୀ ନାମକ ଜଣେ ପ୍ରଶଂସକଙ୍କୁ ଅପହରଣ କରିବା ସହ ନିର୍ଯାତନା ଦେଇଥିଲେ। ତାଙ୍କ ମୃତଦେହ ଏକ ନାଳରୁ ମିଳିଥିଲା।

# ପାଇଲଟ୍‌ଙ୍କ ଡ୍ୟୁଟି ନେଇ ଏୟାର ଇଣ୍ଡିଆକୁ ଡିଜିସିଏର ଚେତାବନୀ

ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ପାଇଲଟମାନଙ୍କ ଡ୍ୟୁଟି ସମୟସୀମା ଉଲ୍ଲଂଘନ ନେଇ ବେସାମରିକ ବିମାନ ଚଳାଚଳ ନିର୍ଦ୍ଦେଶାଳୟ (ଡିଜିସିଏ) ଏୟାର ଇଣ୍ଡିଆକୁ ଚେତାବନୀ ଦେଇଛି। ଦୁଇଟି ଅନ୍ତର୍ଜାତୀୟ ଉଡାଣକୁ ନେଇ ଡିଜିସିଏ ଏହି ଚେତାବନୀ ଦେଇଛି। ଗତ ମେ ମାସରେ ବେଙ୍ଗାଲୁରୁ ଓ ଲଣ୍ଡନ ମଧ୍ୟରେ ଚାଲୁଥିବା ଦୁଇଟି ବିମାନରେ ପାଇଲଟମାନେ ୧୦ ଘଣ୍ଟାରୁ ଅଧିକ ସମୟ ବିମାନ ଚଳାଇଥିଲେ। ଏହା ନିୟମର ଘୋର ଉଲ୍ଲଂଘନ ବୋଲି ଡିଜିସିଏ ତରଫରୁ କୁହାଯାଇଛି। ଡିଜିସିଏ ଏସଂକ୍ରାନ୍ତରେ ଏୟାରଲାଇନକୁ କାରଣ ଦର୍ଶାଅ ନୋଟିସ ଜାରି କରିଥିଲେ। କିନ୍ତୁ ଏହାର କୌଣସି ସନ୍ତୋଷଜନକ ଉତ୍ତର ମିଳି ନଥିଲା। ଭବିଷ୍ୟତରେ ଏପରି ନ କରିବାକୁ ଡିଜିସିଏ ଚେତାବନୀ ଦେଇଛି। କିନ୍ତୁ ପାକିସ୍ତାନର ଆକାଶ ସୀମା ବନ୍ଦ କାରଣରୁ ଏଭଳି ସମସ୍ୟା ସୃଷ୍ଟି ହୋଇଥିଲା। କାରଣ ଏଥିପାଇଁ ଅଧିକ ଦୂର ଅତିକ୍ରମ କରିବାକୁ ପଡୁଛି ବୋଲି ଏୟାରଲାଇନ୍ସର ମୁଖପାତ୍ର କହିଛନ୍ତି। କିନ୍ତୁ ପରେ ଏହି ନିୟମକୁ ଠିକ୍ ଭାବେ ପାଳନ କରାଯାଉଛି ବୋଲି ସେ କହିଛନ୍ତି। ଉଲ୍ଲେଖଥାଉ କି ଜଣେ ପାଇଲଟ ଗୋଟିଏ ଦିନରେ ଅତିବେଶିରେ ୧୦ ଘଣ୍ଟା ବିମାନ ଉଡାଇବାର ନିୟମ ରହିଛି। ପାଇଲଟଙ୍କୁ କ୍ଳାନ୍ତିରୁ ମୁକ୍ତି ଦେବା ଓ ବିମାନ ଉଡ଼ାଣକୁ ସୁରକ୍ଷିତ କରିବା ହେଉଛି ଏହାର ଲକ୍ଷ୍ୟ। ପୁଣି ପ୍ରତ୍ୟେକ ଉଡ଼ାଣ ପରେ ଜଣେ ପାଇଲଟଙ୍କୁ ୧୨ ଘଣ୍ଟା ବିଶ୍ରାମ ନେବା ଜରୁରି ବୋଲି କୁହାଯାଇଛି।

# ୭୦ ଦେଶର ଜେଲ୍‌ରେ ଅଛନ୍ତି ୧୦,୫୭୪ ଭାରତୀୟ କଏଦୀ

ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ବର୍ତ୍ତମାନ ବିଶ୍ୱର ୭୦ଟି ଦେଶରେ ୧୦ ହଜାର ୫୭୪ ଜଣ ଭାରତୀୟ କଏଦୀ ରହିଛନ୍ତି। ବୈଦେଶିକ ମନ୍ତ୍ରଣାଳୟ ପକ୍ଷରୁ ଲୋକସଭାରେ ଏହି ତଥ୍ୟ ଉପସ୍ଥାପନ କରାଯାଇଛି। ମଧ୍ୟପ୍ରାଚ୍ୟ ଦେଶ ୟେମେନ ସମେତ ୧୧ଟି ଦେଶରେ ୪୩ ଜଣ ଭାରତୀୟ ମୃତ୍ୟୁଦଣ୍ଡର ସମ୍ମୁଖୀନ ହୋଇଛନ୍ତି। ଏହି କଏଦୀମାନଙ୍କ ମଧ୍ୟରେ କେତେଜଣ ବିଚାରାଧୀନ କଏଦୀ ରହିଛନ୍ତି। ଆଉକେତେ ଜଣ ଦଣ୍ଡିତ ହୋଇ ସାରିଛନ୍ତି। ଆଉ କେତେକ ସଜା ପୂରା କରିବା ପରେ ମୁକ୍ତି ଓ ପ୍ରତ୍ୟାର୍ପଣ ଅପେକ୍ଷାରେ ରହିଛନ୍ତି। ଏମାନଙ୍କ ମଧ୍ୟରେ ୧୪ଟି ଦେଶରେ ୧୦୦ରୁ ଅଧିକ ଭାରତୀୟ ଜେଲ୍‌ରେ ଅଛନ୍ତି। କିନ୍ତୁ ଏହି ସଂଖ୍ୟା ଅଧିକ ହୋଇପାରେ ବୋଲି ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। କିଛି କାରଣରୁ ସବୁ ଦେଶ ସବୁ ତଥ୍ୟ ଦେଇ ନଥାନ୍ତି। ୟୁନାଇଟେଡ ଆରବ ଏମିରେଟ୍ସ (ୟୁଏଇ)ରେ ୨୧ ଜଣ ଭାରତୀୟଙ୍କୁ ମୃତ୍ୟୁ ଦଣ୍ଡରେ ଦଣ୍ଡିତ କରାଯାଇଛି। ଗତ ଗୋଟିଏ ଦଶକରେ ବିଦେଶରେ ଭାରତୀୟ କଏଦୀ ସଂଖ୍ୟାରେ ୬୩ ପ୍ରତିଶତ ବୃଦ୍ଧି ପାଇଛି। ୨୦୧୬ରେ ବିଦେଶୀ ଜେଲ୍‌ରେ ୬, ୪୮୯ ଭାରତୀୟ କଏଦୀ ରହିଥିଲେ। ୨୦୧୬ରେ ୬, ୪୮୯ କଏଦୀ ଥିଲେ। ୨୦୨୫ରେ ଏହି ସଂଖ୍ୟା ୧୦, ୫୭୪ରେ ପହଞ୍ଚିଛି ବୋଲି କୁହାଯାଇଛି।

# ଫାଙ୍କା ଗୁଳିଚାଳନାରେ ୩ ମୃତ, ୬୦ରୁ ଊର୍ଦ୍ଧ୍ୱ ଆହତ

କରାଚି, ୧୪।୮ (ଏଜେନ୍ସି): ପାକିସ୍ତାନ ସ୍ୱାଧୀନତା ଦିବସ ପାଳନ ଅବସରରେ କରାଚିରେ ଗୁଳିକାଣ୍ଡ ଘଟିଛି। ଗୁଳି ଚାଳନା କରି ଉତ୍ସବ ମନାଯାଉଥିବା ବେଳେ ଜଣେ ୮ ବର୍ଷର ବାଳକଙ୍କ ସମେତ ୩ ଜଣ ମୃତ୍ୟୁବରଣ କରିଛନ୍ତି। ଏମାନଙ୍କ ମଧ୍ୟ ଜଣେ ବରିଷ୍ଠ ନାଗରିକ ମଧ୍ୟ ସାମିଲ ରହିଛନ୍ତି। ଏହି ଘଟଣାରେ ୬୦ରୁ ଊର୍ଦ୍ଧ୍ୱ ଲୋକ ଆହତ ହୋଇଛନ୍ତି। ଅଗଷ୍ଟ ୧୩ ଓ ୧୪ରେ କରାଚିର ଭିନ୍ନ ଭିନ୍ନ ସ୍ଥାନରେ ଲୋକେ ଉତ୍ସବ ପାଳନ କରିଥିଲେ। କେତେକ ସ୍ଥାନରେ ଲୋକେ ଉପରକୁ ଫାଙ୍କା ଗୁଳି ଚାଳନା କରି ଭିନ୍ନ ଢଙ୍ଗରେ ଉତ୍ସବ ମନାଇଥିଲେ। କିନ୍ତୁ ନିରିହ ଲୋକଙ୍କ ଦେହରେ ଗୁଳି ବାଜିଥିଲା। ଏହାପୂର୍ବରୁ କରାଚିରେ ଏକାଧିକବାର ଏଭଳି ଘଟଣା ଘଟିଛି। ୨୦୨୫ ଜାନୁଆରୀରେ କରାଚିର ଅଲଗା ଅଲଗା ସ୍ଥାନରେ ଗୁଳି ଚାଳନା ଘଟଣାରେ ୪୨ ଜଣ ଲୋକ ପ୍ରାଣ ହରାଇଥିଲେ। ଏଥିରେ ୫ ଜଣ ମହିଳା ସାମିଲ ରହିଥିଲେ। ୨୩୩ଜଣ ଲୋକ ଆହତ ହୋଇଥିଲେ।

# ପୁଟିନଙ୍କୁ ପୁଣି ଧମକ ଦେଲେ ଟ୍ରମ୍ପ



ୱାଶିଂଟନ, ୧୪।୮ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ରୁଷିଆ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କୁ ପୁଣି ଧମକ ଦେଇଛନ୍ତି। କହିଛନ୍ତି ଯେ ଶୁକ୍ରବାର ଆଲାସ୍କାରେ ପୁଟିନଙ୍କ ସହିତ ହେବାକୁ ଥିବା ଶିଖର ବୈଠକ ବିଫଳ ହେଲେ ରୁଷକୁ ଭୟଙ୍କର ପରିଣାମ ଭୋଗିବାକୁ ପଡ଼ିବ।

## ଯୁଦ୍ଧ ବନ୍ଦ ନକଲେ ପରିଣତି ଭୟଙ୍କର ହେବ

ଟ୍ରମ୍ପ କହିଛନ୍ତି ଯେ ୟୁକ୍ରେନରେ ଯୁଦ୍ଧ ସମାପ୍ତ ପାଇଁ ସେ ପୁଟିନଙ୍କୁ ବୁଝାଇବେ। ଯୁଦ୍ଧ ଶେଷ କରିବାକୁ ପୁଟିନ ରାଜି ନହେଲେ ତାଙ୍କୁ ଗମ୍ଭୀର ପରିଣତି ଭୋଗିବାକୁ ହେବ। ଅଗଷ୍ଟ ୧୫ ଅର୍ଥାତ ଶୁକ୍ରବାର ଟ୍ରମ୍ପ ଓ ପୁଟିନ ଆଲାସ୍କାରେ ଶିଖର ବୈଠକ କରିବେ। ୟୁକ୍ରେନରେ ଗତ ସାଢ଼େ ୩ ବର୍ଷ ହେବ ଚାଲିଥିବା ଯୁଦ୍ଧକୁ ରୋକିବା ହେଉଛି ଏହି ବୈଠକର ମୂଳ ଲକ୍ଷ୍ୟ। ଦୁଇ ନେତା ପ୍ରଥମଥର ପାଇଁ ଆମେରିକା ମାଟିରେ ପରସ୍ପରକୁ ଭେଟିବାକୁ ଯାଉଛନ୍ତି। ପୂର୍ବରୁ ବୁଧବାର ଟ୍ରମ୍ପ ୟୁକ୍ରେନ ରାଷ୍ଟ୍ରପତି ଭୋଲୋଦିମିର ଜେଲେଁସ୍କି ଓ ଅନ୍ୟ ୟୁରୋପୀୟ ନେତାଙ୍କ ସହ ଆଭାସୀ ବୈଠକରେ ମିଳିତ ହୋଇଥିଲେ। ଯୁଦ୍ଧ ଶେଷ କରିବାକୁ ହେଲେ ଦୁଇ ଦେଶକୁ ଜମି ଅଦଳବଦଳ କରିବାକୁ ହେବ ବୋଲି ଟ୍ରମ୍ପ କହିଥିଲେ। କିନ୍ତୁ ଏଥିରେ ୟୁକ୍ରେନ କ୍ଷତିଗ୍ରସ୍ତ ହେବ ବୋଲି ୟୁରୋପୀୟ ନେତାମାନେ ଟ୍ରମ୍ପଙ୍କୁ ଅବଗତ କରାଇଥିଲେ। ଅପରପକ୍ଷରେ ଯୁଦ୍ଧ ଶେଷ କରିବାକୁ ନିଜ ଦେଶର ଜମି ଛାଡିବାକୁ ଜେଲେଁସ୍କି ମନା କରି ଦେଇଛନ୍ତି। ତେଣୁ ଆଲାସ୍କା ବୈଠକ ଉପରେ ଏବେ ସାରା ବିଶ୍ୱର ନଜର ରହିଛି ଓ ଏହି ବୈଠକ ଫଳାଫଳ କ'ଣ ହେବ ସେ ନେଇ ବିଭିନ୍ନ ଆକଳନ କରାଯାଉଛି। ପୁଣି ଯଦି ଟ୍ରମ୍ପ ଓ ପୁଟିନଙ୍କ ମଧ୍ୟରେ ଏହି ବୈଠକ ବିଫଳ ହୁଏ, ତେବେ ଭାରତ ଉପରେ ମଧ୍ୟ ଏହାର ନକାରାତ୍ମକ ପ୍ରଭାବ ପଡ଼ିବ। ଭାରତ ଉପରେ ଆହୁରି ଶୁଳ୍କ ଲାଗୁ କରାଯିବ ବୋଲି ଆମେରିକାର ଅର୍ଥ ସଚିବ ସ୍କଟ ବେସେଣ୍ଟ କହିଛନ୍ତି। ରୁଷିଆଠାରୁ ଭାରତ ତୈଳ କ୍ରୟ କରୁଥିବାରୁ ଆମେରିକାର ପୂର୍ବରୁ ୨୫ ଓ ପରେ ଆଉ ୨୫ ପ୍ରତିଶତ ଶୁଳ୍କ ଲାଗୁ କରିଥିଲା। ତେଣୁ ଆଲସ୍କା ବୈଠକ ସଫଳତା ଉପରେ ସବୁ କିଛି ନିର୍ଭର କରୁଛି।

## ବିଧାୟିକା ପୂଜା ପାଲଙ୍କୁ ପାର୍ଟିରୁ ବହିଷ୍କାର କଲେ ଅଖିଳେଶ

# ଯୋଗୀଙ୍କୁ ପ୍ରଶଂସା କରିବା ମହଙ୍ଗା ପଡ଼ିଲା



ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ସମାଜବାଦୀ ପାର୍ଟି ସୁପ୍ରିମୋ ଅଖିଳେଶ ଯାଦବ ବିଧାୟିକା ପୂଜା ପାଲଙ୍କୁ ପାର୍ଟିରୁ ଗୁରୁବାର ବହିଷ୍କାର କରିଛନ୍ତି। ତାଙ୍କ ସ୍ୱାମୀ ରାଜୁ ପାଲଙ୍କୁ ଗ୍ୟାଙ୍ଗଷ୍ଟର ଅତିକ ଅହମ୍ମଦ ହତ୍ୟା କରିଥିଲା। ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥ ଏହି ହତ୍ୟାକାଣ୍ଡ ପାଇଁ ତାଙ୍କୁ ନ୍ୟାୟ ପ୍ରଦାନ କରିଛନ୍ତି ବୋଲି ପୂଜା ବିଧାନସଭାରେ କହିଥିଲେ। ଅପରାଧୀଙ୍କ ବିରୋଧରେ ରାଜ୍ୟ ସରକାରଙ୍କ ଶୂନ୍ୟ ସହନଶୀଳତା ନୀତି ଯୋଗୁଁ ଏହା ସମ୍ଭବ ହୋଇଥିଲା ବୋଲି ସେ କହିଥିଲେ।

ଦଳୀୟ ବିଚାରଧାରା ବିରୋଧରେ ଯାଇ ବିଧାୟିକା ପୂଜା ହିଂସା ପାଇଁ ଯୋଗୀ ଆଦିତ୍ୟନାଥଙ୍କୁ ପ୍ରଶଂସା କରିଥିବାରୁ ତାଙ୍କୁ ପାର୍ଟିରୁ ବହିଷ୍କାର କରିଛନ୍ତି ଦଳର ସୁପ୍ରିମୋ ଅଖିଳେଶ ଯାଦବ। ବିଧାୟିକା ପୂଜା ପାଲ ହେଉଛନ୍ତି ରାଜୁ ପାଲଙ୍କ ପତ୍ନୀ। ୨୦୦୫ରେ ଅତିକ ରାଜୁ ପାଲଙ୍କୁ ହତ୍ୟା କରିଥିଲା। ପରେ ଅତିକ ଓ ତା ଭାଇ ଆଶ୍ରଫଙ୍କୁ ପୁଲିସ ଉପସ୍ଥିତିରେ ହତ୍ୟା କରାଯାଇଥିଲା। ଏଥିପାଇଁ ପୂଜା ମୁଖ୍ୟମନ୍ତ୍ରୀ ଯୋଗୀଙ୍କୁ ଧନ୍ୟବାଦ ଜଣାଇଥିଲେ। 'ମୋତେ ଯାହା ଠିକ୍ ଲାଗିଲା ତାହା ହିଁ କହିଛି। ମୁଁ ସମାଜବାଦୀ ପାର୍ଟିର କିମ୍ବା ଅଖିଳେଶଙ୍କ ନାମ ନେଇ ନଥିଲି। ମୁଁ କେବଳ ଅତିକ ଅହମ୍ମଦର ନାଁ ନେଇଥିଲି ଓ ଯୋଗୀଙ୍କୁ ଧନ୍ୟବାଦ ଜଣାଇଥିଲି। ତେଣୁ କୌଣସି ଅପରାଧ କରିନାହିଁ' ବୋଲି ପୂଜା ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି। କିନ୍ତୁ ତାଙ୍କ ମନ୍ତବ୍ୟର ନିନ୍ଦା କରିଛି ସମାଜବାଦୀ ପାର୍ଟି।

# 'ବୁଲା କୁକୁର ମାମଲାରେ ନିୟମର ପାଳନ ହେଉନି'



ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ବୁଲା କୁକୁର ମାମଲାରେ ଆଜି ସୁପ୍ରିମକୋର୍ଟରେ ଶୁଣାଣି ହୋଇଛି। ଜଷ୍ଟିସ ବିକ୍ରମ ନାଥ, ଜଷ୍ଟିସ ସନ୍ଦୀପ ମେହେଟା ଓ ଜଷ୍ଟିସ୍ ଏନ୍‌ବି ଅଞ୍ଜାରିଆଙ୍କୁ ନେଇ ଗଠିତ ସ୍ୱତନ୍ତ୍ର ଖଣ୍ଡପୀଠ ଏହି ମମାଲାରେ ସବୁ ପକ୍ଷରୁ ଦଲିଲ ଶୁଣିବା ପରେ ରାୟ ସଂରକ୍ଷିତ ରଖିଛନ୍ତି। କୋର୍ଟ କହିଛନ୍ତି ଯେ ନିୟମ ପ୍ରସ୍ତୁତ ହେଉଛି, କିନ୍ତୁ ପ୍ରଶାସନ ଏହା ପାଳନ କରୁନାହିଁ।

ସରକାରଙ୍କ ତରଫରୁ ସଲିସିଟର ଜେନେରାଲ ତୁଷାର ମେହେଟା ଦଲିଲ ଦେଇ କହିଥିଲେ ଯେ, ଏଭଳି ମାଂସାହାରୀ ବ୍ୟକ୍ତି ଅଛନ୍ତି ଯେଉଁମାନେ ନିଜକୁ ପଶୁପ୍ରେମୀ ଭାବେ ଉପସ୍ଥାପନ କରୁଛନ୍ତି। ଅନ୍ୟପଟେ ବରିଷ୍ଠ ଓକିଲ କପିଲ ସିବଲ ମାମଲାର ସମାଧାନ ହେଉ ବୋଲି କହିଥିଲେ। ଦିଲ୍ଲୀ- ଏନ୍‌ସିଆର ସବୁ ବୁଲା କୁକୁରଙ୍କୁ ଏକାଠି କରି ଏକ ଆଶ୍ରୟସ୍ଥଳୀରେ ରଖିବା ଏବେ ସମ୍ଭବ ନୁହଁ। କାରଣ ବର୍ତ୍ତମାନ ଏଭଳି ଆଶ୍ରୟସ୍ଥଳୀ ନାହିଁ ବୋଲି ସିବଲ କହିଥିଲେ।

ସମସ୍ତ ବୁଲା କୁକୁରଙ୍କୁ ଉଠାଇ ଆଣି ଆଶ୍ରୟସ୍ଥଳୀରେ ରଖିବା ସହ ବନ୍ଧ୍ୟାକରଣ କରିବାକୁ ସୋମବାର ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଥିଲେ ଓ ଏ ନେଇ ବିବାଦ ସୃଷ୍ଟି ହୋଇଥିଲା। ଏହି କାର୍ଯ୍ୟରେ ବାଧା ସୃଷ୍ଟି କରୁଥିବା ବ୍ୟକ୍ତିଙ୍କ ବିରୋଧରେ କଡ଼ା କର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ କୋର୍ଟ ନିର୍ଦ୍ଦେଶ ଦେଇଥିଲେ। ତେବେ ବିବାଦ ହେବା ପରେ ଗୁରୁବାର ଏହି ୩ ଜଣ ବିଚାରପତିଙ୍କୁ ନେଇ ଗଠିତ ଏହି ଖଣ୍ଡପୀଠ ଶୁଣାଣି କରିଥିଲେ। କିଛି ଲୋକ ଦିଲ୍ଲୀ-ଏନ୍‌ସିଆର ରାସ୍ତାଗୁଡିକୁ କୁକୁରମୁକ୍ତ କରିବା ନିର୍ଦ୍ଦେଶକୁ ସ୍ୱାଗତ କରିଥିବା ବେଳେ ଆଉ କେତେକ ଏହାର ବିରୋଧ କରିଥିଲେ। ଏହାଦ୍ୱାରା ମଣିଷ ଓ କୁକୁର ମଧ୍ୟରେ ସଂଘର୍ଷ ଉଗ୍ରରୂପ ନେବ ବୋଲି ସେମାନେ ଯୁକ୍ତି କରିଥିଲେ।

# ଭାରତ-ଅଷ୍ଟ୍ରେଲିଆ ହକି ସିରିଜ ଆଜିଠୁ



ପର୍ଥ, ୧୪।୮ (ଏଜେନ୍ସି):

ଘରୋଇ ଅଷ୍ଟ୍ରେଲିଆ ଓ ଭାରତୀୟ ପୁରୁଷ ହକି ଦଳ ମଧ୍ୟରେ ଶୁକ୍ରବାରଠାରୁ ୪ ମ୍ୟାଚ୍‌ବିଶିଷ୍ଟ ସିରିଜ ଆରମ୍ଭ ହେବାକୁ ଯାଉଛି। ସିରିଜର ସମସ୍ତ ମ୍ୟାଚ୍ ପର୍ଥ ହକି ଷ୍ଟାଡିୟମରେ ଖେଳାଯିବ। ଅଗଷ୍ଟ ୧୬, ୧୯ ଓ ୨୧ ତାରିଖରେ ପରବର୍ତ୍ତୀ ୩ଟି ମ୍ୟାଚ୍ ଅନୁଷ୍ଠିତ ହେବ। ହରମନପ୍ରୀତ୍ ସିଂହଙ୍କ ନେତୃତ୍ୱାଧୀନ ଭାରତୀୟ ଦଳ ବର୍ତ୍ତମାନ ଏଫ୍‌ଆଇଏଚ୍ ର୍ୟାଙ୍କିଙ୍ଗରେ ୮ମ ସ୍ଥାନରେ ରହିଛି। ସେହିଭଳି ଘରୋଇ ଅଷ୍ଟ୍ରେଲିଆ ବିଶ୍ୱ ମାନ୍ୟତାର ୫ମ ସ୍ଥାନରେ ଥିବାରୁ ଏହି ସିରିଜ ରୋମାଞ୍ଚକ ହେବ ବୋଲି ଆଶା କରାଯାଉଛି। ସେହିଭଳି ଅଗଷ୍ଟ ୨୯ରୁ ବିହାରରେ ଏସିଆ କପ୍ ହକି ଖେଳାଯିବ। ତେଣୁ ଅଷ୍ଟ୍ରେଲିଆ ବିପକ୍ଷ ସିରିଜ ଭାରତୀୟ ଦଳ ଲାଗି ଏକ ଭଲ ପ୍ରସ୍ତୁତି ସଦୃଶ ହେବ ବୋଲି ମୁଖ୍ୟ ପ୍ରଶିକ୍ଷକ କ୍ରେଗ ଫୁଲଟନ୍ କହିଛନ୍ତି।

ନିକଟରେ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଉଭୟ ଦଳ ପରସ୍ପର ବିପକ୍ଷରେ ଦୁଇଥର ଖେଳିଥିଲେ। ଉଭୟ ମ୍ୟାଚରେ ଅଷ୍ଟ୍ରେଲିଆ ୩-୨ ଗୋଲରେ ବିଜୟୀ ହୋଇଥିଲା। କିନ୍ତୁ ୨୦୨୪ ପ୍ୟାରିସ ଅଲିମ୍ପିକ୍ସରେ ଭାରତ ୩-୨ ଗୋଲରେ ଅଷ୍ଟ୍ରେଲିଆକୁ ମାତ୍ ଦେଇଥିଲା। ୧୯୭୨ ମ୍ୟୁନିକ ଗେମ୍ସ ପରେ ଅଲିମ୍ପିକ୍ସରେ ଅଷ୍ଟ୍ରେଲିଆ ବିପକ୍ଷରେ ଭାରତର ଏହା ପ୍ରଥମ ବିଜୟ ଥିଲା। ୨୦୧୩ ପରଠାରୁ ଯଦି ଦୁଇ ଦଳର ରେକର୍ଡ ଉପରେ ନଜର ପକାଇବା ତେବେ ଅଷ୍ଟ୍ରେଲିଆର ପଲା ଭାରି ରହିଛି। ଗତ ୧୨ ବର୍ଷ ମଧ୍ୟରେ ଦୁଇ ଦଳ ୫୧ଟି ମ୍ୟାଚରେ ସାମ୍ନାସାମ୍ନି ହୋଇଛନ୍ତି। ସେଥିମଧ୍ୟରୁ ୩୫ ମ୍ୟାଚରେ ଅଷ୍ଟ୍ରେଲିଆ ବିଜୟୀ ହୋଇଛି। ଅଷ୍ଟ୍ରେଲିଆ ସିରିଜ ଲାଗି ଘୋଷିତ ୨୪ ଜଣିଆ ଭାରତୀୟ ଦଳରେ ଓଡ଼ିଶାରୁ ୩ଜଣ ଖେଳାଳି ରହିଛନ୍ତି। ସେମାନେ ହେଲେ ଅମିତ ରୋହିଦାସ, ନୀଲମ ସଞ୍ଜୀପ ଖେସ୍ ଓ ଶିଳାନନ୍ଦ ଲାକ୍ରା।

### ଭାରତୀୟ ଦଳ


**ଗୋଲରକ୍ଷକ:** କ୍ରିଷାନ ବାହାଦୂର ପାଠକ, ସୂରଜ କେରକେରା

**ଡିଫେଣ୍ଡର:** ସୁମିତ, ଜରମନପ୍ରୀତ୍ ସିଂହ, ହରମନପ୍ରୀତ୍ ସିଂହ (ଅଧିନାୟକ), ସଞ୍ଜୟ, ଅମିତ ରୋହିଦାସ, ନୀଲମ ସଞ୍ଜୀପ ଖେସ, ଯୁଗରାଜ ସିଂହ, ସିବି ପୁଭାନ୍ନା।

**ମିଡ୍‌ଫିଲ୍ଡର:** ରାଜିନ୍ଦର ସିଂହ, ରାଜ କୁମାର ପାଲ୍, ହାର୍ଦ୍ଦିକ ସିଂହ, ମନପ୍ରୀତ୍ ସିଂହ, ବିବେକ ସାଗର ପ୍ରସାଦ, ରବିଚନ୍ଦ୍ରନ ସିଂ ମୋଇରଙ୍ଗଥେମ, ବିଷ୍ଣୁ କାନ୍ତ ସିଂ।

**ଫରୱାର୍ଡ:** ମନଦୀପ୍ ସିଂହ, ଶିଳାନନ୍ଦ ଲାକ୍ରା, ଅଭିଷେକ, ସୁଖଜିତ୍ ସିଂହ, ଦିଲପ୍ରୀତ୍ ସିଂହ, ସେଲଭାମ କାର୍ଥି ଓ ଆଦିତ୍ୟ ଲାଲାଗେ।

# ଲିଆଣ୍ଡରଙ୍କ ପିତା ଅଲିମ୍ପିଆନ ଭେସ୍ ପେସ୍‌ଙ୍କ ବିୟୋଗ



କୋଲକାତା, ୧୪।୮: ଭାରତର ମହାନ ଟେନିସ ଖେଳାଳି ଲିଆଣ୍ଡର ପେସ୍‌ଙ୍କ ପିତା ତଥା ଅଲିମ୍ପିକ ପଦକ ବିଜେତା ଭେସ୍ ପେସଙ୍କ ବିୟୋଗ ଘଟିଛି। ମୃତ୍ୟୁବେଳକୁ ତାଙ୍କୁ ୮୦ ବର୍ଷ ବୟସ ହୋଇଥିଲା। ଭେସ୍ କିଛିଦିନ ଧରି ଅସୁସ୍ଥ ଥିଲେ। ଚିକିତ୍ସାଧୀନ ଅବସ୍ଥାନରେ ଗୁରୁବାର ସକାଳେ କୋଲକାତାର ଏକ ହସ୍ପିଟାଲରେ ସେ ଶେଷ ନିଶ୍ୱାସ ତ୍ୟାଗ କରିଥିଲେ।

ଭେସ୍ ୧୯୪୫ ମସିହା ଏପ୍ରିଲ ୩୦ରେ ଗୋଆରେ ଜନ୍ମଗ୍ରହଣ କରିଥିଲେ। ସେ ଏକାଧାରାରେ ବହୁ ପ୍ରତିଭାର ଅଧିକାରୀ ଥିଲେ। ୧୯୬୬ରେ କୋଲକାତାର ପ୍ରେସିଡେନ୍ସି କଲେଜରେ ମେଡିକାଲ ପଢୁଥିବାବେଳେ ଭେସ୍ ଭାରତୀୟ ହକି ଦଳରେ ଖେଳିବାର ସୁଯୋଗ ପାଇଥିଲେ। ହମବର୍ଗ ଇଣ୍ଟରନ୍ୟାସନାଲ କପ୍ ଖେଳି ସେ ଜାତୀୟ ହକି ଦଳରୁ ପଦାର୍ପଣ କରିଥିଲେ। ମଧ୍ୟକ୍ରମରେ ଜଣେ ଦକ୍ଷ ଖେଳାଳି ଥିବା ଭେସ୍ ୧୯୭୧ରେ ବାର୍ସିଲୋନାରେ ଅନୁଷ୍ଠିତ ହକି ବିଶ୍ୱକପ୍ ଖେଳିଥିଲେ। ଏହି ବିଶ୍ୱକପ୍‌ରେ ଭାରତ କାଂସ୍ୟ ପଦକ ଜିତିଥିଲା। ଏହା ପରବର୍ଷ ମ୍ୟୁନିକ ଅଲିମ୍ପିକ୍ସରେ କାଂସ୍ୟ ବିଜୟୀ ଭାରତୀୟ ଦଳର ସେ ପ୍ରମୁଖ ସଦସ୍ୟ ଥିଲେ। ଏହାବାଦ୍ ସେ କ୍ରିକେଟ୍, ଫୁଟବଲ ଓ ରଗବୀରେ ଡିଭିଜନ ଲେଭଲ ମ୍ୟାଚ୍ ଖେଳିଛନ୍ତି। ସେ ମଧ୍ୟ ସ୍ପୋର୍ଟ୍ସ ମେଡିସନରେ ଜଣେ ସାର୍ଟିଫାଏଡ୍ ଡାକ୍ତର ଥିଲେ। ଏସିଆନ କ୍ରିକେଟ କାଉନସିଲ ଓ ବିସିସିଆଇର ଆଣ୍ଟି-ଡୋପିଂ ପ୍ରୋଗ୍ରାମରେ ମଧ୍ୟ ଭେସ୍ କାମ କରିଥିଲେ। ସେହିଭଳି ୧୯୯୬ରୁ ୨୦୦୨ ପର୍ଯ୍ୟନ୍ତ ଭାରତୀୟ ରଗବୀ ଫୁଟବଲ ୟୁନିୟନର ସେ ସଭାପତି ଭାବେ ଦାୟିତ୍ୱରେ ରହିଥିଲେ। କଲକତା କ୍ରିକେଟ୍ ଓ ଫୁଟବଲ କ୍ଲବର ସଭାପତି ଭାବେ ମଧ୍ୟ କିଛି ବର୍ଷ ଦାୟିତ୍ୱ ତୁଲାଇଥିଲେ। ଭେସ୍ ଜେନିଫର ପେସ୍‌ଙ୍କୁ ବିବାହ କରିଥିଲେ। ଜେନିଫର୍ ଭାରତୀୟ ମହିଳା ବାସ୍କେଟବଲ୍ ଦଳର ଅଧିନାୟିକା ଥିଲେ। ତାଙ୍କ ପୁଅ ଲିଆଣ୍ଡର ପେସ୍ ଭାରତୀୟ ଟେନିସର ଜଣେ ମହାନ ଖେଳାଳି।

**ଅଲିମ୍ପିକ୍ସ ଇତିହାସରେ ପ୍ରଥମଥର**

# ବିକ୍ରି ହେବେ ଭେନ୍ୟୁ ନେମିଂ ରାଇଟ୍

ଲସ୍ ଏଞ୍ଜେଲ୍ସ,୧୪।୮(ଏଜେନ୍ସି): ଅଲିମ୍ପିକ୍ସ ଓ ପାରା ଅଲିମ୍ପିକ୍ସ ଇତିହାସରେ ପ୍ରଥମଥର ପାଇଁ ଭେନ୍ୟୁ ନେମିଂ ରାଇଟ୍ ଅର୍ଥାତ କ୍ରୀଡ଼ା ଆୟୋଜନସ୍ଥଳର ନାମକରଣ ଅଧିକାର ବିକ୍ରି ହେବ। ଆମେରିକାର ଲସ୍ ଏଞ୍ଜେଲ୍ସରେ ୨୦୨୮ରେ ଆୟୋଜନ ହେବାକୁ ଥିବା ଅଲିମ୍ପିକ୍ସରେ ଏହି ଅଧିକାର ବିକ୍ରି କରିବାକୁ ଆୟୋଜକମାନେ ନିଷ୍ପତ୍ତି ନେଇଛନ୍ତି। ଏହାଦ୍ୱାରା ବିପୁଳ ପରିମାଣରେ ଅର୍ଥ ଉପାର୍ଜନ ହେବ। ଏହି ଲକ୍ଷ୍ୟରେ ହିଁ ପ୍ରଥମଥର ପାଇଁ ଏଭଳି ନିଷ୍ପତ୍ତି ନିଆଯାଇଛି ବୋଲି ଆୟୋଜକଙ୍କ ପକ୍ଷରୁ କୁହାଯାଇଛି। ଏହାକୁ ଅନ୍ତର୍ଜାତୀୟ ଅଲିମ୍ପିକ କମିଟି (ଆଇଓସି) ମଧ୍ୟ ସମର୍ଥନ ଜଣାଇଛି। ଏହିକ୍ରମରେ 'କମକାଷ୍ଟ' ଓ 'ହୋଣ୍ଡା' ଭଳି କମ୍ପାନୀ ପ୍ରାରମ୍ଭିକ ଦୁଇଟି ଭେନ୍ୟୁର ନାମକରଣ ଅଧିକାର ହାସଲ କରିଛନ୍ତି। ଆଗକୁ ଆହୁରି କେତୋଟି କର୍ପୋରେଟ୍ ହାଉସ୍ ମଧ୍ୟ ଏହି ନାକମରଣ ଅଧିକାର ହାସଲ କରିବେ ବୋଲି ଆଶା କରାଯାଉଛି। ଏହି ପ୍ରକ୍ରିୟାରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିଥିବାରୁ ଆଇଓସିକୁ ଆୟୋଜକମାନେ କୃତଜ୍ଞତା ଜଣାଇଛନ୍ତି।




# ଆଜି କିସ୍‌ର ୩ ଖୋ ଖୋ ଖେଳାଳିଙ୍କୁ ସମ୍ବର୍ଦ୍ଧିତ କରିବେ ପ୍ରଧାନମନ୍ତ୍ରୀ



ଭୁବନେଶ୍ୱର, ୧୪।୮ (ସମିସ): ସାଧାରଣତନ୍ତ୍ର ଦିବସ ଅବସରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶୁକ୍ରବାର ନୂଆଦିଲ୍ଲୀର ଲାଲ୍ କିଲ୍ଲାରେ ଜାତୀୟ ପତାକା ଉତ୍ତୋଳନ କରିବେ। ଏହି ଅବସରରେ ପ୍ରଧାନମନ୍ତ୍ରୀ ବିଶ୍ୱକପ୍ ବିଜୟୀ ଭାରତୀୟ ପୁରୁଷ ଓ ମହିଳା ଖୋ ଖୋ ଦଳକୁ ସମ୍ବର୍ଦ୍ଧିତ କରିବାର କାର୍ଯ୍ୟକ୍ରମ ରହିଛି। ସମ୍ବର୍ଦ୍ଧିତ ହେବାକୁ ଥିବା ଭାରତୀୟ ପୁରୁଷ ଓ ମହିଳା ଖୋ ଖୋ ଦଳରେ କିସ୍ ବିଶ୍ୱବିଦ୍ୟାଳୟର ୩ଜଣ ଖେଳାଳି ରହିଛନ୍ତି। ସେମାନେ ହେଲେ ପବନୀ ଶବର, ଶୁଭଶ୍ରୀ ସିଂ ଓ ମଗାଇ ମାଝୀ। ଏହି ଅବସରରେ କିଟ୍ ଓ କିସର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମ୍ବର୍ଦ୍ଧିତ ହେବାକୁ ଥିବା ୩ ଖେଳାଳିଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ସେମାନଙ୍କ ସଫଳତା ଆମ ସମସ୍ତଙ୍କ ପାଇଁ ଗର୍ବର ବିଷୟ ବୋଲି ସେ ତାଙ୍କ ଶୁଭେଚ୍ଛା ବାର୍ତ୍ତାରେ ଉଲ୍ଲେଖ କରିଛନ୍ତି। ଉଲ୍ଲେଖଯୋଗ୍ୟ, ଚଳିତ ବର୍ଷ ପ୍ରାରମ୍ଭରେ ଖୋ ଖୋ ବିଶ୍ୱକପ୍‌ର ପ୍ରଥମ ସଂସ୍କରଣ ନୂଆଦିଲ୍ଲୀରେ ଅନୁଷ୍ଠିତ ହୋଇଥିଲା। ଏଥିରେ ଆୟୋଜକ ଭାରତର ଉଭୟ ପୁରୁଷ ଓ ମହିଳା ଦଳ ଚାମ୍ପିଅନ ହୋଇ ସ୍ୱର୍ଣ୍ଣ ପଦକ ଜିତିଥିଲା। ଦୁଇ ମହାରାଷ୍ଟ୍ର ଖେଳାଳି ପ୍ରତୀକ ୱାଇକର ଓ ପ୍ରିୟଙ୍କା ଇଙ୍ଗଲେ ଯଥାକ୍ରମେ ଭାରତୀୟ ପୁରୁଷ ଓ ମହିଳା ଦଳର ନେତୃତ୍ୱ ନେଉଥିଲେ।

**■ ସିନ୍‌ସିନ୍ନାଟି ଓପନ**

# କ୍ୱାର୍ଟରରେ ସିନ୍ନର, ସାବାଲେଙ୍କା

ନ୍ୟୁୟର୍କ, ୧୪।୮ (ଏଜେନ୍ସି): ଡିଫେଣ୍ଡିଂ ଚାମ୍ପିଅନ ଜାନ୍ନିକ ସିନ୍ନର ଓ ଆରିନା ସାବାଲେଙ୍କା ଏଠାରେ ଚାଲିଥିବା ସିନ୍‌ସିନ୍ନାଟି ଓପନ୍‌ର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ପୁରୁଷ ସିଙ୍ଗଲ୍ସ ରାଉଣ୍ଡ-୧୬ ମୁକାବିଲାରେ ସିନ୍ନର ୬-୪, ୭-୬ (୭/୪) ସେଟରେ ଆଡ୍ରିଆନ ମାନ୍ନାରିନୋଙ୍କୁ ପରାସ୍ତ କରିଥିଲେ। କ୍ୱାର୍ଟର ଫାଇନାଲରେ ସିନ୍ନରଙ୍କ ମୁକାବିଲା କାନାଡାର ଫେଲିକ୍ସ ଆଗର ଆଲିଆସିମେଙ୍କ ସହ ହେବ। ସେହିଭଳି ୨ୟ ସିଡ୍ ତଥା ସ୍ପାନିଶ ତାରକା କାର୍ଲୋସ ଆଲ୍‌କାରାଜ ୬-୧, ୬-୪ ସିଧାସଳଖ ସେଟ୍‌ରେ ଇଟାଲୀର ଲୁକା ନାର୍ଦ୍ଦିଙ୍କୁ ମାତ୍ ଦେଇ ରାଉଣ୍ଡ-୮ରେ ପହଞ୍ଚିଛନ୍ତି। ଅପରପକ୍ଷରେ ମହିଳା ବିଭାଗରେ ଟପ୍ ସିଡ୍ ସାବାଲେଙ୍କା ୬-୧, ୭-୫ ସେଟ୍‌ରେ ସ୍ପେନର ଜେସିକା ବୌଜାସ ମାନେଇରୋ ହରାଇଥିଲେ। ଶୁକ୍ରବାର କ୍ୱାର୍ଟର ଫାଇନାଲରେ ସାବାଲେଙ୍କା କାଜାଖସ୍ତାନର ଏଲିନା ରିବାକିନାଙ୍କୁ ଭେଟିବେ।








**ପୁରୀରେ ଟି-୨୦ ଟେନିସ୍ ବଲ୍ କ୍ରିକେଟ**

# ସିଂହଦ୍ୱାରରେ ଟ୍ରଫି ଓ ବ୍ରୋଚର ଉନ୍ମୋଚନ

ପୁରୀ,୧୪।୮ (ସମିସ): ସର୍ବଭାରତୀୟ ଟି-୨୦ ଟେନିସ ବଲ୍ କ୍ରିକେଟ ଚାମ୍ପିଅନସିପ୍‌ର ୩ୟ ସଂସ୍କରଣ ସେପ୍ଟେମ୍ବର ୧୧ରୁ ପୁରୀରେ ଆରମ୍ଭ ହେବ। ଗୁରୁବାର ଏହାର ବ୍ରୋଚର ଉନ୍ମୋଚନ କରିଛନ୍ତି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ। ସିଂହଦ୍ୱାରରେ ସେବକମାନଙ୍କ ଉପସ୍ଥିତିରେ ଟୁର୍ଣ୍ଣାମେଣ୍ଟର ଟ୍ରଫି ମଧ୍ୟ ଉନ୍ମୋଚିତ ହୋଇଛି। ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟର ଦେବାଶିଷ ମହାନ୍ତି ପ୍ରତିଯୋଗିତାର ଅଫିସିଆଲ୍ ବ୍ରାଣ୍ଡ ଆମ୍ବାସଡର ରହିଛନ୍ତି। ଏହି ପ୍ରତିଯୋଗିତାରେ ୨୫ ରାଜ୍ୟର ୩୨ ଦଳ ଭାଗନେବେ। ଟି-୨୦ ଫର୍ମାଟ୍ ବା ୨୦ ଓଭର ବିଶିଷ୍ଟ ଏହି ଟୁର୍ଣ୍ଣାମେଣ୍ଟ ପୁରୀର ଜଗନ୍ନାଥ କ୍ରିକେଟ ଷ୍ଟାଡିୟମ୍‌ରେ ଖେଳାଯିବ। ଟି-୨୦ ଟେନିସ ବଲ୍ କ୍ରିକେଟ ଆସୋସିଏସନ ଅଫ୍ ଇଣ୍ଡିଆର ସଭାପତି ତଥା ଶ୍ରୀମନ୍ଦିର ସେବକ ଭବାନୀ ଦାସ ମହାପାତ୍ର ଏହି ସୂଚନା ଦେଇଛନ୍ତି। ପୂର୍ବରୁ ଏହି ଚାମ୍ପିଅନସିପ୍ ଉତ୍ତର ପ୍ରଦେଶ ଓ ଗୋଆରେ ଅନୁଷ୍ଠିତ ହୋଇସାରିଛି। ଚାରିଦିନ ଧରି ଆୟୋଜିତ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୩୨ ଦଳକୁ ୪ଟି ଗ୍ରୁପ୍‌ରେ ବିଭକ୍ତ କରାଯାଇଛି। ଆୟୋଜକ ଓଡ଼ିଶା ଗ୍ରୁପ୍ 'ଏ'ରେ ପଶ୍ଚିମବଙ୍ଗ, ଆସାମ, ୟୁପି, ବିହାର ଦଳ ସ୍ଥାନ ପାଇଛି। ଉଦ୍‌ଘାଟନୀ ଉତ୍ସବରେ ବଲିଉଡ୍ ସେଲିବ୍ରିଟିମାନେ ପ୍ରଦର୍ଶନ କରିବା କାର୍ଯ୍ୟକ୍ରମ ରହିଛି।






PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS